


ବିବାହ ବନ୍ଧନରେ ସାମନ୍ଥା
▶ପୃଷ୍ଠା ୧୧ ଦେଖନ୍ତୁ...

- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

•VOLUME- 43 •ISSUE-156 •TUESDAY •2 DECEMBER 2025 •PAGE-12 •₹ 6.00 | JEYPORE | •ବର୍ଷ-୪୩ •ସଂଖ୍ୟା-୧୫୬ •ମଙ୍ଗଳବାର •୨ ଡିସେମ୍ବର ୨୦୨୫ •ପୃଷ୍ଠା-୧୨ •ଟ.୬.୦୦


# ଆରମ୍ଭରୁ ଏସ୍‌ଆଇଆର୍ ତାତି

## ପ୍ରଥମ ଦିନରେ ସଂସଦ ଅଚଳ

■ ନୂଆଦିଲ୍ଲୀ, ୧।୧୨ (ଏଜେନ୍ସି): ଆଜି ଠାରୁ ଅରମ୍ଭ ହୋଇଥିବା ସଂସଦର ଶୀତକାଳୀନ ଅଧିବେଶନ ସରଗରମ ରହିଛି। ସ୍ୱତନ୍ତ୍ର ଭୋଟର ତାଲିକା ସଂଶୋଧନ ବା ଏସ୍‌ଆଇଆର୍‌କୁ ନେଇ ସରକାର ଏବଂ ବିରୋଧୀ ମୁହାଁମୁହିଁ ହୋଇ ରହିଥିବାରୁ ସଂସଦର ଉଭୟ ଗୃହ ପ୍ରଥମ ଦିନରୁ ଅଚଳ ହୋଇପଡ଼ିଛି। ଏସ୍‌ଆଇଆର୍ ଉପରେ ତୁରନ୍ତ ଆଲୋଚନା କରିବାକୁ ବିରୋଧୀ ଦଳମାନେ ଦାବି କରିଥିବା ବେଳେ ସରକାର ତୁରନ୍ତ ଆଲୋଚନା ପାଇଁ ରାଜି ହେଉ ନାହାନ୍ତି। ବିରୋଧୀ ସଭ୍ୟମାନଙ୍କ ହଟ୍ଟଗୋଳ ଯୋଗୁଁ ଉଭୟ ଲୋକସଭା ଏବଂ ରାଜ୍ୟସଭାକୁ ଆସନ୍ତାକାଲି ପର୍ଯ୍ୟନ୍ତ ମୁଲତବୀ କରିଦିଆଯାଇଛି।



**ଆଲୋଚନା ପାଇଁ ସରକାର ରାଜି, କିନ୍ତୁ ବିରୋଧୀଙ୍କ ସର୍ତ୍ତରେ ନୁହେଁ: ମନ୍ତ୍ରୀ**

ଆଜି ସଂସଦ ବୈଠକ ଆରମ୍ଭ ହେବାମାତ୍ରେ ବିରୋଧୀ ଦଳମାନେ ଏସ୍‌ଆଇଆର୍ ଉପରେ ତୁରନ୍ତ ଆଲୋଚନା କରିବାକୁ ଦାବି କରିଥିଲେ। ଅଧ୍ୟକ୍ଷ ଏଥିପାଇଁ ଅନୁମତି ନଦେବାରୁ ସେମାନେ ହଟ୍ଟଗୋଳ କରିଥିଲେ। ସଂସଦୀୟ ବ୍ୟାପାର ମନ୍ତ୍ରୀ କିରଣ ରିଜିଜୁ କହିଥିଲେ ଯେ ଏସ୍‌ଆଇଆର୍ ଉପରେ ଆଲୋଚନା ପାଇଁ ସରକାର ରାଜି ଅଛନ୍ତି। କିନ୍ତୁ ଏହି ଆଲୋଚନା ବିରୋଧୀଙ୍କ ସର୍ତ୍ତ ଅନୁଯାୟୀ ହେବ ନାହିଁ। ଗତକାଲି ଅନୁଷ୍ଠିତ ସର୍ବଦଳୀୟ ବୈଠକରେ କିଛି ବି।।ରୋଧୀ ଦଳ ଏହା ଉପରେ ଆଲୋଚନା କରିବାକୁ ପ୍ରସ୍ତାବ ଦେଇଥିଲେ। ଏହି ପ୍ରସ୍ତାବ ସରକାରଙ୍କର ବିଚାରାଧୀନ ଅଛି। ଏଥିପାଇଁ ସମୟ ଦରକାର। କିନ୍ତୁ ତୁରନ୍ତ ଆଲୋଚନା ପାଇଁ ବିରୋଧୀଙ୍କ ଦାବି ଗ୍ରହଣଯୋଗ୍ୟ ନୁହେଁ। ଆଲୋଚନା କେବେ ହେବ ଏବଂ କେତେ ସମୟ ପାଇଁ ହେବ, ତାହା ଗୃହ ପରିଚାଳନା କମିଟି ସ୍ଥିର କରିବ। ଗୃହରେ ଆହୁରି ଅନେକ ପ୍ରସଙ୍ଗ ରହିଥିବାରୁ ତୁରନ୍ତ ଏସ୍‌ଆଇଆର୍ ଉପରେ ଆଲୋଚନା ହୋଇପାରିବ ନାହିଁ ବୋଲି ରୋକଠୋକ୍ ଜଣାଇଦେଇଥିଲେ। ମନ୍ତ୍ରୀଙ୍କର ଏଭଳି ଉତ୍ତରରେ ଅସନ୍ତୋଷ ପ୍ରକାଶ କରି ବିରୋଧୀ ଦଳ କକ୍ଷତ୍ୟାଗ କରିଥିଲେ।

ବାଚସ୍ପତି ଓମ୍ ବିର୍ଲାଙ୍କ ତାଗିଦ ସତ୍ତ୍ୱେ ଲୋକସଭାରେ ବିରୋଧୀ ସଭ୍ୟମାନେ ଏସ୍‌ଆଇଆର୍ ଉପରେ ଆଲୋଚନା ପାଇଁ ଜିଦ୍ ଧରିଥିଲେ। ଫଳରେ ଗୃହକୁ ପ୍ରଥମେ ୧୨ଟା ପର୍ଯ୍ୟନ୍ତ, ପୁଣି ୨ଟା ପର୍ଯ୍ୟନ୍ତ ଏବଂ ଶେଷରେ ଆସନ୍ତାକାଲି ପର୍ଯ୍ୟନ୍ତ ଲୋକସଭାକୁ ମୁଲତବୀ କରିଦିଆଯାଇଛି। ତେବେ ଏହି ସମୟ ମଧ୍ୟରେ କେନ୍ଦ୍ର ଅର୍ଥ ମନ୍ତ୍ରୀ ନିର୍ମଳା ସୀତାରମଣ ତିନିଟି ବିଲ୍ ଆଗତ କରିଥିଲେ। ୨ଟା ପରେ ମଧ୍ୟ ହଟ୍ଟଗୋଳ ଜାରି ରହିବାରୁ ଆସନ୍ତାକାଲି ପର୍ଯ୍ୟନ୍ତ ଗୃହକୁ ମୁଲତବୀ ଘୋଷଣା କରିଥିଲେ।

ରାଜ୍ୟସଭାରେ ମଧ୍ୟ ଏସ୍‌ଆଇଆର୍ ପ୍ରସଙ୍ଗରେ ହଟ୍ଟଗୋଳ ହୋଇଥିଲା। ତେବ ଗୃହ ପ୍ରଥମେ ନବନିର୍ବାଚିତ ଉପରାଷ୍ଟ୍ରପତି ତଥା ଗୃହର ନୂଆ ଅଧ୍ୟକ୍ଷ ସିପି ରାଧାକ୍ରିଷ୍ଣନଙ୍କୁ ସବୁ ଦଳର ସଭ୍ୟମାନେ ସ୍ୱାଗତ ଜଣାଇଥିଲେ। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆଜିର ଦିନକୁ ଐତିହାସିକ ବୋଲି କହିଥିଲେ। ▶ପୃଷ୍ଠା-୭

## ‘ସକାଳ’ର ୫ମ ସ୍ୱନକ୍ଷତ୍ର ଦିବସ

# ୫ ସହରରେ ମିନି ମାରାଥନ୍: ଦୌଡ଼ିଲା ଓଡ଼ିଶା

■ ଭୁବନେଶ୍ୱର, ୧।୧୨ (ସମିସ): ‘ସକାଳ’ର ୫ମ ସ୍ୱନକ୍ଷତ୍ର ଅବସରରେ ରାଜଧାନୀ ଭୁବନେଶ୍ୱର, ବାଲେଶ୍ୱର, ରାଉରକେଲା, ସମ୍ବଲପୁର ଓ ଜୟପୁର ଆଦି ୫ଟି ସ୍ଥାନରେ ଅନୁଷ୍ଠିତ ହୋଇଛି ହୋଇଛି ମିନି ମାରାଥନ। ସକାଳ ୬ଟାରେ ରାଜ୍ୟର ୫ ସହରରେ ଏକ ସମୟରେ ଆରମ୍ଭ ହୋଇଥିବା ମିନି ମାରାଥନରେ ବିଭିନ୍ନ ବର୍ଗର ହଜାର ହଜାର ବ୍ୟକ୍ତିବିଶେଷ ସାମିଲ ହୋଇଛନ୍ତି। ଭୁବନେଶ୍ୱରରେ ଶିଶୁଭବନ ଛକରୁ ଆରମ୍ଭ ହୋଇଥିବା ମିନି ମାରାଥନ ୟୁନିଟ୍-୩ ପ୍ରଦର୍ଶନୀ ପଡ଼ିଆ ନିକଟସ୍ଥ ଏକାମ୍ର ହାଟରେ ଶେଷ ହୋଇଛି। ପ୍ରଥମ ଓଡ଼ିଆ ମହିଳା ଗ୍ରାଣ୍ଡ ମାଷ୍ଟର କିରଣ ମନିଷା ମହାନ୍ତି, ପ୍ରଥମ ଓଡ଼ିଆ ବିଶ୍ୱ ଚେସ୍ ଚାମ୍ପିଅନ୍ ପଦ୍ମିନୀ ରାଉତ, ଓଲିଉଡ ଅଭିନେତ୍ରୀ ପୁନମ୍ ମିଶ୍ର, ଅଭିନେତ୍ରୀ ଦେବଯାନୀ, ହିରୋ ମୋଟୋ କର୍ପ ଏରିଆ ମ୍ୟାନେଜର ଉଜ୍ଜ୍ୱଳ କୋହଲି ପ୍ରମୁଖ ପତାକା ହଲାଇ ମିନି ମାରାଥନକୁ ଉଦ୍‌ଘାଟନ କରିଥିଲେ। ଉଦ୍‌ଯାପନୀରେ ମୁଖ୍ୟଅତିଥି ଭାବେ ଭୁବନେଶ୍ୱର ମେୟର ସୁଲୋଚନା ଦାସ ଯୋଗଦେଇ ‘ସକାଳ’ ଓ ‘ନନ୍ଦିଘୋଷ ଟିଭି’ର ଉଦ୍ୟମକୁ ବେଶ୍ ପ୍ରଶଂସା କରିଥିଲେ। ୫ବର୍ଷ ପୂର୍ବରୁ ଜନ୍ମ ନେଇଥିବା ‘ସକାଳ’ ଓ ‘ନନ୍ଦିଘୋଷ ଟିଭି’ ନିଛକ ଖବର ପ୍ରସାରଣ କରି ▶ପୃଷ୍ଠା-୭



ଜୟପୁର

## ବାରବାଟୀ ଟି-୨୦ ଆଉ ୭ ଦିନ

# ୪୫ ମିନିଟରେ ସରିଗଲା ଅନ୍‌ଲାଇନ୍ ଟିକଟ

■ କଟକ, ୧।୧୨ (ସମିସ): ବାରବାଟୀ ଟି-୨୦କୁ ଆଉ ୭ଦି ବାକି ଥିବାବେଳେ ସୋମବାରଠାରୁ ଟିକଟ୍ ବିକ୍ରି ଆରମ୍ଭ ହୋଇଛି। ୪୫ ମିନିଟରେ ୨ହଜାର ଅନଲାଇନ ଟିକଟ ବୁକିଂ ହୋଇଗଲା। ଆଜି ଦିନ ଠିକ୍ ୨ଟାରେ ଡିଷ୍ଟ୍ରିକ୍ଟ ବାଏ ଜୋମାଟୋ ଆପ୍ଲିକେସନ୍‌ରେ ଟିକଟ ଉପଲବ୍ଧ ହୋଇଥିବା ବେଳେ ପ୍ରଥମ କିଛି କ୍ଷଣରେ ଗ୍ୟାଲେରୀ ଟିକଟଗୁଡିକ ବୁକିଂ ଶେଷ ହୋଇଯାଇଥିଲା। ଏସି ବକ୍ସ, ସ୍ପେଶିଆଲ ଏନକ୍ଲୋଜର ଭଳି ଦାମୀ ଟିକଟ ଗୁଡିକ ବିଳମ୍ବରେ ସରିଥିଲା। ତେବେ ଗତ ମ୍ୟାଚ୍ ତୁଳନାରେ ଚଳିତଥର ଅନଲାଇନ୍‌ରେ କମ୍ ସଂଖ୍ୟକ ଟିକଟ ଆଶାୟୀ ଆପ୍ଲିକେସନ୍ ହିଟ୍ କରିଥିବା ଦେଖିବାକୁ ମିଳିଥିଲା। ଏଥର ମାତ୍ର ୨ହଜାର ଟିକଟ ଅନଲାଇନ୍ ▶ପୃଷ୍ଠା-୭



**୩ରେ ଟିକଟ କିଣିବେ ଅନୁବନ୍ଧିତ ୟୁନିଟ୍**

**୫ରେ ଖୋଲିବ ୫ଟି କାଉଣ୍ଟର; ମହିଳାଙ୍କ ନିମନ୍ତେ ଦୁଇଟି**

# ଡିଜିଟାଲ ଆରେଷ୍ଟ ମାମଲାର ତଦନ୍ତ କରିବ ସିବିଆଇ

## ସମ୍ପୂର୍ଣ୍ଣ ସ୍ୱାଧୀନତା ଦେଲେ ସୁପ୍ରିମକୋର୍ଟ

■ ନୂଆଦିଲ୍ଲୀ, ୧।୧୨ (ଏଜେନ୍ସି): ‘ଡିଜିଟାଲ ଆରେଷ୍ଟ’କୁ ନେଇ ସୁପ୍ରିମକୋର୍ଟ ଚିନ୍ତା ପ୍ରକଟ କରିଛନ୍ତି। ଏଭଳି ମାମଲାକୁ ‘ଦ୍ରୁତ ଗତିରେ ବଢୁଥିବା ସାଇବର କ୍ରାଇମ’ କହିଛନ୍ତି। ସାରା ଦେଶରେ ଡିଜିଟାଲ ଆରେଷ୍ଟର ତଦନ୍ତ ପାଇଁ ସର୍ବୋଚ୍ଚ ନ୍ୟାୟାଳୟ ସିବିଆଇକୁ ସମ୍ପୂର୍ଣ୍ଣ ସ୍ୱାଧୀନତା ପ୍ରଦାନ କରିଛନ୍ତି। ଏହି ଯାଞ୍ଚରେ ସହଯୋଗ କରିବା ପାଇଁ ରାଜ୍ୟଗୁଡ଼ିକୁ ନିର୍ଦ୍ଦେଶ ଦେଇଛନ୍ତି। ଏହି ଠକେଇରେ ବ୍ୟାଙ୍କରଙ୍କ ଭୂମିକାର ଯାଞ୍ଚ କରିବାକୁ କେନ୍ଦ୍ରୀୟ ଏଜେନ୍ସିକୁ କହିଛନ୍ତି। ପ୍ରଥମ ଥର ପାଇଁ ସିବିଆଇ ଏଭଳି ମାମଲାର ଯାଞ୍ଚ କରିବାକୁ ଯାଉଛି। ଏଥିପାଇଁ କେନ୍ଦ୍ରୀୟ ଏଜେନ୍ସିକୁ ଅଖଣ୍ଡ କ୍ଷମତା ଦିଆଯାଇଛି। ଡିଜିଟାଲ ଆରେଷ୍ଟ ସମ୍ବନ୍ଧିତ ମାମଲାରେ ବ୍ୟାଙ୍କ ▶ପୃଷ୍ଠା-୭

**ଯୋଜନା ବ୍ୟୟ ନୈରାଶ୍ୟଜନକ**

# ୭ ମାସରେ ୩୯% ଖର୍ଚ୍ଚ

■ ଭୁବନେଶ୍ୱର, ୧।୧୨ (ସମିସ): ରାଜ୍ୟରେ ବିତ୍ତୀୟ ପରିଚାଳନାରେ ଦୁର୍ବଳତାକୁ ନେଇ ବିଭିନ୍ନ ସମୟରେ ଅଭିଯୋଗ ହୋଇ ଆସୁଛି। ବିଶେଷକରି ବଜେଟ ଅର୍ଥ ଖର୍ଚ୍ଚକୁ ନେଇ ସରକାରଙ୍କ ଉପରେ ପ୍ରଶ୍ନବାଚୀ ଉଠୁଥିବା ବେଳେ ଆଜି ଗୃହରେ ଏକ ତାରକା ପ୍ରଶ୍ନର ଉତ୍ତରରେ ମୁଖ୍ୟମନ୍ତ୍ରୀଙ୍କ ପକ୍ଷରୁ ଆଇନ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ରଖିଥିବା ଏକ ଉତ୍ତର ରାଜ୍ୟର ଅର୍ଥନୀତିଜ୍ଞମାନଙ୍କୁ ନିରାଶ କରିଛି। ଶ୍ରୀ ହରିଚନ୍ଦନ ଗତ ୭ ମାସ ମଧ୍ୟରେ ଆର୍ଥିକ ବ୍ୟୟ ମାତ୍ର ୩୯% ରହିଥିବା ଓ ଆଗାମୀ ଦିନଗୁଡ଼ିକରେ ଯୋଜନା ବ୍ୟୟ ବୃଦ୍ଧି ପାଇବ ବୋଲି ଉଲ୍ଲେଖ କରି ଗତବର୍ଷ ତୁଳନାରେ ଚଳିତ ବର୍ଷ ଏହି ସମୟରେ ଅଧିକ ୩ ପ୍ରତିଶତ ବ୍ୟୟ ହୋଇଥିବା ଶ୍ରୀ ହରିଚନ୍ଦନ କହିଛନ୍ତି। ବିରୋଧୀ ବିଜେଡି ଓ କଂଗ୍ରେସ ରାଜ୍ୟ ସରକାରଙ୍କ ଅନୁରୂପ ଆଭିମୁଖ୍ୟକୁ କଟୁ ସମାଲୋଚନା ସହ କ୍ଷୋଭ ପ୍ରକାଶ କରିଛନ୍ତି । ଆର୍ଥିକ ବର୍ଷ ଶେଷ ହେବାକୁ ଆଉ ମାତ୍ର କେଇମାସ ବାକିଥିବାବେଳେ ବଜେଟ ବରାଦ ପୂର୍ଣ୍ଣ ଖର୍ଚ୍ଚ ହୋଇ ନ ପାରିବା ଅଶଙ୍କା ସୃଷ୍ଟି କରିଛି। ୨୦୨୫-୨୬ ଆର୍ଥିକ ବର୍ଷର ମାସ ୭ ମାସରେ ବଜେଟ ଅର୍ଥ ବ୍ୟୟ ମାତ୍ର ୩୯ ପ୍ରତିଶତ ମଧ୍ୟରେ ରହିବାକୁ ନେଇ ବିରୋଧୀ ପ୍ରଶ୍ନ ଉଠାଇଛନ୍ତି। ଆର୍ଥିକ ବର୍ଷ ସରିବାକୁ ହାତରେ ମାତ୍ର ଆଉ ୫ ମାସ ସମୟ ଥିବା ବେଳେ ଆଉ ମାତ୍ର ୧୫ରୁ ୨୦ ପ୍ରତିଶତ ବ୍ୟୟ ସମ୍ଭାବନା ରହିଛି, ତେଣୁ ଡବଲ ଇଞ୍ଜିନ ଓଡ଼ିଶାରେ କାମ କରୁଛି ତ ବୋଲି ବିରୋଧୀ ପ୍ରଶ୍ନ କରିଛନ୍ତି।ଏ

**■ ଆର୍ଥିକ ପ୍ରଦର୍ଶନକୁ ନେଇ ବିରୋଧୀଙ୍କ କ୍ଷୋଭ**

**■ ୫ ମାସରେ ବ୍ୟୟ ହେବ ବଳକା ଅର୍ଥ: ମନ୍ତ୍ରୀ**

ସୋମବାର ପ୍ରଶ୍ନକାଳ ଆରମ୍ଭରେ ବଜେଟ ଅର୍ଥ ଖର୍ଚ୍ଚରେ ନୈରାଶ୍ୟଜନକ ପ୍ରଦର୍ଶନକୁ ନେଇ କ୍ଷୋଭ ପ୍ରକାଶ କରିଥିଲେ ବିଜେଡିର ▶ପୃଷ୍ଠା-୭



**ଦୁଇ ରାଜପଥର ସଂଯୋଗସ୍ଥଳରେ ରାସ୍ତାରୋକ**

**ପ୍ରଶାସନର ପ୍ରତିଶ୍ରୁତି ପରେ ହଟିଲା ଅବରୋଧ**

## ସମ୍ବଲପୁରରେ ଧାନକିଣା ଅବ୍ୟବସ୍ଥା

# ଅର୍ଥନୈତିକ ଅବରୋଧ କଲେ ଚାଷୀ

■ ସମ୍ବଲପୁର, ୧।୧୨ (ସମିସ): ସମ୍ବଲପୁର ଜିଲ୍ଲାରେ ଖରିଫ୍ ଧାନ ସଂଗ୍ରହ ଏଯାଏଁ ଆରମ୍ଭ ହୋଇପାରିନାହିଁ। ଚଳିତବର୍ଷ ଆଗୁଆ ମୌସୁମୀ ଯୋଗୁଁ ଭଲ ଅମଳ ହୋଇଛି। ଅକ୍ଟୋବରରୁ ଚାଷୀ ଅମଳ ଆରମ୍ଭ କଲାଣି। କ୍ଷେତ ଓ ଖଳାରେ ଧାନ ଜମା ହୋଇଛି। କିନ୍ତୁ ଧାର୍ଯ୍ୟ ଦିନକୁ ୪ ଦିନ ବିତିଯାଇଥିଲେ ହେଁ ଏଯାଏଁ ଧାନ କିଣା ହୋଇନାହିଁ। ଏହାକୁ ନେଇ ଚାଷୀର ରୋଷ ସୀମା ଲଂଘିଛି। ଆଜି ଦିନ ୧୧ଟାରେ ଶହଶହ ସଂଖ୍ୟାରେ ଚାଷୀ ସକାଳ ୧୧ଟାରେ ଜାତୀୟ ରାଜପଥ-୫୩ ଓ ଜାତୀୟ ରାଜପଥ-୫୫ର ସଂଯୋଗସ୍ଥଳ ସିନ୍ଦୂରପଙ୍କ ତୁମ୍ବେସିଂହା ଛକରେ ଅର୍ଥନୈତିକ ଅବରୋଧ କରିଛନ୍ତି। ଫଳରେ ଉଭୟ ପାର୍ଶ୍ୱରେ ଶହଶହ ସଂଖ୍ୟାରେ ଟ୍ରକ୍ ଅଟକି ରହିଥିଲା। ଗୋଟିଏପଟେ ରେମେଡ୍ ଛକ ଓ ▶ପୃଷ୍ଠା-୭

## ଶତାୟୁ ଡାକ୍ତରାଣୀ ଲକ୍ଷ୍ମୀବାଇଙ୍କ ମହାନତା

# ଭୁବନେଶ୍ୱର ଏମ୍ସକୁ ଦେଲେ ୩.୪୦ କୋଟି

■ ବ୍ରହ୍ମପୁର, ୧।୧୨ (ସମିସ): ବ୍ରହ୍ମପୁରର ଖ୍ୟାତନାମା ତଥା ଅବସରପ୍ରାପ୍ତ ପ୍ରସୂତି ଓ ସ୍ତ୍ରୀ ରୋଗ ବିଶେଷଜ୍ଞ ଡାକ୍ତର ଲକ୍ଷ୍ମୀବାଇ ନିଜର ଜୀବନବ୍ୟାପୀ ସଞ୍ଚିତ ଅର୍ଥ ୩ କୋଟି ୪୦ ଲକ୍ଷ ଟଙ୍କାକୁ ଭୁବନେଶ୍ୱର ଏମ୍ସକୁ ଦାନ କରିଛନ୍ତି। ଏହି ଅର୍ଥ କର୍କଟ ରୋଗୀଙ୍କ ଉପଶମ ଉଦ୍ଦେଶ୍ୟରେ ବିନିଯୋଗ କରାଯିବାରୁ ସେ ଆଗ୍ରହ କରିଛନ୍ତି। ୧୦୦ ତମ ଜନ୍ମଦିନକୁ ସ୍ମରଣୀୟ କରିବାକୁ ସେ ଏଭଳି ନିଆରା ପଦକ୍ଷେପ ନେଇଥିବା ବେଳେ ସବୁ ମହଲରୁ ତାଙ୍କୁ ପ୍ରଶଂସା କରାଯାଉଛି।

ଆସନ୍ତା ୫ ତାରିଖରେ ଶହେବର୍ଷରେ ପଦାର୍ପଣ କରିବେ ପ୍ରଫେସର୍ ଡା. ଲକ୍ଷ୍ମୀ ବାଇ। ୧୦୦ତମ ଜନ୍ମଦିନକୁ ସ୍ମରଣୀୟ କରିବାକୁ ଜୀବନବ୍ୟାପୀ ସଞ୍ଚିତ ପୁଞ୍ଜିକୁ ସେ ସ୍ୱାସ୍ଥ୍ୟସେବାର ବିକାଶ କ୍ଷେତ୍ରରେ ବିନିଯୋଗ କରିବା ପାଇଁ ମନସ୍ଥ କରିଛନ୍ତି। ଚଳିତ ବର୍ଷ ଏପ୍ରିଲ ୨୧ତାରିଖରେ ସେ ଜୀବନଯାକର ଜମା ପୁଞ୍ଜିକୁ ଏମ୍ସ ବ୍ୟାଙ୍କ ଏକାଉଣ୍ଟକୁ ପ୍ରଦାନ କରିଛନ୍ତି। ଭାବାନଗରସ୍ଥିତ ନିଜ ଘରକୁ ବିକ୍ରି କରି ରୋଗୀଙ୍କୁ ଉଚ୍ଚତର ସେବା ଯୋଗାଇବା ଆଶାରେ ଏହି ଅର୍ଥକୁ ସେ ଦାନ କରିଥିବା କହିଛନ୍ତି।



**ମହିଳାଙ୍କ କର୍କଟ ରୋଗ ଓ ଯତ୍ନ କେନ୍ଦ୍ର ପ୍ରତିଷ୍ଠାରେ ହେବ ବିନିଯୋଗ**

ପ୍ରଫେସର୍ ଲକ୍ଷ୍ମୀବାଇ କଟକ ମେଡିକାଲ କଲେଜ ଓ ହସ୍ପିଟାଲର ପ୍ରଥମ ବ୍ୟାଚ୍ ଏମବିବିଏସ୍ ଛାତ୍ରୀ। ଏମ୍‌କେସିଜି ମେଡିକାଲ କଲେଜ ଓ ହସ୍ପିଟାଲରୁ ଅବସର ଗ୍ରହଣ ପରେ ସେ ସ୍ଥାନୀୟ ଭାବାନଗରସ୍ଥିତ ନିଜ ବାସଭବନରେ ରହୁଛନ୍ତି। ଜୀବନବ୍ୟାପୀ ସଞ୍ଚିତ ଅର୍ଥକୁ ସ୍ୱାସ୍ଥ୍ୟସେବା କ୍ଷେତ୍ରରେ ବିନିଯୋଗ ପାଇଁ ଦାନ କରି ସେ ଅତ୍ୟନ୍ତ ଖୁସି ଥିବା କହିଛନ୍ତି। ଟଙ୍କା ପଇସା ପଛରେ ନଦୌଡ଼ି ରୋଗୀଙ୍କ ଉତ୍ତମ ସ୍ୱାସ୍ଥ୍ୟସେବା ପ୍ରଦାନ କରିବାକୁ ସେ ଡାକ୍ତରମାନଙ୍କୁ ପରାମର୍ଶ ଦେଇଛନ୍ତି। ଡାକ୍ତର ଲକ୍ଷ୍ମୀବାଇ ଅବସର ପରେ ସ୍ୱାମୀ ଚିନ୍ମୟାନନ୍ଦ ମିଶନର ସଦସ୍ୟା ଭାବେ ଦୀକ୍ଷା ଗ୍ରହଣ କରିଛନ୍ତି। ଡାକ୍ତର ଲକ୍ଷ୍ମୀବାଇଙ୍କ ଛାତ୍ରୀ ତଥା ଜଣାଶୁଣା ପ୍ରସୂତି ଓ ସ୍ତ୍ରୀରୋଗ ବିଭାଗ ପ୍ରଫେସର ଡା. ▶ପୃଷ୍ଠା-୭




**ରାଜ୍ୟସ୍ତରୀୟ ବିତର୍କ ପ୍ରତିଯୋଗିତା**

# ବରିଷ୍ଠରେ ଶାଶ୍ୱତୀ, କନିଷ୍ଠରେ ଶୁଭମ୍ ପ୍ରଥମ

ଭୁବନେଶ୍ୱର, ୧।୧୨(ସମିସ): ମାଗଣା ଯୋଜନା ସମାଜର ଗରିବ ଓ ଦୁର୍ବଳ ଶ୍ରେଣୀର ଲୋକଙ୍କ ପାଇଁ ଏକ ଅନିବାର୍ଯ୍ୟ ଆବଶ୍ୟକତା; ମାତ୍ର ବର୍ତ୍ତମାନ ସମୟରେ ଏହା ଲକ୍ଷ୍ୟଚ୍ୟୁତ ଓ ଭୋଟ ସର୍ବସ୍ୱ ହୋଇଛି । ଯାହାଦ୍ୱାରା ଦେଶର ଅଭିବୃଦ୍ଧି ବାଧାପ୍ରାପ୍ତ ହୋଇଛି। ଋଣ କରି ଘିଅ ଖାଇବା ପରି ମାଗଣା ଯୋଜନା ଦେଶବାସୀ ଆର୍ଥିକ ଅସନ୍ତୁଳନର ପ୍ରମୁଖ କାରଣ ହୋଇଛି ଏବଂ ଋଣ ଭାର ବୃଦ୍ଧି ବିକାଶକୁ ବାଧାପ୍ରାପ୍ତ କରୁଛି । ସେହିପରି ପରିବେଶ ଓ ବିକାଶ ଗୋଟିଏ ମୁଦ୍ରାର ଦୁଇଟି ପାଶ୍ୱର୍ ଏବଂ ଏହା ମଧ୍ୟରେ ସନ୍ତୁଳନ ଅତ୍ୟନ୍ତ ଜରୁରୀ। ଗୋଟିଏ ପାଇଁ ଅନ୍ୟଟିକୁ ବଳି ଦିଆଯିବା ବୁଦ୍ଧିମତ୍ତାର କାର୍ଯ୍ୟ ନୁହେଁ, ତେଣୁ ବିକାଶ ପାଇଁ ପରିବେଶର ସତର୍କ ସଂରକ୍ଷଣ ଅତ୍ୟନ୍ତ ଜରୁରୀ ବୋଲି 'ସକାଳ' ୫ମ ସ୍ୱନକ୍ଷତ୍ର ଅବସରରେ ଅନୁଷ୍ଠିତ ରାଜ୍ୟସ୍ତରୀୟ ବିତର୍କ ପ୍ରତିଯୋଗିତାରେ ବିଚାରକ ଅତିଥିମାନେ ମତବ୍ୟକ୍ତ କରିଛନ୍ତି ।

କନିଷ୍ଠ ବର୍ଗରେ 'ପରିବେଶ ଠାରୁ ବିକାଶକୁ ଅଧିକ ଗୁରୁତ୍ୱ ଦେବା ଉଚିତ୍ କି' ଶୀର୍ଷକ ବିତର୍କ ପ୍ରତିଯୋଗିତାରେ ବିଚାରକ ଭାବେ ଶୈଳବାଳା ମହାବିଦ୍ୟାଳୟର ପୂର୍ବତନ ପ୍ରାଧ୍ୟାପକ ନିରଞ୍ଜନ ପ୍ରସାଦ ରଥ, ଫକିରମୋହନ ବିଶ୍ୱବିଦ୍ୟାଳୟର ଅବସରପ୍ରାପ୍ତ ପ୍ରାଧ୍ୟାପକ ଡ. ମଣୀନ୍ଦ୍ର ମେହେର, ଅବସରପ୍ରାପ୍ତ ପ୍ରଫେସର ଓ ଭୂତତ୍ତ୍ୱବିତ୍ ଡ. ଜେନାମଣି ସଞ୍ଜୀବ କୁମାର ଯୋଗଦେଇ ମୂଲ୍ୟାୟନ କରିଛନ୍ତି। ସେହିପରି ବରିଷ୍ଠ ବର୍ଗ ନିମନ୍ତେ 'ଦେଶର ଅଭିବୃଦ୍ଧିରେ ବାଧକ କି ମାଗଣା ଯୋଜନା' ଶୀର୍ଷକ ବିତର୍କ ପ୍ରତିଯୋଗିତାରେ ବିଚାରକ ଅତିଥି ରୂପେ ଓଡ଼ିଶା ବିଧାନସଭାର ପୂର୍ବତନ ସଚିବ ଦାଶରଥି ଶତପଥୀ, ପଠାଣିସାମନ୍ତ ପ୍ଲାନେଟୋରିଅମ୍‌ର ପ୍ରାକ୍ତନ ନିର୍ଦ୍ଦେଶକ ବୈଜ୍ଞାନିକ ଶୁଭେନ୍ଦୁ ପଟ୍ଟନାୟକ, ପ୍ରଫେସର ଡ଼. ମଣୀନ୍ଦ୍ର ମେହେର ପ୍ରମୁଖ ଯୋଗ ଦେଇଥିଲେ। ଅବସରପ୍ରାପ୍ତ ଆଇଆର୍‌ଏସ୍ ଅଧିକାରୀ ତଥା ମୁଖ୍ୟ ଆୟକର ଆୟୁକ୍ତ ମନୋରଞ୍ଜନ ପାଣିଗ୍ରାହୀ ଏହି ଅବସରରେ ଉପସ୍ଥିତ ଥିଲେ।

**■ ମାଗଣା ଯୋଜନା ଲକ୍ଷ୍ୟଚ୍ୟୁତ, ଭୋଟସର୍ବସ୍ୱ**
**■ ପରିବେଶ ଓ ବିକାଶ ମଧ୍ୟରେ ସନ୍ତୁଳନ ଅତ୍ୟନ୍ତ ଜରୁରୀ**

କନିଷ୍ଠ ବର୍ଗରେ ଯଥାକ୍ରମେ ପ୍ରଥମ ତିନିଟି ସ୍ଥାନ ଅଧିକାର କରିଥିବା ଫୁଲବାଣୀ ପବ୍ଲିକ୍ ସ୍କୁଲ୍‌ର ସାଇ ଶୁଭମ ମହାନ୍ତି ,ଢେଙ୍କାନାଳସ୍ଥିତ ପିଏମ୍‌ଶ୍ରୀ ବ୍ରଜନାଥ ବଡଜେନା ଉଚ୍ଚ ବିଦ୍ୟାଳୟର ସୁଶ୍ରୀ ସାଗରିକା ସ୍ୱାଇଁ ଓ କଟକସ୍ଥିତ ପ୍ରଥମ ରେଭେନ୍ସା କଲେଜିଏଟ୍ ସ୍କୁଲ୍‌ର ସିଦ୍ଧାନ୍ତ କୁମାର ସାହୁଙ୍କୁ ଅତିଥିମାନେ ପୁରସ୍କାର ପ୍ରଦାନ କରିଥିଲେ। ଅନୁରୂପ ଭାବରେ ବରିଷ୍ଠ ବର୍ଗରେ ତିନି ଶ୍ରେଷ୍ଠ ସ୍ଥାନ ଅଧିକାର କରିଥିବା ଉତ୍କଳ ବିଶ୍ୱବିଦ୍ୟାଳୟର ଛାତ୍ରୀ ଶାଶ୍ୱତୀ ପ୍ରିୟଦର୍ଶିନୀ, ନୟାଗଡ଼ ରାଜ ସୁନାଖଳା ଡିଆଇଇଟିର ଛାତ୍ର ସାଗର ବେହେରା ଓ କଳାହାଣ୍ଡି ମା' ମାଣିକେଶ୍ୱରୀ ବିଶ୍ୱବିଦ୍ୟାଳୟର ଆର୍ଯ୍ୟ ନାୟକଙ୍କୁ ମଧ୍ୟ ପୁରସ୍କୃତ କରାଯାଇଥିଲା।

ବିତର୍କ ପ୍ରତିଯେଗୀତାର ପ୍ରାୟୋଜକ ତଥା ଭାରତ ମସଲା ପରିଚାଳନା ନିର୍ଦ୍ଦେଶକ ସୁକାନ୍ତ କୁମାର ପଣ୍ଡା ଓ ବିନାୟକ କନ୍‌ସେପ୍ଟ ସ୍କୁଲ୍ ନିର୍ଦ୍ଦେଶକ ତଥା ଅଧ୍ୟକ୍ଷ ସଞ୍ଜୀୟ ରାଜଙ୍କୁ ଏହି ଅବସରରେ ସମ୍ମାନିତ କରାଯାଇଥିଲା। ସକାଳର ସିଇଓ ସୁବ୍ରତ ଦାସ ଓ କାର୍ଯ୍ୟନିର୍ବାହୀ ସମ୍ପାଦକ ସମରେନ୍ଦ୍ର ଦାସ, ସକାଳ ପରିବାରର ଦିଗଦର୍ଶକ ଡ଼. ଉମାକାନ୍ତ ମିଶ୍ର ଛାତ୍ରଛାତ୍ରୀ ଓ ଅତିଥିଙ୍କୁ ସମ୍ବର୍ଦ୍ଧିତ କରିଥିଲେ। ବରିଷ୍ଠ ବିଭାଗରେ 'ସକାଳ'ର ସହକାରୀ ବାର୍ତ୍ତା ସମ୍ପାଦକ ମହେଶ୍ୱର ସାହୁ ଓ କନିଷ୍ଠ ବର୍ଗରେ ବରିଷ୍ଠ ସହ-ସମ୍ପାଦକ ସଞ୍ଜୀୟ ସୁବୁଦ୍ଧି କାର୍ଯ୍ୟକ୍ରମ ପରିଚାଳନା କରିଥିଲେ ଓ ଫିଚର୍ ବିଭାଗ ବରିଷ୍ଠ ସହ ସମ୍ପାଦକ ସୁଶୀଲ କୁମାର ବାଗ୍ ସହଯୋଗ କରିଥିଲେ। କାର୍ଯ୍ୟକ୍ରମକୁ 'ସକାଳ'ର ବ୍ୟୁରୋ ମୁଖ୍ୟ ରଞ୍ଜିତ ମହାନ୍ତି, ବିଜ୍ଞାପନ ମୁଖ୍ୟ ନରୋତ୍ତମ ଗୁରୁଙ୍କ ସହ ଦିଲ୍ଲୀପ ମହାପାତ୍ର, ଅଭିଷେକ ସାହୁ ପ୍ରସାର ବିଭାଗର ପ୍ରିୟବ୍ରତ ଦାସ, ସୁଧାଂଶୁ ସାହୁ, ଚନ୍ଦନ ନାୟକ ପ୍ରମୁଖ ପରିଚାଳନା କରିଥିଲେ।












**ବ୍ୟାପକ ହେଲା ଆୟୁଷ ଡାକ୍ତରୀ ଛାତ୍ରଛାତ୍ରୀଙ୍କ ଆନ୍ଦୋଳନ**

## ଡାକରେ ସ୍ୱାସ୍ଥ୍ୟମନ୍ତ୍ରୀଙ୍କ ପାଖକୁ ପଠାଇଲେ 'ହ୍ୱାଇଟ୍ କୋର୍ଟ'



ବ୍ରହ୍ମପୁର, ୧।୧୨(ସମିସ): ୮ ଦଫା ଦାବିରେ ରାଜ୍ୟବ୍ୟାପୀ ଆନ୍ଦୋଳନକୁ ଓହ୍ଲାଇଛନ୍ତି ଆୟୁଷ ଡାକ୍ତର ଛାତ୍ରଛାତ୍ରୀ ।ଆନ୍ଦୋଳନର ୮ମ ଦିନରେ ଅର୍ଥାତ୍ ରବିବାରଠାରୁ ଅହୋରାତ୍ର ଆନ୍ଦୋଳନ କରି ସଂଘର୍ଷକୁ ବ୍ୟାପକ କରାଯାଇଛି । ଆୟୁଷ ଡାକ୍ତରଙ୍କ ପ୍ରତି ରାଜ୍ୟ ସରକାର ବୈମାତୃକ ମନୋଭାବ ପୋଷଣ କରିବା ସହ ଚରମ ଅବହେଳା ପ୍ରଦର୍ଶନ କରୁଥିବା ଆନ୍ଦୋଳନକାରୀ ଅଭିଯୋଗ କରିଛନ୍ତି। ବିଭିନ୍ନ ସମୟରେ ସରକାରଙ୍କ ପକ୍ଷରୁ ଛାତ୍ରଛାତ୍ରୀଙ୍କ ଦାବି ପୂରଣ ନେଇ ବାରମ୍ବାର ଦିଆଯାଇଥିବା ପ୍ରତିଶ୍ରୁତି ପରବର୍ତ୍ତୀ ସମୟରେ ପ୍ରତାରଣା ପାଲଟିଛି । ଏଣୁ, ଦାବି ପୂରଣ ନହେବା ପର୍ଯ୍ୟନ୍ତ ଆନ୍ଦୋଳନ ଜାରି ରଖିବାକୁ କଡା ଚେତାବନୀ ଦେଇଛନ୍ତି ଆୟୁଷ ଡାକ୍ତରୀ ଛାତ୍ରଛାତ୍ରୀ । ଏହି କ୍ରମରେ ସ୍ଥାନୀୟ ବିଜୁ ପଟ୍ଟନାୟକ ହୋମିଓପାଥିକ ମେଡିକାଲ କଲେଜ ଓ ହସ୍ପିଟାଲର ଡାକ୍ତରୀ ଛାତ୍ରଛାତ୍ରୀଙ୍କ ପକ୍ଷରୁ ନିଆରା ଢଙ୍ଗରେ ଆନ୍ଦୋଳନ କରି ପ୍ରତିବାଦ କରାଯାଇଛି । ଛାତ୍ରଛାତ୍ରୀମାନେ ସେମାନଙ୍କ ଦାବି ସହ ସରକାର ବିରୋଧୀ ପ୍ଲାକାର୍ଡ ଧରି କଲେଜରୁ ଶୋଭାଯାତ୍ରାରେ ବାହାରି ସହର ପରିକ୍ରମା କରିଥିଲେ। ପରେ ପୁରୁଣା ବସଷ୍ଟାଣ୍ଡସ୍ଥିତ ମୁଖ୍ୟ ଡାକଘର ନିକଟରେ ରାସ୍ତାରେ ବସି ପ୍ରତିବାଦ କରିଥିଲେ। ସେଠାରେ ଡାକ୍ତରୀ ଛାତ୍ରଛାତ୍ରୀମାନେ ନିଜେ ପରିଧାନ କରିଥିବା ହ୍ୱାଇଟ କୋର୍ଟ ବା ଧଳା ଆପ୍ରନକୁ ବାହାର କରି ସ୍ୱାସ୍ଥ୍ୟମନ୍ତ୍ରୀ ମୁକେଶ ମହାଲିଙ୍ଗଙ୍କ ଉଦ୍ଦେଶ୍ୟରେ ଡାକ ଯୋଗେ ଲୋକସେବା ଭବନକୁ ପଠାଇଛନ୍ତି। ଆନ୍ଦୋଳନକାରୀଙ୍କ ଏଭଳି ନିଆରା ପ୍ରତିବାଦ ସହରରେ ଚର୍ଚ୍ଚାର ବିଷୟ ପାଲଟିଛି।

# ଭକ୍ତଙ୍କ ଉପରେ ଦର୍ଶନ ଟିକଟ ବୋଝ

ପୁରୀ, ୧।୧୨(ସମିସ): ଶ୍ରୀମନ୍ଦିର ପରିସର ଏବଂ ମନ୍ଦିର ବାହାରେ ଏକାଧିକ ପବିତ୍ର ପୀଠ ବା ସ୍ଥାନ ରହିଛି। ଏଗୁଡ଼ିକ ମଧ୍ୟରେ ରୋଷଘର, କୋଇଲି ବୈକୁଣ୍ଠ, ନୀଳାଚଳ ଉପବନ, ନରେନ୍ଦ୍ର ପୁଷ୍କରିଣୀ ଅନ୍ୟତମ। ଏ ସବୁ ଶ୍ରୀମନ୍ଦିର ପ୍ରଶାସନ ଅଧୀନରେ ରହିଛି। ସେହିପରି ଶ୍ରୀକ୍ଷେତ୍ରର ବେଡ଼ି ହନୁମାନ, ଲକ୍ଷ୍ମୀଙ୍କ ବାପଘର ତଥା



ଚକ୍ର ନୃସିଂହ ମନ୍ଦିର ଭଳି ଏକାଧିକ ଧାର୍ମିକସ୍ଥଳୀ ରହିଛି। ଯେଉଁଠିକୁ ମହାପ୍ରଭୁଙ୍କୁ ପ୍ରତିଦିନ ଦର୍ଶନ କରିବାକୁ ଆସୁଥିବା ଶ୍ରଦ୍ଧାଳୁଙ୍କ ମଧ୍ୟରୁ ଅଧିକାଂଶ ଏହିସବୁ ସ୍ଥାନକୁ ବୁଲି ଯାଆନ୍ତି। ଆସ୍ଥା ଓ ବିଶ୍ୱାସର ଏହି ପବିତ୍ର ତଥା ଧାର୍ମିକସ୍ଥଳୀକୁ ଯିବା ପାଇଁ ଭକ୍ତଙ୍କୁ ଟଙ୍କା ଗଣିବାକୁ ପଡୁଛି । ଏବେ ପୁଣି ଗୁଣ୍ଡିଚା ମନ୍ଦିର ଖୋଲିଲେ ସେଥିପାଇଁ ବି ଦର୍ଶନ ଦେୟ ୧୦ ଟଙ୍କା ରହିବ ବୋଲି ଘୋଷଣା କରାଯାଇଛି। ଏହାକୁ ନାପସନ୍ଦ କରିଛନ୍ତି ଶ୍ରଦ୍ଧାଳୁ। ଶ୍ରୀମନ୍ଦିର ପାଇଁ ସରକାର ୫୦୦ କୋଟି ଟଙ୍କାର କର୍ପସ୍ ଫଣ୍ଡ ଏବଂ ଭକ୍ତଙ୍କୁ ମାଗଣାରେ ମହାପ୍ରସାଦ ବଣ୍ଟନ ଲାଗି ଚିନ୍ତା କରୁଥିବା ବେଳେ ଦର୍ଶନ ଟିକଟ୍ ବୋଝ କାହିଁକି ଲଦି ଦିଆଯାଉଛି, ତାହା ଶ୍ରଦ୍ଧାଳୁଙ୍କୁ ଆଶ୍ଚର୍ଯ୍ୟ କରିଛି ।

ଶ୍ରୀମନ୍ଦିରକୁ ଆସୁଥିବା ଭକ୍ତମାନେ ମନ୍ଦିର ପରିସର (କୋଇଲି ବୈକୁଣ୍ଠ, ରୋଷଘର, ରୋହିଣୀକୁଣ୍ଡ, ନୀଳାଚଳ ଉପବନ ଇତ୍ୟାଦି) ବିଭିନ୍ନ ପବିତ୍ର ସ୍ଥାନ ବୁଲିଥା'ନ୍ତି। ସେହିପରି ଶ୍ରୀମନ୍ଦିର ପ୍ରଶାସନ ଅଧୀନରେ ମନ୍ଦିର ବାହାରେ ମଧ୍ୟ ଏକାଧିକ ପବିତ୍ର ପୀଠ(ଯେପରିକି

**■ ଟଙ୍କା ଦେଲେ ମିଳୁଛି ପବିତ୍ର ଓ ଧାର୍ମିକସ୍ଥଳୀରେ ଦର୍ଶନ**
**■ ଗୁଣ୍ଡିଚା ମନ୍ଦିର ଖୋଲିଲେ ଦେବାକୁ ପଡ଼ିବ ୧୦ ଟଙ୍କା**

ନରେନ୍ଦ୍ର ପୁଷ୍କରିଣୀ, ଶ୍ରୀଗୁଣ୍ଡିଚା ମନ୍ଦିର) ରହିଛି। ମହାପ୍ରଭୁଙ୍କ ଦର୍ଶନ ପରେ ଅଧିକାଂଶ ଶ୍ରଦ୍ଧାଳୁ ଏସବୁ ବୁଲି ଏହାର ମାହାତ୍ମ୍ୟ ଏବଂ ଇତିହାସ ସମ୍ପର୍କରେ ଅନେକ ତଥ୍ୟ ଜାଣିଥା'ନ୍ତି। ହେଲେ ଶ୍ରୀମନ୍ଦିର ପ୍ରଶାସନ ରୋଷଘର, ଲୁଣପତ୍ର, କୋଇଲି ବୈକୁଣ୍ଠ, ନରେନ୍ଦ୍ର ସଂକଳ୍ପ ଏବଂ ନୀଳାଚଳ ଉପବନକୁ ନିଲାମରେ ଦେଇଛି। ଫଳରେ ଏହିସବୁ ଜାଗା ବୁଲିବା ପାଇଁ ଚାହୁଁଥିବା ଭକ୍ତଙ୍କୁ ପ୍ରତ୍ୟେକ ସ୍ଥାନ ପାଇଁ ୧୦ ଟଙ୍କା ଲେଖାଏଁ ଦେବାକୁ ପଡୁଛି। କେବଳ ଏତିକି ନୁହେଁ, ଶ୍ରୀକ୍ଷେତ୍ରର ବେଡ଼ି ହନୁମାନ ମନ୍ଦିର, ଲକ୍ଷ୍ମୀଙ୍କ ବାପଘର ତଥା ଚକ୍ରନୃସିଂହ ମନ୍ଦିର ଭଳି ଏମିତି କିଛି ଦେବସ୍ଥଳୀ ରହିଛି, ଯେଉଁଠିକୁ ବୁଲିଗଲେ ଟଙ୍କା ଦେବାକୁ ପଡୁଛି। ଯଦିଓ ଏହି ଦେୟ ବଡ଼ଧରଣର ନୁହେଁ, କିନ୍ତୁ ଅନେକ ସମୟରେ ଏହାକୁ ନେଇ ଶ୍ରଦ୍ଧାଳୁ ଅସନ୍ତୋଷ ବ୍ୟକ୍ତ କରୁଛନ୍ତି।

ଏବେ ଗୁଣ୍ଡିଚା ମନ୍ଦିରକୁ ନେଇ ଚର୍ଚ୍ଚା, ଆଲୋଚନା ଚାଲିଛି। ଦୀର୍ଘ ୬ବର୍ଷ ଧରି ଭକ୍ତଙ୍କ ପାଇଁ ବନ୍ଦ ରହିଛି ମହାପ୍ରଭୁଙ୍କ ଜନ୍ମବେଦୀ। କୋଭିଡ୍ କଟକଣା ପରଠାରୁ ଶ୍ରଦ୍ଧାଳୁଙ୍କୁ ଗୁଣ୍ଡିଚା ମନ୍ଦିର ଭିତରକୁ ଛଡ଼ାଯାଉ ନଥିବା ବେଳେ ଏହାକୁ ଖୋଲିବା ପାଇଁ ବିଭିନ୍ନ ସମୟରେ ଦାବି ହୋଇଆସୁଛି। ତେବେ ନିକଟରେ ଅନୁଷ୍ଠିତ ପରିଚାଳନା କମିଟି ବୈଠକରେ ଗୁଣ୍ଡିଚା ମନ୍ଦିର ଖୋଲିବା ଉପରେ ନିଷ୍ପତ୍ତି ନିଆଗଲା। ଡିସେମ୍ବର ୧ରୁ ଖୋଲାଯିବ ବୋଲି ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଏବଂ ଜିଲ୍ଲାପାଳ ଗଣମାଧ୍ୟମ ସମ୍ମୁଖରେ ଘୋଷଣା କଲେ। ହେଲେ ଏହି ଘୋଷଣାର ଦିନକ ପରେ ପୁଣି ମନ୍ଦିର ଖୋଲିବାକୁ ସାମୟିକ ଭାବେ ସ୍ଥଗିତ ରଖାଗଲା ବୋଲି ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ କୁହାଗଲା। ଏଭଳି ନିଷ୍ପତ୍ତିକୁ ନେଇ ଶ୍ରଦ୍ଧାଳୁ ଅସନ୍ତୋଷ ବ୍ୟକ୍ତ କରିଥିବା ବେଳେ ଏବେ ଗୁଣ୍ଡିଚା ମନ୍ଦିର ଦର୍ଶନ ଦେୟକୁ ମଧ୍ୟ ବିରୋଧ କରାଯାଉଛି।

ଗୁଣ୍ଡିଚା ମନ୍ଦିର ଦର୍ଶନ ପାଇଁ ଦେୟ ୧୦ଟଙ୍କା ରହିବ। କିନ୍ତୁ ୫ ବର୍ଷରୁ କମ୍, ୮୦ ବର୍ଷରୁ ଉର୍ଦ୍ଧ୍ୱ ଏବଂ ଦିବ୍ୟାଙ୍ଗ ଭକ୍ତଙ୍କ ପାଇଁ କୌଣସି ଟିକଟ୍ ପଡ଼ିବ ନାହିଁ ବୋଲି ମୁଖ୍ୟ ପ୍ରଶାସକ ଘୋଷଣା କରିଛନ୍ତି। ହେଲେ ଏହାକୁ ନାପସନ୍ଦ କରିଛନ୍ତି ବୁଦ୍ଧିଜୀବୀ ଓ ଶ୍ରଦ୍ଧାଳୁ। ଏହାକୁ ପ୍ରତ୍ୟାହାର ଦାବିରେ ଭଏସ୍ ଅଫ୍ କମନ୍‌ମ୍ୟାନ୍‌ର ମୁଖ୍ୟ ହେକ୍ଟର ମିଶ୍ର ମୁଖ୍ୟମନ୍ତ୍ରୀଙ୍କୁ ଚିଠି ଲେଖିଛନ୍ତି। କୌଣସି ଦେବାଳୟରେ ଦର୍ଶନ ଶୁଳ୍କ ନେବାର ପ୍ରଥା ନ ଥିଲା। ଏହାକୁ ଗୁଣ୍ଡିଚା ମନ୍ଦିରରେ ଲାଗୁ କରିବା ମନ୍ଦିର ସଂସ୍କୃତିକୁ ବ୍ୟାପାରୀକରଣ କରିବାର ଗନ୍ଧ ବାରି ହୋଇପଡୁଛି ବୋଲି ଶ୍ରୀ ମିଶ୍ର ଅଭିଯୋଗ କରିଛନ୍ତି।

ସୂଚନାଥାଉ କି, ଶ୍ରୀମନ୍ଦିର ଉତ୍ତରପାର୍ଶ୍ୱରେ ରହିଛି କୋଇଲି ବୈକୁଣ୍ଠ। ଏଠାରେ ତୁଳସୀ ଏବଂ ବିଭିନ୍ନ ପ୍ରକାର ଫୁଲ ବଗିଚା ରହିଛି। ନବକଳେବର ସମୟରେ ଦାରୁଦିଅଁଙ୍କ ନୂଆ ମୂର୍ତ୍ତି ଏହା ପରିସରରେ ନିର୍ମାଣ କରାଯାଇଥାଏ। ନବକଳେବରରେ ପୁରାତନ ବିଗ୍ରହଙ୍କୁ କୋଇଲି ବୈକୁଣ୍ଠ ପରିସରରେ ପାତାଳି କରାଯାଇଥାଏ। ଏହା ହେଉଛି ସାକ୍ଷାତ ବୈକୁଣ୍ଠପୁର। ଶ୍ରୀମନ୍ଦିରକୁ ଦର୍ଶନ ପାଇଁ ଆସୁଥିବା ଶ୍ରଦ୍ଧାଳୁମାନେ ଏହା ପରିସରକୁ ବୁଲିଯିବାକୁ ପ୍ରାଥମିକତା ଦେଇଥା'ନ୍ତି। ସେହିପରି ମନ୍ଦିର ପରିସରର ଅନ୍ୟ ପବିତ୍ରସ୍ଥଳୀ ହେଉଛି ନୀଳାଦ୍ରି ବିହାର ଉପବନ ଏବଂ ରୋଷଘର। ଭକ୍ତ ଏହାକୁ ମଧ୍ୟ ବୁଲି ଦେଖନ୍ତି। ସେହିପରି ମନ୍ଦିର ବାହାର ପବିତ୍ର ସ୍ଥଳ ହେଉଛି ନରେନ୍ଦ୍ର ପୁଷ୍କରିଣୀ। ମହାପ୍ରଭୁଙ୍କ ଚଳନ୍ତି ପ୍ରତିମା ମଦନମୋହନ, କୃଷ୍ଣ ବଳରାମ ଓ ପଞ୍ଚମହାଦେବ ପ୍ରତ୍ୟେକବର୍ଷ ଚନ୍ଦନ ଯାତ୍ରାରେ ଏଠାକୁ ଚାପ ଖେଳିବାକୁ ଆସନ୍ତି। ଏହି ପବିତ୍ର ଜଳାଶୟରେ ଜଗନ୍ନାଥଙ୍କ ଚନ୍ଦନ ଯାତ୍ରା ଅନୁଷ୍ଠିତ ହେଉଥିବାରୁ ଏହା ଚନ୍ଦନ ସରୋବର ନାମରେ ଖ୍ୟାତ। ତେଣୁ, ପ୍ରତିଦିନ ଏଠାକୁ ଭକ୍ତ ଦର୍ଶନ ପାଇଁ ଆସୁଥିବା ବେଳେ ସଂକଳ୍ପ କରିଥା'ନ୍ତି।

୫ମ ସ୍ୱନକ୍ଷତ୍ର

■ ଲଙ୍କାପୁଟ ଉଚ୍ଚ ବିଦ୍ୟାଳୟ ହଷ୍ଟେଲରେ ଅଘଟଣ

# ରାତିରେ ହଷ୍ଟେଲ ଛାଡ଼ି ଜଙ୍ଗଲକୁ ପଳାଇଲେ ୨୦ ଛାତ୍ର

■ ୯ କିମି ଦୂର ଜଙ୍ଗଲରୁ ଉଦ୍ଧାର ହେଲେ
■ ସ୍କୁଲ ସାମ୍ନାରେ ଅଭିଭାବକଙ୍କ କାନ୍ଦବୋବାଳି

କୋରାପୁଟ, ୧।୧୨(ସମିସ): ରାତିରେ ଘନ ଅନ୍ଧାରରେ ହଷ୍ଟେଲ ଛାଡ଼ି ୨୦ ଜଣ ଛାତ୍ର ପଳାଇବା ଓ ସକାଳେ ଜଙ୍ଗଲରୁ ଉଦ୍ଧାର ହେବା ଘଟଣା କୋରାପୁଟ ଜିଲ୍ଲାରେ ଆଲୋଡ଼ନ ସୃଷ୍ଟି କରିଛି। କୋରାପୁଟ ବ୍ଲକ୍ ଅନ୍ତର୍ଗତ ଲଙ୍କାପୁଟ ସରକାରୀ ଉଚ୍ଚ ବିଦ୍ୟାଳୟ ହଷ୍ଟେଲରେ ଏହି ଘଟଣା ଘଟିଛି। କେଉଁ କାରଣରୁ ଛାତ୍ରମାନେ ଏଭଳି ଦୁଃସାହସିକ ପଦକ୍ଷେପ ନେଲେ, ତାହା ଜଣାପଡ଼ିନାହିଁ। ଅପରପକ୍ଷେ, ଏହି ଘଟଣା ପରେ ଅଭିଭାବକମହଲରେ ଚିନ୍ତା ବଢ଼ି ଯାଇଛି। ଏହି ଘଟଣାରେ ଅଭିଭାବକମାନେ ସ୍କୁଲ କର୍ତ୍ତୃପକ୍ଷଙ୍କୁ ଦାୟୀ କରିବା ସହ ତଦନ୍ତ ଦାବି କରିଛନ୍ତି।

ସୂଚନାନୁଯାୟୀ, ଲଙ୍କାପୁଟ ଉଚ୍ଚ ବିଦ୍ୟାଳୟରେ ହଷ୍ଟେଲରେ ପ୍ରଥମରୁ ପଞ୍ଚମ ଶ୍ରେଣୀ ପର୍ଯ୍ୟନ୍ତ ବହୁ ଛାତ୍ର ରହୁଛନ୍ତି। ସେଥିମଧ୍ୟରୁ ୨୦ଛାତ୍ର ଗତ ରାତିରେ ହଷ୍ଟେଲ ପାଚେରି ଡେଇଁ ପାଖ ଜଙ୍ଗଲକୁ ପଳାଇଥିଲେ। ଆଜି ସକାଳୁ ହଷ୍ଟେଲ କର୍ତ୍ତୃପକ୍ଷ ଏ ସଂପର୍କରେ ଜାଣିବା ପରେ ସେମାନଙ୍କ ଅଭିଭାବକମାନଙ୍କୁ ଖବର ଦେଇଥିଲେ। ମଧ୍ୟାହ୍ନରେ ହଷ୍ଟେଲ ସମ୍ମୁଖରେ ଅଭାବନୀୟ ପରିସ୍ଥିତି ଦେଖିବାକୁ ମିଳିଥିଲା। ନିଖୋଜ ଥିବା ଛାତ୍ରଙ୍କ ଅଭିଭାବକମାନେ ହଷ୍ଟେଲରେ ପହଞ୍ଚି କନ୍ଦାକଟା କରିଥିଲେ। ଅଭିଭାବକମାନଙ୍କ କହିବାନୁଯାୟୀ, ଗତରାତିଠାରୁ ସେମାନଙ୍କ ପିଲା ହଷ୍ଟେଲରେ ନାହାନ୍ତି ବୋଲି ସ୍କୁଲ ପକ୍ଷରୁ ସେମାନଙ୍କୁ ଫୋନ୍‌ରେ ଜଣାଯାଇଥିଲା। ଏ ସଂପର୍କରେ ଭାରପ୍ରାପ୍ତ ପ୍ରଧାନ ଶିକ୍ଷୟିତ୍ରୀ ମଧ୍ୟ କୌଣସି ସନ୍ତୋଷଜନକ ଉତ୍ତର ଦେଇପାରିନଥିଲେ। ପରେ ଅଭିଭାବକ ଓ ସ୍କୁଲର ରୋଷେୟା ନିକଟସ୍ଥ ଜଙ୍ଗଲ ଓ ଗ୍ରାମରେ ଖୋଜାଖୋଜି କରିଥିଲେ। ସ୍କୁଲଠାରୁ ୯ କିମି ଦୂର ପଣ୍ଡି ଜଙ୍ଗଲ ନିକଟରେ ନିଖୋଜ ପିଲାମାନଙ୍କୁ ଠାବ କରାଯାଇଥିଲା। ପରେ ସେମାନଙ୍କୁ ସ୍କୁଲକୁ ଅଣାଯାଇଥିଲା। କେଉଁ କାରଣରୁ ସେମାନେ ଏପରି ପଦକ୍ଷେପ ନେଲେ, ତାହା ଜଣାପଡ଼ିନାହିଁ। ଅପରପକ୍ଷେ, ଖବର ପାଇ କୋରାପୁଟ ଗୋଷ୍ଠୀ ଉନ୍ନୟନ ଅଧିକାରୀ ଦେବାଶିଷ ଗୌଡ଼ ଓ ଅତିରିକ୍ତ ଜିଲ୍ଲା ଶିକ୍ଷା ଅଧିକାରୀ ସ୍କୁଲରେ ପହଞ୍ଚି ପିଲାଙ୍କୁ ଭେଟିବା ସହ କେଉଁ କାରଣରୁ ସେମାନେ ଏଭଳି ପଦକ୍ଷେପ ନେଇଥିଲେ, ସେ ସଂପର୍କରେ ଅନୁସନ୍ଧାନ କରୁଥିବା ଜଣାପଡ଼ିଛି।

## ଜଳ ପ୍ରତିରୋଧ ଓ ପ୍ରଦୂଷଣ ନିୟନ୍ତ୍ରଣ ସଂଶୋଧନ ଆଇନ ୨୦୨୪

# ବିରୋଧୀଙ୍କ ତୀବ୍ର ବିରୋଧ ସତ୍ତ୍ୱେ ବିଲ୍ ପାରିତ

ସଂଶୋଧିତ ଆଇନରେ ଜେଲ୍ ବଦଳରେ ଜରିମାନା ବ୍ୟବସ୍ଥା

ଭୁବନେଶ୍ୱର,୧।୧୨(ସମିସ): ଗତ ୨୦୨୪ ମସିହା ଫେବୃଆରୀ ୧୫ ତାରିଖରେ କେନ୍ଦ୍ର ସରକାର ଜଳ (ପ୍ରତିରୋଧ ଓ ପ୍ରଦୂଷଣ ନିୟନ୍ତ୍ରଣ) ସଂଶୋଧନ ଆଇନ୍, ୨୦୨୪ର ବିଜ୍ଞପିତ କରିଛନ୍ତି। ଏହି ସଂଶୋଧନ ପରେ ଓଡ଼ିଶାରେ ଏହାକୁ ଲାଗୁ କରିବା ପାଇଁ ରାଜ୍ୟ ସରକାର ଏହି ସଂଶୋଧନ ପ୍ରସ୍ତାବକୁ ସଂକଳ୍ପ ଆକାରରେ ସୋମବାର ଗୃହରେ ଆଗତ କରିଥିବା ବେଳେ ଏହା ପାରିତ ହୋଇଛି। ଏହି ସଂକଳ୍ପ ପାରିତ ପୂର୍ବରୁ ସଂଶୋଧନ ପ୍ରସ୍ତାବରେ ରହିଥିବା ବିଭିନ୍ନ ଦିଗକୁ ନେଇ ବିରୋଧୀ ବିଜେଡି, କଂଗ୍ରେସ ଓ ଶାସକ ବିଜେପି ମଧ୍ୟରେ ଘମାଘୋଟ୍ ବିତର୍କ ହୋଇଛି।

ଏହି ସଂକଳ୍ପ ବିରୋଧରେ ନିଜର ପକ୍ଷ ରଖି ବିଜେଡି ବିଧାୟକ ରଣେନ୍ଦ୍ର ପ୍ରତାପ ସ୍ୱାଇଁ କହିଛନ୍ତି ଯେ ଏହି ସଂକଳ୍ପ ପାରିତ ହେବା ପରେ ରାଜ୍ୟ ସରକାରଙ୍କ କ୍ଷମତା ବହୁମାତ୍ରାରେ ସଂକୁଚିତ ହେବା ସହ କେନ୍ଦ୍ର ସରକାରଙ୍କ ନିଷ୍ପତ୍ତି ହିଁ ରାଜ୍ୟ ଉପରେ ଲଦି ଦିଆଯିବ। ଏହାସହିତ ଏହି ସଂକଳ୍ପରେ ପୂର୍ବରୁ ପ୍ରଦୂଷଣ ଭଳି ଏକ ଗୁରୁତ୍ୱପୂର୍ଣ୍ଣ ଘଟଣା ପାଇଁ ଫୌଜଦାରୀ ମାମଲା ସହ ଜେଲ୍ ଦଣ୍ଡାଦେଶ ବ୍ୟବସ୍ଥା ରହିଥିଲା; ମାତ୍ର ଏହି ବ୍ୟବସ୍ଥାକୁ ଉଚ୍ଛେଦ କରି ଖିଲାପକାରୀଙ୍କ ପାଇଁ କେବଳ ଜରିମାନା ବ୍ୟବସ୍ଥା କରାଯାଇଛି। ଏହା ଦ୍ୱାରା ଏଣିକି ପ୍ରଦୂଷଣ କ୍ଷେତ୍ରରେ ଶିଳ୍ପ ସଂସ୍ଥାମାନଙ୍କର ଆଦୌ ଭୟ ରହିବ ନାହିଁ ବୋଲି ଶ୍ରୀ ସ୍ୱାଇଁ ନିଜ ଯୁକ୍ତିରେ ଦର୍ଶାଇଛନ୍ତି। ତେଣୁ ଏହାକୁ ଲୋକଙ୍କ ମତାମତ ଲୋଡ଼ିବା ପାଇଁ ପଠାଇବାକୁ ସେ ପ୍ରସ୍ତାବ ଦେଇଛନ୍ତି।

ସେହିପରି ବିଧାୟକ ପ୍ରତାପ ଦେବ କହିଛନ୍ତି ଯେ ସାରା ଦେଶରେ ୧୧ ପ୍ରତିଶତ ପାଣି ଓଡ଼ିଶାରେ ରହିଛି। ଏହି ସଂକଳ୍ପ ଦ୍ୱାରା ସବୁ ପାଣି କେନ୍ଦ୍ର ହାତକୁ ଚାଲିଯିବ। ଏହି ସଂକଳ୍ପ ଲାଗୁ ଦ୍ୱାରା କେନ୍ଦ୍ର ସରକାର ଚାହିଁଲେ ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ ନିଷ୍ପତ୍ତିକୁ ମାନି ନ ପାରନ୍ତି। ଏହାସହିତ ଯଦି କୌଣସି ସଂସ୍ଥା ଆବଶ୍ୟକ ଅନୁମତି ନ ନେଇ ଶିଳ୍ପ କରିନ୍ତି, ତେବେ ସେମାନଙ୍କୁ ମାତ୍ର ୧୫ ଲକ୍ଷ ଜରିମାନା ଦେବାକୁ ହେବ। ସେହିପରି ଏହି ନିୟମ ସବୁ ସଂସ୍ଥାଙ୍କ ପାଇଁ ମଧ୍ୟ ଲାଗୁ ହେବ ନାହିଁ ବୋଲି ଏଥିରେ ବ୍ୟବସ୍ଥା ରହିଛି, ଯାହାକି ଗ୍ରହଣୀୟ ନୁହେଁ। ଏହି ବିଲ୍‌କୁ ଦକ୍ଷିଣ ଭାରତର ରାଜ୍ୟଗୁଡ଼ିକ ନିଜ ନିଜ ରାଜ୍ୟରେ ଲାଗୁ କରି ନ ଥିବା ବେଳେ ଓଡ଼ିଶାରେ କାହିଁକି ଏହାକୁ ଲାଗୁ କରିବାକୁ ସରକାର ତରତର ହେଉଛନ୍ତି, ତାକୁ ନେଇ ଶ୍ରୀ ଦେବ ପ୍ରଶ୍ନ କରିଛନ୍ତି।

ସେହିପରି ବିଧାୟକ ଅରବିନ୍ଦ ମହାପାତ୍ର ବଡ଼ ସଂସ୍ଥାଙ୍କ ପାଇଁ ୧୫ ଲକ୍ଷ ଜରିମାନା ଝାଲ୍‌ମୁଡ଼ି ସଦୃଶ କହି ସମାଲୋଚନା କରିଥିଲେ।

କଂଗ୍ରେସ ପକ୍ଷରୁ ବିଧାୟକ ସିଏସ୍ ରାଜନ ଏକ୍କା ସଂକଳ୍ପକୁ ବିରୋଧ କରି ରାଜ୍ୟର ନଦୀଗୁଡ଼ିକ ସ୍ଥିତି ଅତି ଖରାପ ଥିବା କହିବା ସହ ଜେଲ୍ ଦଣ୍ଡ ବଦଳରେ ଜରିମାନା ବ୍ୟବସ୍ଥାକୁ ନେଇ ପ୍ରଶ୍ନ କରିଛନ୍ତି। ଏହାସହିତ ନୂତନ ଆଇନ୍‌ରେ ଜଣେ ନ୍ୟାୟ ନିର୍ଣ୍ଣୟ ଅଧିକାରୀ ନିଯୁକ୍ତି ନେଇ ବ୍ୟବସ୍ଥା ହୋଇଥିବା ବେଳେ ଜଣେ ସଚିବ ସ୍ତରର ଅଧିକାରୀ ଏହି କାର୍ଯ୍ୟ କରିବେ। ତେଣୁ କୋର୍ଟ ପରିବର୍ତ୍ତେ ତାଙ୍କ ନିଷ୍ପତ୍ତି ସରକାରଙ୍କ ସପକ୍ଷରେ ଯିବ ବୋଲି ଦର୍ଶାଇ ଶ୍ରୀ ଏକ୍କା କହି ବିଲ୍‌କୁ ବିରୋଧ କରିଛନ୍ତି।

ବିଲ୍ ସପକ୍ଷରେ ବିଭାଗୀୟ ମନ୍ତ୍ରୀ ଶ୍ରୀ ଗଣେଶ ରାମ ସିଂ ଖୁଣ୍ଟିଆ କହିଛନ୍ତି, ଏହାଦ୍ୱାରା ବର୍ଷ ବର୍ଷ ଧରି କୋର୍ଟରେ ପଡ଼ି ରହିଥିବା ମାମଲାର ସମାଧାନ ହେବ। ବର୍ତ୍ତମାନ ଏ ସମ୍ପର୍କିତ ୧୭୩୭ ମାମଲା କୋର୍ଟରେ ରହିଥିବା ବେଳେ ଏଥିମଧ୍ୟରୁ ମାତ୍ର ୩୯ ଟିରେ ଦଣ୍ଡ ବିଧାନ କରାଯାଇଛି। ଏହି ସଂକଳ୍ପ ଦ୍ୱାରା କୋର୍ଟକୁ ଦୌଡ଼ୁଥିବା ସଂସ୍ଥାମାନେ ଉପକୃତ ହେବେ ବୋଲି ମନ୍ତ୍ରୀ କହିଛନ୍ତି। ମନ୍ତ୍ରୀଙ୍କ ଉତ୍ତରରେ ଅସନ୍ତୁଷ୍ଟ ହୋଇ ବିରୋଧୀ ବିଜେଡି ଓ କଂଗ୍ରେସ ସଦସ୍ୟମାନେ କକ୍ଷ ତ୍ୟାଗ କରିଥିବା ବେଳେ ସଂକଳ୍ପଟି ପାରିତ ହୋଇଛି।

## କୋଣାର୍କ ଉତ୍ସବ ଉଦ୍‌ଘାଟିତ

# ଦର୍ଶକଙ୍କ ମନ ମୋହିଲା ଓଡ଼ିଶୀ ଓ ଭାରତନାଟ୍ୟମ୍

ଚନ୍ଦ୍ରଭାଗା ବେଳାଭୂମିରେ ୧୩୧ଜଣ ଶିଳ୍ପୀଙ୍କ ବାଲୁକା କଳା ପ୍ରଦର୍ଶିତ

କୋଣାର୍କ, ୧।୧୨(ସମିସ): ରାଜ୍ୟ ପର୍ଯ୍ୟଟନ ବିଭାଗ, ଓଡ଼ିଶା ସଙ୍ଗୀତ ନାଟକ ଏକାଡେମୀ ଓ ଓଡ଼ିଶା ପର୍ଯ୍ୟଟନ ଉନ୍ନୟନ ନିଗମର ମିଳିତ ଆନୁକୂଲ୍ୟରେ ସୋମବାର କୋଣାର୍କସ୍ଥିତ ମୁକ୍ତାକାଶ ରଙ୍ଗମଞ୍ଚରେ ପାଞ୍ଚଦିନିଆ ୩୬ତମ କୋଣାର୍କ ଉତ୍ସବ ଓ ୧୫ତମ ଆନ୍ତର୍ଜାତିକ ବାଲୁକା କଳା ଉତ୍ସବ ଉଦ୍‌ଘାଟିତ ହୋଇଯାଇଛି। ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଏହି ଉତ୍ସବକୁ ଉଦ୍‌ଘାଟନ କରିଛନ୍ତି।

ଚନ୍ଦ୍ରଭାଗା ବେଳାଭୂମିରେ ଆୟୋଜିତ ବାଲୁକା କଳା ଉତ୍ସବରେ ସ୍ପେନ୍, ରୁଷିଆ, ଜାପାନ, ପର୍ତ୍ତୁଗାଲ ଓ ଶ୍ରୀଲଙ୍କାରୁ ୫ଜଣ ବାଲୁକା ଶିଳ୍ପୀଙ୍କ ସମେତ ଭାରତର ୧୩୧ଜଣ ବାଲୁକା ଶିଳ୍ପୀ ୪୫ଟି ଷ୍ଟଲ୍‌ରେ ବାଲୁକା କଳା ପ୍ରଦର୍ଶନ କରିଛନ୍ତି। ଏଥିସହ ଦର୍ଶକଙ୍କ ମନମୁଗ୍ଧ କରିଥିଲା ଓଡ଼ିଶୀ ଓ ଭାରତନାଟ୍ୟମ୍। କୋଣାର୍କ ଉତ୍ସବର ପ୍ରଥମ ସନ୍ଧ୍ୟାର ପ୍ରଥମ ଉପସ୍ଥାପନରେ ଥିଲା ସୋନାଲି ମହାପାତ୍ରଙ୍କ ନୃତ୍ୟ ଅନୁଷ୍ଠାନ ନୃତ୍ୟ ଉପାସନା ପୀଠର ଶିଳ୍ପୀମାନଙ୍କ ଦ୍ୱାରା ଓଡ଼ିଶୀ ନୃତ୍ୟ। ସେମାନଙ୍କ ପ୍ରଥମ ପ୍ରସ୍ତୁତିରେ ଥିଲା ସନ୍ଥ ତୁଳସୀ ଦାସଙ୍କ ଦ୍ୱାରା ରଚିତ ହନୁମାନ ଚାଳୀସା। ଏହାର ସଙ୍ଗୀତ ସଂଯୋଜନା କରିଥିଲେ ଗୁରୁ ଅଭିରାମ ନନ୍ଦ ଏବଂ ନୃତ୍ୟ ସଂରଚନା କରିଥିଲେ ଗୁରୁ ସୋନାଲି ମହାପାତ୍ର। ସେମାନଙ୍କ ଦ୍ୱିତୀୟ ପ୍ରସ୍ତୁତିରେ ଥିଲା ସାରଙ୍ଗ ପଲ୍ଲବୀ। ଏହାର ନୃତ୍ୟ ସଂରଚନା କରିଛନ୍ତି ଗୁରୁ ସୋନାଲି ମହାପାତ୍ର ଏବଂ ସଙ୍ଗୀତ ଓ ତାଳ ସଂଯୋଜନା କରିଛନ୍ତି ନିର୍ମଳ କୁମାର ମହାପାତ୍ର। ଶେଷରେ ନୃତ୍ୟ ଉପାସନା ପୀଠର ଶିଳ୍ପୀମାନଙ୍କ ପ୍ରସ୍ତୁତିରେ ଥିଲା ଚାରି ଯୁଗ ଦେବୀ। ଏଥିରେ ଦେବୀ ଦୁର୍ଗାଙ୍କ ଦିବ୍ୟ ଶକ୍ତିକୁ ବର୍ଣ୍ଣନା କରଯାଇଥିଲା।




ଶାସ୍ତ୍ରୀୟ ନୃତ୍ୟ କାର୍ଯ୍ୟକ୍ରମକୁ ମଞ୍ଚରେ ସଂଯୋଜନା କରିଥିଲେ ଡ. ମୃତ୍ୟୁଞ୍ଜୟ ରଥ ଓ ନାଜିୟା ଆଲ୍ଲମ୍। ପରିଚାଳନରେ ସହଯୋଗ କରିଥିଲେ ଡ. ସଂଗୀତା ଗୋସାଇଁ। ଉତ୍ସବ ପରିଚାଳନା କରିଥିଲେ କୋଣାର୍କ ପର୍ଯ୍ୟଟନ ଅଧିକାରୀ ଅମୀୟ କୁମାର ସେଠୀ।

କାର୍ଯ୍ୟକ୍ରମରେ ଉପ-ମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା, ଜଗତସିଂହପୁର ସାଂସଦ ବିଭୁପ୍ରସାଦ ତରାଇ, ପିପିଲି ବିଧାୟକ ଆଶ୍ରିତ ପଟ୍ଟନାୟକ, ସତ୍ୟବାଦୀ ବିଧାୟକ ଓମ୍‌ପ୍ରକାଶ ମିଶ୍ର, ବ୍ରହ୍ମଗିରି ବିଧାୟିକା ଉପାସନା ମହାପାତ୍ର, କାକଟପୁର ବିଧାୟକ ତୁଷାରକାନ୍ତି ବେହେରା, ପର୍ଯ୍ୟଟନ ବିଭାଗ ନିର୍ଦ୍ଦେଶକ ଦୀପଙ୍କର ମହାପାତ୍ର, ପୁରୀ ଜିଲ୍ଲାପାଳ ଦିବ୍ୟଜ୍ୟୋତି ପରିଡ଼ା ପ୍ରମୁଖ ସମ୍ମାନିତ ଅତିଥି ଭାବେ ଉପସ୍ଥିତ ଥିଲେ।

# ରାଜ ଭବନ ହେଲା 'ଲୋକ ଭବନ'

ଭୁବନେଶ୍ୱର,୧।୧୨(ସମିସ): ବଦଳିଲା ରାଜଭବନର ନାମ। ଆନୁଷ୍ଠାନିକ ଭାବେ 'ରାଜ ଭବନ'ର ନାମ ପରିବର୍ତ୍ତନ କରାଯାଇ 'ଲୋକ ଭବନ' ନାମରେ ନାମିତ କରାଯାଇଥିବା ସୋମବାର ରାଜ ଭବନ ପକ୍ଷରୁ ଏକ ବିଜ୍ଞପ୍ତି ଜାରି କରାଯାଇଛି। ଭାରତ ସରକାରଙ୍କ ସ୍ୱରାଷ୍ଟ୍ର ମନ୍ତ୍ରଣାଳୟର ନିର୍ଦ୍ଦେଶନାମା ଆଧାରରେ ଓଡ଼ିଶାର ରାଜ୍ୟପାଳ ଡ. ହରି ବାବୁ କମ୍ଭମପାଟି ଏହି ନାମକରଣକୁ ଅନୁମୋଦନ କରିଛନ୍ତି। ୨୦୨୪ ମସିହାରେ ରାଜ୍ୟପାଳମାନଙ୍କ ସମ୍ମିଳନୀ ସମୟରେ ଉପନିବେଶ ଯୁଗର ଶବ୍ଦରୁ ଦୂରେଇ ଯାଇ ଗଣତାନ୍ତ୍ରିକ ମୂଲ୍ୟବୋଧକୁ ସୁଦୃଢ଼ କରିବା ପାଇଁ ସମଗ୍ର ଭାରତରେ ରାଜ ଭବନଗୁଡ଼ିକର ନାମକୁ 'ଲୋକ ଭବନ' ନାମରେ ବଦଳାଇବାକୁ ପ୍ରସ୍ତାବ ଦିଆଯାଇଥିଲା। ରାଜ୍ୟପାଳ ଡ. କମ୍ଭମପାଟି କହିଛନ୍ତି ଯେ 'ଲୋକ ଭବନ' ସ୍ୱଚ୍ଛତା, ସୁଗମତା ଏବଂ ପ୍ରଶାସନ ଏବଂ ଲୋକଙ୍କ ମଧ୍ୟରେ ଏକ ଗଭୀର ସମ୍ପର୍କର ପ୍ରତୀକ ଅଟେ। 'ଲୋକ ଭବନ' ଜନସାଧାରଣଙ୍କ ସହଭାଗିତା ଏବଂ ପରାମର୍ଶ ପାଇଁ ଏକ ଗୁରୁତ୍ୱପୂର୍ଣ୍ଣ ମଞ୍ଚ ଭାବରେ କାର୍ଯ୍ୟ କରିବା ସହ ସମସ୍ତଙ୍କ ସୁଗମତା ଉପରେ ଧ୍ୟାନ ଦେବ।






# ପ୍ରେମିକ ଘର ଆଗରେ ପ୍ରେମିକାର ଧାରଣା

ପୋଡ଼ାଗଡ଼,୧।୧୨(ସମିସ): କୋରାପୁଟ ଜିଲ୍ଲା ଦଶମନ୍ତପୁର ବ୍ଲକ ଅଧିନସ୍ଥ ପୋଡ଼ାଗଡ ପଞ୍ଚାୟତ ଅନ୍ତର୍ଗତ କୋରାପୁଟ ରାୟଗଡ଼ା କି ସଂଯୋଗ କରୁଥିବା ଜାତୀୟ ରାଜପଥ କଡ଼ରେ ଥିବା ନୁଆଗୁଡ଼ା ଗ୍ରାମରେ ପ୍ରେମିକ ଘର ଆଗରେ ପ୍ରେମିକା ଧାରଣା ଦେଇଥିବା ଦେଖିବାକୁ ମିଳିଛି। ନୁଆଗୁଡା ଗ୍ରାମର ଜଗନ୍ନାଥ ବିଷଇଙ୍କ ସାନପୁଅକୁ ବିବାହ କରିବା ପାଇଁ ଗତକାଲି ଉକ୍ତ ବ୍ୟକ୍ତିଙ୍କ ଘର ଆଗରେ ଧାରଣାରେ ବସିଥିଲେ ଜୈନେକା ଯୁବତୀ। ସୂଚନାରୁ ଜଣାପଡ଼ିଛି ଯେ, ଦଶମନ୍ତପୁର ଅଞ୍ଚଳର ଜଣେ ଯୁବତୀଙ୍କ ସହ ଦୀର୍ଘ ବର୍ଷ ହେଲା ଜଗନ୍ନାଥଙ୍କ ସାନ ପୁଅର ପ୍ରେମ ସମ୍ପର୍କ ରହିଥିଲା। କିନ୍ତୁ ବିବାହ କରିବା ପାଇଁ ଯୁବକ ମନା କରିବା ସହ କିଛି ଦିନ ହେଲା ଫୋନ୍ ଉଠାଉ ନଥିଲା। ରବିବାର ସକାଳେ ଯୁବତୀ ଜଣଙ୍କ ପ୍ରେମିକା ଘର ଭିତରକୁ ପଶିବାକୁ ଉଦ୍ୟମ କରିଥିଲା। କିନ୍ତୁ ପରିବାର ଲୋକେ ତାକୁ ଭିତରକୁ ପଶିବାକୁ ଦେଇ ନଥିଲେ। ତେଣୁ ସେ ଘର ଆଗରେ ଧାରଣା ଦେଇଥିଲା।

ଏହି ଖବର ଅଞ୍ଚଳରେ ପ୍ରସାର ହେବାପରେ ଉକ୍ତ ପୁଅ ଦିନ ତମାମ ଘରକୁ ଆସିନଥିଲା। ଫଳରେ ଯୁବତି ଅଗଣାରେ ବସିରହି ଥିଲା। କିନ୍ତୁ ଦୀର୍ଘ ସମୟ ପରେ ଶୁଣ୍ଢିସମାଜ ଜାଣିବା ପରେ ସମାଧାନ ନିମନ୍ତେ ନୁଆଗୁଡ଼ା ଗ୍ରାମରେ ବା ଘଟଣା ସ୍ଥଳରେ ପହଞ୍ଚିଥିଲେ। ସୁଣ୍ଢି ସମାଜ ପହଞ୍ଚିବା ପରେ ଘଟଣା ସ୍ଥଳକୁ ପୁଅ ଆସିଥିଲା। ଉଭୟ ପୁଅ ଓ ଝିଅକୁ ସୁଣ୍ଢି ସମାଜ ବୁଝାଇବାକୁ ଚେଷ୍ଟା କରିଥିଲା। କିନ୍ତୁ କୌଣସି ମତରେ ପୁଅ ରାଜି ନ ହେବାରୁ ସମାଧାନର ବାଟ ଫିଟିନଥିଲା। ତେଣୁ ଝିଅ ବାଧ ହୋଇ ଆଇନର ଆଶ୍ରୟ ନେବ ବୋଲି କହି ଧାରଣାରୁ ଉଠି ନିଜ ଅଞ୍ଚଳ ଦଶମନ୍ତପୁରକୁ ଯାଇଥିବା ଦେଖା ଦେଇଛି। ଦୀର୍ଘ ବର୍ଷ ଧରି ପ୍ରେମ କରି ବିବାହର ପ୍ରତିଶ୍ରୁତି ଦେଇ ଝିଅକୁ ଠକିଥିବା ଅଞ୍ଚଳ ବାସୀ କହିଛନ୍ତି। ଆଜି ସନ୍ଧ୍ୟାରେ ଦଶମନ୍ତପୁର ଥାନାରେ ଯୁବତୀ ଲିଖିତ ଅଭିଯୋଗ ଯୋଗ କରିଥିବା ଥାନା ଅଧିକାରୀ ସୁକୁମା ହାଁସଦା କହିଛନ୍ତି।

# ସାମ୍ବାଦିକଙ୍କ ଚିକିତ୍ସା ପାଇଁ ରେଡକ୍ରସ୍ ପାଣ୍ଠିରୁ ଜିଲ୍ଲାପାଳଙ୍କ ସହାୟତା

ସେମିଲିଗୁଡ଼ା,୧।୧୨(ସମିସ): କର୍କଟ ରୋଗରେ ଆକ୍ରାନ୍ତ ହୋଇ ଚିକିତ୍ସିତ ହେଉଥିବା ଜଣେ ସାମ୍ବାଦିକଙ୍କୁ ଜିଲ୍ଲାପାଳ ମନୋଜ ସତ୍ୟବାନ୍ ମହାଜନ ରେଡକ୍ରସ୍ ପାଣ୍ଠିରୁ ୩୦ ହଜାର ଟଙ୍କା ସହାୟତା ପ୍ରଦାନ କରିଛନ୍ତି। ଓୟୁଜେ ଅନୁବନ୍ଧିତ କୋରାପୁଟ ଜିଲ୍ଲା ସାମ୍ବାଦିକ ସଂଘ (କେଜେଡଏସ୍ଏସ୍) ର ସଦସ୍ୟ ନନ୍ଦପୁର ବ୍ଲକ ସମ୍ବାଦ ପ୍ରତିନିଧି ଅବଦୁଲ ରସିଦ୍ ଖାନ୍ ତିନି ବର୍ଷରୁ ଅଧିକ ସମୟଧରି କର୍କଟ ରୋଗରେ ଆକ୍ରାନ୍ତ ହୋଇ ରାଜ୍ୟ ତଥା ରାଜ୍ୟ ବାହାରେ ଚିକିତ୍ସିତ ହେଉଛନ୍ତି। ଓୟୁଜେ ଅନୁବନ୍ଧିତ କୋରାପୁଟ ଜିଲ୍ଲା ସାମ୍ବାଦିକ ସଂଘ ର ସଭାପତି ଶଶଧର ରାଉତଙ୍କ ନେତୃତ୍ୱରେ ନନ୍ଦପୁର ବ୍ଲକ ସଂଯୋଜକ ତଥା ରାଜ୍ୟ କାର୍ଯ୍ୟକାରିଣୀ ସଦସ୍ୟ ତୁଷାର କାନ୍ତ ମହାନ୍ତି, କୋରାପୁଟ ବ୍ଲକ ସଂଯୋଜକ ସୋମ୍ୟରଞ୍ଜନ ସାହୁ, ଏବଂ ସୂର୍ଯ୍ୟ ନାରାୟଣ ପଣ୍ଡା ଜିଲ୍ଲାପାଳ ଶ୍ରୀ ମହାଜନଙ୍କୁ ସାକ୍ଷାତ କରି ସାମ୍ବାଦିକଙ୍କ ଚିକିତ୍ସା ପାଇଁ ଆର୍ଥିକ ସହାୟତା ପାଇଁ ନିବେଦନ କରିଥିଲେ। ଜିଲ୍ଲାପାଳ ତୁରନ୍ତ ରେଡ୍‌କ୍ରସ ସୋସାଇଟି ପାଣ୍ଠିରୁ ୩୦ ହଜାର ଟଙ୍କା ଜରୁରୀକାଳୀନ ଭାବେ ପ୍ରଦାନ କରିଛନ୍ତି। ଜିଲ୍ଲାପାଳ ଶ୍ରୀ ମହାଜନଙ୍କ ତ୍ୱରିତ ସହଯୋଗ ପାଇଁ ସଭାପତି ଶ୍ରୀ ରାଉତ ତଥା ଜିଲ୍ଲା ସଂଘ ପକ୍ଷରୁ କୃତଜ୍ଞତା ଜ୍ଞାପନ କରାଯାଇଛି।


# ଜୟପୁର-କୋରାପୁଟ ଘାଟି ରାସ୍ତାରେ ଲୁଟ୍

ଜୟପୁର, ୧।୧୨(ସମିସ): ଜୟପୁର-କୋରାପୁଟ ଜାତୀୟ ରାଜପଥ ଘାଟି ୩୨୬ ନମ୍ବର ଜାତୀୟ ରାଜପଥ ଉପରେ ଗତକାଲି ରାତିରେ ରାସ୍ତା ପାଶ୍ୱର୍ରେ ରହିଥିବା ଏକ ବୈଷୟିକ ସମସ୍ୟା ଯୋଗୁଁ ମରାମତି ପାଇଁ ରହିଥିବା ମାଲବାହୀ ଟ୍ରକର ସମ୍ମୁଖ କାଚ ଭାଙ୍ଗି ଡ୍ରାଇଭର ଏବଂ ହେଲପରକୁ ଆକ୍ରମଣ କରିବା ସହିତ ୧୦ ହଜାର ଟଙ୍କା ଲୁଟ କରିଥିବା ନେଇ ସଦରଥାନାରେ ଲିଖିତ ଅଭିଯୋଗ ହୋଇଛି। ଏଥିନେଇ ବାରିଣିପୁଟ ଫାଣ୍ଡି ପୁଲିସ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ଆରମ୍ଭ କରିଛନ୍ତି। ଗତକାଲି ରାତିରେ ଆନ୍ଧ୍ରପ୍ରଦେଶ ସାଲୁର ଅଞ୍ଚଳର ଏକ ମାଲବାହୀ ଟ୍ରକ(ଏପି ୩୯ ୟୁଜେ-୩୨୯୯) ଜୟପୁର ପଟେ ଆସୁଥିବା ବେଳେ ଜୟପୁର-କୋରାପୁଟ ଘାଟି ରାସ୍ତାରେ ଖରାପ ହୋଇ ମରମତି ପାଇଁ ରାତିରେ ରହିଯାଇଥିଲା। ଏହିପରି ବିଳମ୍ବିତ ରାତି ୨ଟାରେ ୨ ବାଇକରେ ୪ ଜଣ ଦୁର୍ବୃତ ସେଠାରେ ପହଞ୍ଚି ଡ୍ରାଇଭର ଏନ. ନାରାୟଣ ରାଓଙ୍କୁ ଉଠାଇଥିଲେ। କିନ୍ତୁ ସେ ବାହାରକୁ ଆସିନଥିଲେ ଫଳରେ ଟ୍ରକର ସମ୍ମୁଖ ପଟର କାଚକୁ ପଥର ମାଡ଼ କରିବା ସହ ଭାଙ୍ଗି ଭିତରେ ପ୍ରବେଶ କରିବା ସହିତ ଡ୍ରାଇଭର ଶ୍ରୀରା ଏବଂ ହେଲପରକୁ ମାଡ ମାରିବା ସହିତ ୧୦ ହଜାର ଟଙ୍କା ଲୁଟି ନେଇଯାଇଛନ୍ତି। ଏହିପରି ପୁଲିସରେ ଏତଲା ଦେଲେ ହତ୍ୟା କରିବାକୁ ଧମକଚମକ ଦେଇଥିଲେ। ଏଥିନେଇ ଥାନାରେ ଏତଲା କ୍ରମେ ବାରିଣିପୁଟ ଫାଣ୍ଡି ପୁଲିସ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ଆରମ୍ଭ କରିଛନ୍ତି।

# ବିଶ୍ୱ ଏଡ଼ସ ଦିବସ ପାଳିତ

ବିଷମ କଟକ,୧।୧୨(ସମିସ): ଆଜି ରାୟଗଡା ଜିଲ୍ଲା ବିଷମ କଟକ ବ୍ଲକର ସ୍ଥାନୀୟ ମା ମାର୍କମା ଯୁକ୍ତ ୩ ମହାବିଦ୍ୟାଳୟ ପରିସରରେ ଜାତୀୟ ସେବା ଯୋଜନା ଭାଗ ୧ ପୁରୁଷ ଦ୍ୱାରା ବିଶ୍ୱ ଏଡ଼ସ୍ ଦିବସ ପାଳିତ ହୋଇଯାଇଛି। ଏହି ଦିବସରେ ଅନୁଷ୍ଠାନର ଅଧକ୍ଷ ଡ. ଅଶ୍ୱନୀ କୁମାର ପଣ୍ଡାଙ୍କ ତତ୍ତ୍ୱାବଧାନରେ ପଳାନ କରାଯାଇଛି। ଡଃ ପଣ୍ଡା ଏ ଉପଲକ୍ଷେ ସ୍ୱେଚ୍ଛାସେବୀମାନଙ୍କୁ ଏଚ୍ଆଇଭି ପରୀକ୍ଷା, ପ୍ରତିରୋଧକ ଉପାୟ ଓ ତତ୍‌ସମ୍ପର୍କୀୟ ସହାୟତା ସେବା ବିଷୟରେ ବିସ୍ତୃତ ଆଲୋଚନା କରିଥିଲେ। ଜୀବ ବିଜ୍ଞାନ ବିଭାଗର ମୁଖ୍ୟ ଅଧ୍ୟାପୀକା ସୁଶ୍ରୀ ଶତାବ୍ଦୀ ପାଢ଼ୀ ସୁରକ୍ଷିତ ଯୌନ ସମ୍ପର୍କ ଓ ସଚେତନ ଜୀବନ ଶୈଳୀ ସଠିକ ଜ୍ଞାନ ଭ୍ରମ ଦୂରୀକରଣ ଓ ଯୁବ ପିଢ଼ିଙ୍କ ଭୂମିକାକୁ ଉଲ୍ଲେଖ କରି ଏଚ୍.ଆଇ.ଭି ତଥା ଏଡ଼ସ୍ କୁ ପ୍ରତିହତ କରି ହେବ କହିଥିଲେ। ସଚେତନତା କର୍ଯ୍ୟକ୍ରମ ରେ ମହାବିଦ୍ୟାଳୟ ସମସ୍ତ ଅଧାପକ ଓ ଅଧାପିକା ଏବଂ ୧୦୦ ରୁ ଉର୍ଦ୍ଧ ସ୍ୱେଚ୍ଛାସେବୀ ଏହି କାର୍ଯ୍ୟକ୍ରମ ରେ ଅଂଶ ଗ୍ରହଣ କରିଥିଲେ। କାର୍ଯ୍ୟକ୍ରମ ଅଧିକାରୀ ବିନନ୍ତ ଡଙ୍ଗ୍ରି ସଭାକୁ ପରିଚାଳନା କରି ଧନ୍ୟବାଦ ଅର୍ପଣ କରିଥିଲେ।

ଦ୍ୱାଦଶାହ ଅବସରରେ
ଅଶ୍ରୁଳ ଶ୍ରଦ୍ଧାଞ୍ଜଳି



୰ ସର୍ଗତ ହିନା ପଟ୍ଟନାୟକ
ଗ୍ରାମ- ଗନ୍ଧିପାଲି
ଆବିର୍ଭାବ : ୧୦.୦୫.୧୯୪୦, ତିରୋଧାନ : ୨୧.୧୧.୨୦୨୫
ଦ୍ୱାଦଶାହ ଅବସରରେ ଆପଣଙ୍କ ପବିତ୍ର ତଥା ଅମର ଆତ୍ମାର ସଦ୍‌ଗତି ଓ ଚିରଶାନ୍ତି ନିମନ୍ତେ ପ୍ରଭୁ ଶ୍ରୀଜଗନ୍ନାଥଙ୍କ ନିକଟରେ ଆମର ବିନମ୍ର ପ୍ରାର୍ଥନା
ଶ୍ରଦ୍ଧାଞ୍ଜଳି ସହ: ସମସ୍ତ ପରିବାରବର୍ଗ, ବନ୍ଧୁ ଓ ଆତ୍ମୀୟସଜନ

# ‘ନିୟମିତ ମେଡିସିନ ସେବନ ହିଁ ଏଡ଼ସ ରୋଗୀଙ୍କ ମୂଳୌଷଧି’





କୋରାପୁଟ, ୧।୧୨(ସମିସ) କୋରାପୁଟ ସଦର ମହକୁମାରେ ବିଶ୍ୱ ଏଡ଼ସ ଦିବସ ପାଳିତ ହୋଇଯାଇଛି। କୋରାପୁଟ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରୁ ଏକ ସଚେତନତା ଶୋଭାଯାତ୍ରାକୁ ଏଡିପିଏଚଓ(ରୋଗ ନିୟନ୍ତ୍ରଣ) ଡାକ୍ତର ଶିବ ସାଇ ସ୍ୱରୂପ ଓ କୋରାପୁଟ ପ୍ରେସକ୍ଲବ ସଭାପତି ଭବାନୀ ଶଙ୍କର ମିଶ୍ର ଅତିଥି ଭାବେ ଯୋଗଦେଇ ପତାକା ଦେଖାଇ ଶୁଭାରମ୍ଭ କରିଥିଲେ। କୋରାପୁଟ ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନସ୍ୱାସ୍ଥ୍ୟ ଅଧିକାରୀଙ୍କ କାର୍ଯ୍ୟାଳୟ ସଭାଗୃହ ଠାରେ ଏକ ସଚେତନତା ବୈଠକ ଅନୁଷ୍ଠିତ ହୋଇଥିଲା। ମୁଖ୍ୟ ଅତିଥି ଭାବେ କୋରାପୁଟ ପୌର ପରିଷଦର ନିର୍ବାହୀ ଅଧିକାରୀ ତଥା ଜିଲ୍ଲା କ୍ରୀଡା ଅଧିକାରୀ ଜ୍ଞାନଜିତ୍ ତ୍ରିପାଠୀ ଯୋଗ ଦେଇ ସଚେତନତା ହିଁ ଲୋକ ମାନଙ୍କୁ ଏଡସ ରୋଗ ଠାରୁ ଦୂରରେ ରଖିପାରିବ। ରୋଗୀଙ୍କୁ ଘୃଣା ନକରି ସମାନତା ଓ ନୈତିକତା ଆଜିର ଦିବସର ବାର୍ତା ବୋଲି କହିଥିଲେ। ଅନ୍ୟ ମାନଙ୍କ ମଧ୍ୟରେ ଏଡିପିଏଚଓ(ରୋଗ ନିୟନ୍ତ୍ରଣ) ଡାକ୍ତର ଶିବ ସାଇ ସ୍ୱରୂପ ଯୋଗ ଦେଇ କୋରାପୁଟ ଜିଲ୍ଲାରେ ୨୦୦୨ ମସିହାରୁ ଏଚଆଇଭି ରୋଗୀମାନଙ୍କ ନିମନ୍ତେ କାର୍ଯ୍ୟ ଆରମ୍ଭ କରାଯାଇଥିଲା ଓ କୋରାପୁଟଠାରେ ଏଆରଟି କେନ୍ଦ୍ର ସ୍ଥାପନ କରାଯାଇ ଅବିଭକ୍ତ କୋରାପୁଟ ଜିଲ୍ଲା ରୋଗୀମାନଙ୍କର ରକ୍ତ ନମୁନା ପରୀକ୍ଷା କରାଯାଉଥିବା କହିଥିଲେ। ପ୍ରତି ବ୍ଲକରେ ଆଇସିଟି କେନ୍ଦ୍ର ରହିଛି ଯେଉଁଥିରେ ପଜିଟିଭ ରୋଗୀମାନଙ୍କୁ କାଉନସିଲ କରାଯିବା ସହ ମେଡିସିନ ନିୟମିତ ଖାଇବାକୁ ସଚେତନତା କରାଯାଉଥିବା ସେ ପ୍ରକାଶ କରିଛନ୍ତି। ନିୟମିତ ମେଡିସିନ ସେବନ ହିଁ ଏଡସ ରୋଗୀଙ୍କ ମୂଳଷୋଧି ଅଟେ। ଯାହା ଦ୍ୱାରା ରୋଗୀଟି ବଞ୍ଚି ରହିଥାଏ ବୋଲି କହିଥିଲେ। ଅକ୍ଟୋବର ୨୦୨୫ ସୁଦ୍ଧା ଆଇସିଟିସିଏସରେ ଜିଲ୍ଲାରେ ୩୩୨୭ ଜଣ ଏଡସ ରୋଗୀ ଚିହ୍ନଟ ହୋଇଥିବା ବେଳେ ସେଥିରେ ୧୦୬ ଜଣ ଶିଶୁ ରହିଛନ୍ତି। ଏଡସରେ ୭୭୫ ଜଣଙ୍କର ମୃତ୍ୟୁ ଘଟିଥିବା ଜିଲ୍ଲା ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ କୁହାଯାଇଛି। କେବଳ କୋରାପୁଟ ଜିଲ୍ଲାରେ ୨୩୫୪ ଜଣ ଏଡସ ରୋଗୀ ଚିହ୍ନଟ ହୋଇଥିବା ବେଳେ ସେଥିରେ ୭୫ ଜଣ ଶିଶୁ ରହିଛନ୍ତି।। କୋରାପୁଟରେ ଏଡସରେ ୬୨୧ ଜଣଙ୍କର ମୃତ୍ୟୁ ଘଟିଥିବା ଜିଲ୍ଲା ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ କୁହାଯାଇଛି। ଏଆରଟି ରେଜିଷ୍ଟ୍ରେସନ ୧୫୮୪ ଜଣଙ୍କର ହୋଇଥିବା ବିଭାଗ ପକ୍ଷରୁ କୁହାଯାଇଛି। ସେହିପରି ୧୨୩୬ ଜଣଙ୍କୁ ମଧୁବାବୁ ପେନସନ ଯୋଜନା,୫୫ ଜଣଙ୍କୁ ବିଜୁ ପକ୍କାଘର ଯୋଜନା,୨୫୫ ଜଣଙ୍କୁ ଅନ୍ତୋଦୟ ଅନ୍ନ ଯୋଜନା ଓ ୨୧୦ ଜଣଙ୍କୁ ବସପାସ ସ୍କିମରେ ଅର୍ନ୍ତଭୁକ୍ତ କରାଯାଇଥିବା ଜିଲ୍ଲା ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ କୁହାଯାଇଛି। ଏଡସ ନିୟନ୍ତ୍ରଣ ବିଭାଗର ଅଧିକାରୀ ସର୍ବେଶ୍ୱର ବାରିକ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।

# ଲୁହାଛଡ଼ ଚୋରି ମାମଲାରେ ଆଟୋ ଚାଳକ ଗିରଫ

ଜୟପୁର, ୧।୧୨(ସମିସ): ଜୟପୁରରେ ନିର୍ମାଣାଧୀନ ବାଇପାସ ରାସ୍ତାରେ ଦୁବୁଲି ଗ୍ରାମ ନିକଟରେ ନାଳ ଉପରେ ପୋଲ ନିର୍ମାଣ ସ୍ଥଳ ଠାରେ ଠିକାସଂସ୍ଥା ପକ୍ଷରୁ କ୍ୟାମ୍ପରେ ରଖାଯାଇଥିବା ଲୁହାଛଡ ଚୋରି କରୁଥିବା ଅଭିଯୋଗରେ ଏକ ଅଟୋକୁ ଅଟକ ରଖାଯାଇଥିବା ବେଳେ ଏହାର ଚାଳକକୁ ଗିରଫ କରାଯାଇ କୋର୍ଟ ଚାଲାଣ କରାଯାଇଛି। ଗିରଫ ଅଭିଯୁକ୍ତ ଅଟୋ ଡ୍ରାଇଭର ଜୟପୁର ଟାଉନଥାନା ଗୋପବନ୍ଧୁ ନଗରର ମହେନ୍ଦ୍ର କୁଳଦିପ (୨୬)। ପୁଲିସ ସୂଚନା ଅନୁଯାୟୀ , ଜାତୀୟ ରାଜପଥ ୨୬ର ବାଇପାସ ରୋଡ ନିର୍ମାଣ କାର୍ଯ୍ୟ ଚାଲିଥିବା ବେଳେ ଏକ ପୋଲ ନିର୍ମାଣ ସ୍ଥଳରେ ଗତ କିଛି ଦିନ ହେଲା ଠିକାସଂସ୍ଥାର କ୍ୟାମ୍ପରୁ ୩ଟି ବ୍ୟାଟେରୀ, ଲୁହା ଛଡ ଅନ୍ୟାନ୍ୟ ସାମଗ୍ରୀ ଚୋରି ହେଉଥିଲା। ରବିବାର ପୂର୍ବାହ୍ନ ସାଢେ ୯ଟାରେ ଏକ ଅଟୋ (ଓଡି୩୦ ବି ୯୯୦୧) ଏବଂ ଅନ୍ୟ ଏକ ବାଇକରେ କିଛି ଦୁର୍ବୃତ ମାନେ ଆସି ଅଟୋରେ କିଛି ଲୁହା ଛଡ ଚୋରି କରି ଅଟୋରେ ବୋଝେଇ କରି ନେଉଥିବା ବେଳେ ସୁରକ୍ଷା କର୍ମୀ ଏବଂ ଅନ୍ୟାନ୍ୟ କର୍ମଚାରୀ ଗୋଡାଇଥିଲେ। ଚୋରି କରୁଥିବା ଦୁର୍ବୃତ୍ତମାନେ ଘଟଣାସ୍ଥଳରୁ ଚମ୍ପଟ ମାରିଥିବା ବେଳେ ଚୋରି ଲୁହା ଛଡ ବୋଝେଇ ଅଟୋ ସହିତ ଚାଳକକୁ କର୍ମଚାରୀ ମାନେ ଧରିବା ସହିତ ସଦରଥାନା ପୁଲିସକୁ ହସ୍ତାନ୍ତର କରିଥିଲେ। ଏଥିନେଇ ଥାନାରେ ପ୍ରକଳ୍ପ ମ୍ୟାନେଜର ଦିଲ୍ଲିପ କୁମାର ଗୌଡ ଲିଖିତ ଅଭିଯୋଗ କ୍ରମେ ପୁଲିସ ଅଭିଯୁକ୍ତ ଡ୍ରାଇଭରକୁ ଗିରଫ କରିବା ସହିତ ଅନ୍ୟାନ୍ୟ ଦୁର୍ବୃତ୍ତମାନଙ୍କୁ ଗିରଫ କରିବା ନେଇ ଚଢ଼ଉ ଆରମ୍ଭ କରିଛନ୍ତି।

# ଦିବ୍ୟାଙ୍ଗ ବାଳକଙ୍କ ଚିକିତ୍ସା ପାଇଁ ପ୍ରଶାସନର ଆର୍ଥିକ ସହାୟତା



ରାୟଗଡ଼ା,୧।୧୨(ସମିସ): କୌଣସି ଏକ ସ୍ୱାସ୍ଥ୍ୟଗତ ସମସ୍ୟା ଯୋଗୁଁ ପିଠି ଏବଂ ମେରୁଦଣ୍ଡରେ ମାଂସ ବଢ଼ିଥିବା କାରଣରୁ ୧୩ବର୍ଷର ଚନ୍ଦନ କିଲାକା ଦିବ୍ୟାଙ୍ଗ ପାଲଟି ଯାଇଛି। ଫଳରେ ସେ ଠିକ୍ ଭାବେ ଚାଲିପାରୁନାହିଁ। ଚନ୍ଦନଙ୍କୁ ତାଙ୍କ ବାପା ବୋହିକି ନେବାଆଣିବା କରନ୍ତି। ତେବେ ଗତ ଦିନରେ ଭୁବନେଶ୍ୱର ସ୍ଥିତ ଏମସ ହସ୍ପିଟାଲରେ ପୁଅର ଉଚ୍ଚ ଚିକିତ୍ସା ପାଇଁ ଡାକ୍ତରଙ୍କୁ ଦେଖାଇଥିଲେ। ଡାକ୍ତରଙ୍କ ପରାମର୍ଶ ଅନୁଯାୟୀ ଚଳିତ ଡିସେମ୍ବର ମାସରେ ପୁଅକୁ ଚିକିତ୍ସା କରାଇବେ। ହେଲେ ଆର୍ଥିକ ଅନଟନ କାରଣରୁ ଗରିବ ବାପା ଏନେଇ ଆର୍ଥିକ ସହାୟତା ପାଇଁ ଆଜି ଜିଲ୍ଲା ପ୍ରଶାସନର ଦ୍ୱାରସ୍ଥ ହୋଇଥିଲେ। ରାୟଗଡ଼ା ସଦର ବ୍ଲକ ବୈରାଗିହାଲୁଆ ପଞ୍ଚାୟତର ବ୍ରାହ୍ମଣହାଲୁଆ ଗାଁର ତୁମନାଥ କିଲାକା ସୋମବାର ଜିଲାପାଳଙ୍କ ଯୁଗ୍ମ ଅଭିଯୋଗ ଶୁଣାଣିରେ ପୁଅକୁ ନେଇ ଆର୍ଥିକ ସହାୟତା ପାଇଁ ଜିଲ୍ଲାପାଳ ଆଶୁତୋଷ କୁଲକର୍ଣ୍ଣିଙ୍କ ଦ୍ୱାରସ୍ଥ ହୋଇଥିଲେ। ଜିଲ୍ଲାପାଳ କୁଲକର୍ଣ୍ଣି ମୁଖ୍ୟମନ୍ତ୍ରୀ ସହାୟତା ପାଣ୍ଠିରୁ ୧୦ହଜାର ଟଙ୍କାର ସହାୟତା ଦେଇଥିଲେ। ଆଗାମୀ ଦିନରେ ଜିଲ୍ଲା ପ୍ରଶାସନ ଚିକିତ୍ସା ପାଇଁ ସମସ୍ତ ସହାୟତା ଯୋଗାଇବେ ବୋଲି ଜିଲ୍ଲାପାଳ ପ୍ରତିଶୃତି ଦେଇଥିବା ଚନ୍ଦନ ଓ ତାଙ୍କ ବାପାଙ୍କ ସାଥିରେ ଆସିଥିବା ରାୟଗଡ଼ା ଭିନ୍ନକ୍ଷମ ମହାସଂଘ ସମ୍ପାଦକ ଅମର ନାଥ ପ୍ରକାଶ କରିଛନ୍ତି।

# ବିଶ୍ୱ ଏଡସ୍ ଦିବସରେ ସଚେତନତା ରାଲି

ରାୟଗଡ଼ା,୧।୧୨(ସମିସ): ବିଶ୍ୱ ଏଡସ୍ ଦିବସ ୨୦୨୫ ଉପଲକ୍ଷେ ସେଞ୍ଚୁରିଆନ ୟୁନିଭର୍ସିଟି ଅଫ୍ ଟେକ୍ନୋଲୋଜି ଆଣ୍ଡ ମ୍ୟାନେଜମେଣ୍ଟ, ରାୟଗଡାର ନର୍ସିଙ୍ଗ ବିଭାଗ ପକ୍ଷରୁ ଏକ ସଚେତନତା ରାଲି ଓ ସ୍ୱାସ୍ଥ୍ୟ ଶିକ୍ଷା କାର୍ଯ୍ୟକ୍ରମ ଆୟୋଜନ କରାଯାଇଥିଲା। ଏଥିରେ ପ୍ରାୟ ୧୫୦ ଜଣ ଛାତ୍ରଛାତ୍ରୀ ଉତ୍ସାହୀ ଭାବରେ ଅଂଶଗ୍ରହଣ କରି ଜନ ସଚେତନତା ସୃଷ୍ଟିରେ ସହଯୋଗ କରିଥିଲେ। ଶୋଭାଯାତ୍ରାଟି ଗଜପତି ଛକରୁ ଆରମ୍ଭ ହୋଇ ଇନ୍ଦିରା ନଗର, ରିଙ୍ଗ୍ ରୋଡ୍ ପର୍ଯ୍ୟନ୍ତ ପ୍ରାୟ ୨ କିଲୋମିଟର ଦୂରତା ଅତିକ୍ରମ କରିଥିଲା। ଏହି ସମୟରେ ଛାତ୍ରଛାତ୍ରୀମାନେ ଏଚଆଇଭି/ଏଡସ୍ ସଚେତନତା, ଭ୍ରାନ୍ତି ନିରସନ ଓ ପ୍ରତିରୋଧକ ଉପାୟ ବିଷୟରେ ସ୍ଲୋଗାନ୍ ମାଧ୍ୟମରେ ଜନସାଧାରଣଙ୍କୁ ଜାଗୃତ କରିଥିଲେ। ଇନ୍ଦିରାନଗର ଛକ ନିକଟରେ ପ୍ରତୀକାତ୍ମକ ମାନବଶୃଙ୍ଖଳ ଗଠନ କରାଯାଇଥିଲା, ଯାହା ବିଶ୍ୱ ମାନବୀୟ ସମର୍ଥନକୁ ପ୍ରତିନିଧିତ୍ୱ କରିଥିଲା। ରାଲି ପରେ ଆୟୋଜିତ ସ୍ୱାସ୍ଥ୍ୟ ଶିକ୍ଷା ସମ୍ମିଳନୀରେ ପ୍ରତିରୋଧକ ଉପାୟ, ଝୁମ୍ପକ କାରଣ ଚିହ୍ନଟ, ଏବଂ ନିରାପଦ ବ୍ୟବହାର ମାନକ ଉପରେ ବିସ୍ତୃତ ଆଲୋଚନା ହୋଇଥିଲା। କାର୍ଯ୍ୟକ୍ରମଟିକୁ ସାମାଜିକ କର୍ମୀ ଉଷାରାଣୀ ମିଶ୍ରଙ୍କ ଦ୍ୱାରା ସବୁଜ ପତାକା ଦେଖାଇ ଉଦ୍‌ଘାଟନ କରାଯାଇଥିଲା। ସମଗ୍ର ପ୍ରୟାସଟି ୟୁନିଭର୍ସିଟି ନିର୍ଦ୍ଦେଶକ ଡ଼. ରାଜେଶ କୁମାର ପାଢୀଙ୍କ ନେତୃତ୍ୱ ଓ ପରାମର୍ଶରେ ସଫଳ ହୋଇଥିଲା। ନର୍ସିଙ୍ଗ ବିଭାଗର ଅଧକ୍ଷ ଏବଂ ଶିକ୍ଷକମଣ୍ଡଳୀ ସକ୍ରିୟ ଅଂଶଗ୍ରହଣ କରି ବିଭାଗର ସ୍ୱାସ୍ଥ୍ୟ ସଚେତନତା ଓ ଛାତ୍ର ସଂଲଗ୍ନତା ପ୍ରତି ପ୍ରତିବଦ୍ଧତାକୁ ପ୍ରକାଶ କରିଥିଲେ।





■ ପଞ୍ଚାୟତସ୍ତରୀୟ ଅଭିଯୋଗ ଶୁଣାଣି କାର୍ଯ୍ୟକ୍ରମ

# ସାନକାନ୍ଦୁଲପଡ଼ା ଗାଁ ବୁଲି ସ୍ଥିତି ଅନୁଧାନ କଲେ ବିଡିଓ



ମୁନିଗୁଡା,୧।୧୨(ସମିସ): ସରଧାପୁର ପଞ୍ଚାୟତରେ ପଞ୍ଚାୟତସ୍ତରୀୟ ଅଭିଯୋଗ ଶୁଣାଣି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିବା ବେଳେ ଉପାନ୍ତ ସାନକାନ୍ଦୁଲପଡା, ଓ କାଟି ଖୋଲା ଗ୍ରାମ ବୁଲି ସ୍ଥିତି ଅନୁଧାନ କଲେ ମୁନିଗୁଡା ଗୋଷ୍ଠୀ ଉନ୍ନୟନ ଅଧିକାରୀ କୃଷ୍ଣଚନ୍ଦ୍ର ଦଳପତି। ଅଭିଯୋଗ ଶୁଣାଣି କାର୍ଯ୍ୟକ୍ରମରେ ଆଠଟି ଅଭିଯୋଗ ଶୁଣିଥିଲେ ବିଡ଼ିଓ। ଉକ୍ତ ଗ୍ରାମକୁ ଭଲ ରାସ୍ତା ନଥିବା ବେଳେ ଟେଲିଫୋନ ଟାୱାର ନାହିଁ, ଗ୍ରାମରେ ସମସ୍ତେ ଜନଜାତି ବର୍ଗର ଲୋକ ବସବାସ କରୁଥିବା ବେଳେ ରାସ୍ତା ଘାଟ, ବିଶୁଦ୍ଧ ପାନୀୟ ଜଳ, ବିଦ୍ୟୁତ ଆଲୁଅ ଭଳି ମୌଳିକ ସମସ୍ୟାରୁ ବଞ୍ଚିତ ରହୁଛନ୍ତି। ଗ୍ରାମବାସୀଙ୍କ ବିଭିନ୍ନ ସମସ୍ୟା ସମ୍ପର୍କରେ ଜାଣିବା ପାଇଁ ମୁନିଗୁଡା ବିଡ଼ିଓ ଶ୍ରୀ ଦଳପତିଙ୍କ ସମେତ ଯନ୍ତ୍ରୀ ସଞ୍ଜୀମ କୁମାର ନାୟକ, ପଞ୍ଚାୟତ ନିର୍ବାହୀ ଅଧିକାରୀ ମାଧବ ମହାନନ୍ଦିଆ, ଏଡିଓ ସନ୍ତୋଷ କୁମାର ନାୟକ ପ୍ରମୁଖ ଦୀର୍ଘ ସାତ କିଲୋମିଟର ଉକ୍ତ ଗ୍ରାମକୁ ଜାଇ ଗାଁ ଲୋକଙ୍କ ସମସ୍ୟା ସମ୍ପର୍କରେ ଅବଗତ ହୋଇଥିଲେ। ଉକ୍ତ ଗ୍ରାମକୁ ବର୍ତ୍ତମାନ ମହାମାଗାନ୍ଧୀ ନିଶ୍ଚିନ୍ତ କର୍ମ ନିଯୁକ୍ତି ଯୋଜନାରେ ରାସ୍ତା ନିର୍ମାଣ ଆରମ୍ଭ କରାଯାଇଥିବା ବେଳେ ସେଠାକର ବାସିନ୍ଦାଙ୍କ ଆଧାର କାର୍ଡ, ଶ୍ରମିକ କାର୍ଡ, ଜବ କାର୍ଡ ସହ ଘର ଡିହ ପଟା, ରେସିଡେଣ୍ଟ, ଜାତି ପ୍ରମାଣ ପତ୍ର, ଜନ୍ମ ଓ ମୃତ୍ୟୁ ପ୍ରମାଣପତ୍ର ଯୋଗାଇ ଦେବାକୁ ବିଡିଓ ପ୍ରତିଶ୍ରୁତି ଦେଇଥିବା ଜଣାପଡିଛି। ଏହି ସମୟରେ ସ୍ଥାନୀୟ ସରପଞ୍ଚ ଅଭିମନ୍ୟୁ ବାଗ, ସରଧାପୁର ପଞ୍ଚାୟତ ସ୍ତରୀୟ ନେତା କନ୍ଦ ବିଭାରଙ୍କ ସମେତ ୱାର୍ଡ ମେମ୍ବର ମାନେ ଉପସ୍ଥିତ ରହି ସହଯୋଗ କରିଥିଲେ।

# ବାଇକ୍ ଦୁର୍ଘଟଣାରେ ଯୁବ କର୍ମଚାରୀଙ୍କ ମୃତ୍ୟୁ

ନନ୍ଦପୁର, ୧।୧୨ (ସମିସ): କୋରାପୁଟ ଜିଲ୍ଲା ଲମତାପୁଟ ବ୍ଲକ କର୍ମଚାରୀଙ୍କ ଚିକିତ୍ସାଧୀନ ଅବସ୍ଥାରେ ମୃତ୍ୟୁ ଘଟିଛି। ଗତ ଶନିବାର ଦିନ ବାଇକ୍ ଭାରସାମ୍ୟ ହରାଇ ଗଛରେ ପିଟି ଦୁର୍ଘଟଣା ଘଟିଥିବା ବେଳେ ସୋମବାର ମଧ୍ୟାହ୍ନରେ ଚିକିତ୍ସାଧୀନ ଅବସ୍ଥାରେ ମୃତ୍ୟୁ ହୋଇଥିବା ଜଣାପଡିଛି। ସୂଚିତ ଯେ କୋରପୁଟ ଜିଲ୍ଲା ଲମତା ପୁଟ ବ୍ଲକ୍‌ର ଜଣେ ଯୁବ କର୍ମଚାରୀ ଗତ ରବିବାର ଦିନ ସନ୍ଧ୍ୟା ସମୟରେ ନିଜ ବାଇକରେ ଲମତାପୁଟ ଆସୁ ଥିବା ସମୟରେ କାଡାମ ଛକ ନିକଟରେ ଭାରସାମ୍ୟ ହରାଇ ଏକ ଗଛରେ ବାଇକ ପିଟି ହୋଇ ଦୁର୍ଘଟଣା ଘଟି ଗୁରୁତର ହୋଇଥିବା ବେଳେ ଲମତାପୁଟ ପୁଲିସ ସ୍ଥାନୀୟ ଯୁବକମାନେ ପହଞ୍ଚି ଦୁର୍ଘଟଣା ଗ୍ରସ୍ତ ଯୁବକଙ୍କୁ ଉଦ୍ଧାର ପ୍ରଥମେ ଲମତାପୁଟ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା । ସେଠାରେ ପ୍ରାଥମିକ ଚିକିତ୍ସା ପରେ କୋରାପୁଟ ଡାକ୍ତରଖାନାକୁ ଅଧିକ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଇଥିଲା। ପରେ ସ୍ୱାସ୍ଥ୍ୟ ଅବସ୍ଥା ଗୁରୁତର ହେବାରୁ ପଡୋଶୀ ଆନ୍ଧ୍ର ପ୍ରଦେଶର ବିଶାଖାପାଟଣାର ଏକ ଘରୋଇ ମେଡ଼ିକାଲରେ ଚିକିତ୍ସା ପାଇଁ ଭର୍ତ୍ତି କରାଯାଇଥିଲା। ସୋମବାର ୪ଟା ସମୟରେ ମୃତ୍ୟୁ ହୋଇଥିବା ଖବର ମିଳିଛି। ଏହି ଦୁଃଖଦ ଖବର ନନ୍ଦପୁର ସମେତ ଲମତାପୁଟ ବ୍ଲକ୍‌ରେ ଶୋକର ଛାୟା ଖେଳି ଯାଇଥିବା ବେଳେ ଭାଙ୍ଗି ପଡ଼ିଛନ୍ତି ପରିବାର ବର୍ଗ। ମୃତ ଯୁବକ ଜଣଙ୍କ ନନ୍ଦପୁର ବ୍ଲକର ଅବସରପ୍ରାପ୍ତ ଶିକ୍ଷକ ଶଙ୍କର ପଣ୍ଡାଙ୍କ ପୁତ୍ର ଦେବାଶିଷ ପଣ୍ଡା ବୋଲି ଜଣାପଡ଼ିଛି।

# ଚୋରା ମଦ ସହ ଜଣେ ଗିରଫ

କୋଷାଗୁମୁଡ଼ା,୧।୧୨(ସମିସ): ନବରଙ୍ଗପୁର ଜିଲ୍ଲା ଅବକାରୀ ଅଧୀକ୍ଷକ ପ୍ରତାପ ଦାସ ଓ ଜିଲ୍ଲାପାଳ ମହେଶ୍ୱର ସ୍ୱାଇଁଙ୍କ ନିର୍ଦ୍ଦେଶ କ୍ରମେ ଶୁକ୍ରବାର ଦିନ କୋଡ଼ିଙ୍ଗା ଅବକାରୀ ଦୋଳ କୋଷାଗୁମୁଡା ଥାନା ଅନ୍ତର୍ଗତ କେର୍ଲା ଗ୍ରାମର ଜଣେ ବ୍ୟକ୍ତି ବାଇକ ଦ୍ୱାରା ଦେଶୀ ମଦ ଚୋରା ଚାଲାଣ ବେଳେ ଧରାପଡ଼ିଛି। ଏହି ଚଢ଼ଉରେ କୋଡ଼ିଙ୍ଗା ଅବକାରୀ ଓଆଇସି ଦେଶରାଜ ସୁନା, ଏଏସଆଇ ହାଲଦାର ଜାନି ,ରମେଶ ପ୍ରଧାନ ଓ କାଳୀମଣୀ ମୁଦୁଲି ସାମିଲ ଥିଲେ। ରାଜୋଡା ନିକଟରୁ ଏହି ଚୋରା ଚାଲାଣ କାରୀ ପ୍ରେମନାଥ ବିଶୋଇଙ୍କ ଠାରୁ ହିରୋ ବାଇକ୍ ସହ ପ୍ରାୟ ୪୦ ଲିଟର ଦେଶୀ ମଦ ଜବତ କରିବାରେ ସଫଳ ହୋଇଥିଲେ। ତାଙ୍କୁ ନବରଙ୍ଗପୁର କୋର୍ଟଚାଲାଣ କରାଯାଇଥିବା କୋଡ଼ିଙ୍ଗା ଅବକାରୀ ଓଆଇସି-ଦେଶୀରାଜ ସୁନା ସୂଚନା ଦେଇଛନ୍ତି।

ନନ୍ଦପୁର ବ୍ଲକ୍‌ସ୍ତରୀୟ ଲୋକ ମହୋତ୍ସବ
‘ପରବ-୨୦୨୫’
ଉପଲକ୍ଷେ ବ୍ଲକ୍‌ର ସମସ୍ତ ଜନସାଧାରଣଙ୍କୁ
ଅଭିନନ୍ଦନ ଓ ଶୁଭକାମନା







ସାବିତ୍ରୀ କାର୍ତ୍ତୁଲ
ଅଧକ୍ଷା
ଦୁର୍ଗା ପ୍ରସାଦ ଦୋରା
ବିଡ଼ିଓ
ଜଗବନ୍ଧୁ ଚେଟି
ସରପଂଚ ସଂଘ ସଭାପତି





ଗୋଷ୍ଠି ଉନ୍ନୟନ ଅଧିକାରୀ
କାଲିମେଳା ଏବଂ ସମସ୍ତ କର୍ମଚାରୀଙ୍କ
ପକ୍ଷରୁ କାଲିମେଳା ବ୍ଲକ ସ୍ତରୀୟ
ମାଲ୍ୟବନ୍ତ ମହୋତ୍ସବର ହାର୍ଦ୍ଦିକ
ଶୁଭେଚ୍ଛା ଓ ଶୁଭକାମନା

● ସ୍ଥାୟୀ ତହସିଲଦାର ନିଯୁକ୍ତି ଦାବି

## ତହସିଲ କାର୍ଯ୍ୟାଳୟ ଆଗରେ କଂଗ୍ରେସର ଧାରଣା



କାଶୀପୁର, ୧।୧୨(ସମିସ): ରାୟଗଡ଼ା ଜିଲ୍ଲା କାଶୀପୁର ତହସିଲ କାର୍ଯ୍ୟାଳୟ ସମ୍ମୁଖରେ ସ୍ଥାୟୀ ତହସିଲଦାର ନିଯୁକ୍ତି ନେଇ କାଶୀପୁର ବ୍ଲକ କଂଗ୍ରେସ ଦଳ ପକ୍ଷରୁ କାଶୀପୁର ତହସିଲ କାର୍ଯ୍ୟାଳୟ ଘେରାଉ କରାଯିବା ସହ ତହସିଲ କାର୍ଯ୍ୟାଳୟ ସମ୍ମୁଖରେ ଧାରଣାଦିଆଯାଇଛି। ଏକ ମାସ ତଳେ କାଶୀପୁର ତହସିଲଦାର ଏବଂ ଅତିରିକ୍ତ ତହସିଲଦାରଙ୍କ ବଦଳି ପରେ ବର୍ତ୍ତମାନ ସୁଦ୍ଧା ସ୍ଥାୟୀ ତହସିଲଦାର କିମ୍ବା ଅତିରିକ୍ତ ତହସିଲଦାରଙ୍କ ନିଯୁକ୍ତି ହୋଇନଥିବାରୁ ସ୍ଥାନିୟ ଜନସାଧାରଣଙ୍କ ଠାରୁ ଆରମ୍ଭ କରି ଛାତ୍ରଛାତ୍ରୀ ମାନେ ନାହିଁନଥିବା ଅସୁବିଧାର ସମ୍ମୁଖିନ ହେଉଛନ୍ତି। ଫଳରେ ତହସିଲ କାର୍ଯ୍ୟାଳୟର କୌଣସି କାର୍ଯ୍ୟ ହୋଇପାରୁନାହିଁ। ବାରମ୍ବାର ଦାବିପରେ ମଧ୍ୟ ସରକାର କିମ୍ବା ପ୍ରଶାସନ କୌଣସି ତହସିଲଦାର କିମ୍ବା ଅତିରିକ୍ତ ତହସିଲଦାର ନିଯୁକ୍ତି ପ୍ରଦାନ କରିନଥିବାରୁ ଆଜି କଂଗ୍ରେସ ଦଳ ପକ୍ଷରୁ ସ୍ଥାୟୀ ତହସିଲଦାର ନିଯୁକ୍ତି ନହେବା ପର୍ଯ୍ୟନ୍ତ ଧାରଣା ଦିଆଯିବ ବୋଲି ପ୍ରକାଶ କରିଛନ୍ତି। ଏହି ଧାରଣାକୁ କାଶୀପୁର ବାର ଆସୋସିଏସନ ମଧ୍ୟ ସମର୍ଥନ ଜଣାଇ ଧାରଣାରେ ସାମିଲ ହୋଇଛନ୍ତି।

## ଭୃଗୁ ବକ୍ସିପାତ୍ରଙ୍କୁ ସ୍ୱାଗତ ସମ୍ବର୍ଦ୍ଧନା



ରାୟଗଡ଼ା,୧।୧୨(ସମିସ): ରାୟଗଡ଼ା ସହର ସ୍ଥିତ ସ୍ଥାନୀୟ ନ୍ୟୁ ଟାଉନ୍ ପୂଜା କମିଟି କମ୍ୟୁନିଟି ହଲରେ ସୋମବାର ଦିନ ଉତ୍କଳ ସମ୍ମିଳନୀ ରାୟଗଡ଼ା ଜିଲ୍ଲା ଶାଖା ତରଫରୁ ଏକ ସ୍ୱତନ୍ତ୍ର ସଭାରେ ବିଜେଡିର ବରିଷ୍ଠ ନେତା ତଥା ସମ୍ମିଳନୀର ବରିଷ୍ଠ ସଭ୍ୟ ଭୃଗୁ ବକ୍ସିପାତ୍ରଙ୍କୁ ସମ୍ବର୍ଦ୍ଧନା ଦିଆଯାଇଥିଲା। ଏହି ଉତ୍ସବର ଅଧ୍ୟକ୍ଷତା ଉତ୍କଳ ସମ୍ମିଳନୀ ରାୟଗଡ଼ାଜିଲ୍ଲା ସଭାପତି ବ୍ରଜ ସୁନ୍ଦର ନାୟକ କରିଥିଲେ। ସମ୍ପାଦକ ବିନାୟକ କର ସ୍ୱାଗତ ଭାଷଣ ଦେଇଥିଲେ। ମୁଖ୍ୟ ଅତିଥି ଶ୍ରୀ ବକ୍ସିପାତ୍ର ଉତ୍କଳ ସମ୍ମିଳନୀ ଗଠନ କରିବାର କାରଣ ଏବଂ ଆସନ୍ତା ଦିନ ମାନଙ୍କରେ ଏହି ଅନୁଷ୍ଠାନ କେଉଁ କେଉଁ ଦିଗରେ କାର୍ଯ୍ୟକ୍ରମ କରିବ ତାହା ଉପରେ ଆଲୋକପାତ କରିଥିଲେ। ଏଥିରେ ସହରର ବରିଷ୍ଠ ଓକିଲ, ଶିକ୍ଷାବିତ୍, ସମାଜସେବୀ, ବ୍ୟବସାୟୀ, ଶିକ୍ଷକ ଓ ସାମ୍ବାଦିକ ମାନେ ଯୋଗ ଦେଇଥିଲେ। ଶେଷରେ ସଭ୍ୟ ଶିବ ପ୍ରସାଦ ମିଶ୍ର ଧନ୍ୟବାଦ ଅର୍ପଣ କରିଥିଲେ।

## ଜିଲ୍ଲାପାଳଙ୍କ ଯୁଗ୍ମ ଅଭିଯୋଗ ଶୁଣାଣି



ରାୟଗଡା,୧।୧୨(ସମିସ): ରାୟଗଡ଼ା ଜିଲ୍ଲା ପ୍ରଶାସନ ତରଫରୁ ଜିଲ୍ଲା ସଦର ମହକୁମା ସ୍ଥିତ ଜିଲ୍ଲା ପରିଷଦ ସଦ୍‌ଭାବନା ସଭାଗୃହ ଠାରେ ଆଜି ଜିଲ୍ଲାପାଳଙ୍କ ଯୁଗ୍ମ ଅଭିଯୋଗ ଶୁଣାଣି ଅନୁଷ୍ଠିତ ହୋଇଯାଇଛି। ରାୟଗଡା ଜିଲ୍ଲାପାଳ ଆଶୁତୋଷ କୁଲକର୍ଣ୍ଣିଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଶୁଣାଣି ଶିବିରରେ ଆରକ୍ଷୀ ଅଧିକ୍ଷକ ସ୍ୱତି ଏସ. କୁମାର, ଖଣ୍ଡିୟ ବନ ଅଧିକାରୀ ସଚିନ ଆନ୍ନା ସାହେବ ଓହଲେ, ଜିଲ୍ଲା ମୁଖ୍ୟ ଉନ୍ନୟନ ତଥା ନିର୍ବାହୀ ଅଧିକାରୀ ଅକ୍ଷୟ କୁମାର ଖେମୁଣ୍ଡୁ,ଉପ ଜିଲ୍ଲାପାଳ ରମେଶ କୁମାର ଜେନା,ଜିଲ୍ଲା ମୁଖ୍ୟ ଚିକିତ୍ସା ତଥା ଜନସ୍ୱାସ୍ଥ୍ୟ ଅଧିକାରୀ ଡାକ୍ତର ସରୋଜିନୀ ଦେବୀ, ପ୍ରକଳ୍ପ ପ୍ରଶାସକ ଆଇଟିଡ଼ିଏ ଚନ୍ଦ୍ରକାନ୍ତ ମାଝୀ ଉପସ୍ଥିତ ରହି ଜନସାଧାରଣଙ୍କ ବିଭିନ୍ନ ଅଭିଯୋଗ ଶୁଣାଣି କରିଥିଲେ। ଆଜି ମୋଟ ୭୩ ଟି ଅଭିଯୋଗ ଜିଲ୍ଲାପାଳଙ୍କ ପାଖକୁ ଆସିଥିଲା। ସେଥି ମଧ୍ୟରୁ ୪୦ଟି ବ୍ୟକ୍ତିଗତ ଓ ୨୩ ଗ୍ରାମବାସୀ ମାନଙ୍କର ସାମୂହିକ ଅଭିଯୋଗ ଥିଲା। ସେହିପରି ଅନ୍ୟ ଦଶଟି ସ୍ୱାସ୍ଥ୍ୟ ସମସ୍ୟା ଅଭିଯୋଗ ମଧ୍ୟରୁ ୨ ଜଣକୁ ୨୦ ହଜାର ଟଙ୍କା ଜିଲ୍ଲା ରେଡକ୍ରସ ଫଣ୍ଡରୁ ଏବଂ ୮ ଜଣକୁ ମୁଖ୍ୟମନ୍ତ୍ରୀ ସହାୟତା କୋଷରୁ ୧ଲକ୍ଷ ୨୦ ହଜାର ଟଙ୍କା ଆର୍ଥିକ ସାହାଯ୍ୟ ପ୍ରଦାନ କରିଥିଲେ। ଜିଲ୍ଲାପାଳ ଆଜିର ଅଭିଯୋଗ ଗୁଡିକୁ ପାଇଲା ପରେ ବିଭାଗୀୟ ଅଧିକାରୀ ମାନଙ୍କୁ ତୁରନ୍ତ ଫଇସଲା ନିମନ୍ତେ ନିର୍ଦ୍ଦେଶ ଦେଇଥିଲେ। ଏହି ଶିବିରରେ ଜିଲ୍ଲା ମଙ୍ଗଳ ଅଧିକାରୀ ଆସିମା ରାଓ,ବିଡ଼ିଓ, ରାୟଗଡା ସୁଜିତ ମିଶ୍ର, ଜିଲ୍ଲା ସମାଜ କଲ୍ୟାଣ ଅଧିକାରୀ, ଶ୍ରୀମତୀ ମିନତି ଦେଓ, ପୌର ନିର୍ବାହୀ ଅଧିକାରୀ କୁମାର କୁଲଦୀପ, ଅବକାରୀ ଅଧିକ୍ଷକ ସନ୍ତୋଷ କୁମାର ଧଳ ସାମନ୍ତ, ଜିଲ୍ଲା ଶିକ୍ଷା ଅଧିକାରୀ ରାମ ନାହାକ,ଜିଲ୍ଲା ଭାରପ୍ରାପ୍ତ ସାମାଜିକ ସୁରକ୍ଷା ଅଧିକାରୀ ଶ୍ରୀକାନ୍ତ ପାଣିଗ୍ରାହୀ,ଗ୍ରାମ୍ୟ ନିର୍ମାଣ ବିଭାଗ ନିର୍ବାହୀ ଯନ୍ତ୍ରୀ, ଗ୍ରାମ୍ୟ ଜଳ ଯୋଗାଣ ନିର୍ବାହୀ ଯନ୍ତ୍ରୀ, ଜିଲ୍ଲା ମୁଖ୍ୟ କୃଷି ଅଧିକାରୀ ଓ ଅନ୍ୟାନ୍ୟ ଜିଲ୍ଲାସ୍ତରୀୟ ବିଭିନ୍ନ ବିଭାଗୀୟ ଅଧିକାରୀ ଯୋଗଦାନ କରିଥିଲେ।

### କୋଷାଗୁମୁଡ଼ା ବ୍ଲକରେ ପ୍ରେସର କୁକର ଫାଟି ଛାତ୍ର ଗୁରୁତର

# ବିଧାନସଭାରେ ଗଭୀର ଉଦ୍‌ବେଗ ପ୍ରକାଶ କଲା ବିଜେଡି

ଭୁବନେଶ୍ୱର,୧।୧୨(ସମିସ):

ନବରଙ୍ଗପୁର ଜିଲ୍ଲା କୋଷାଗୁମୁଡ଼ା ବ୍ଲକ କେ.ସେମଳା ଗାଁର ଏକ ସ୍କୁଲ ହଷ୍ଟେଲରେ ପ୍ରେସର କୁକର ଫାଟି ଜଣେ ଛାତ୍ର ଗୁରୁତର ହେବା ଘଟଣାକୁ ନେଇ ସୋମବାର ବିଧାନସଭାରେ ଗଭୀର ଉଦବେଗ ପ୍ରକାଶ ପାଇଛି। ଛାତ୍ରଟି ଆହତ ହେବା ପରେ ତାଙ୍କୁ ସଙ୍ଗେ ସଙ୍ଗେ ଡାକ୍ତରଖାନାକୁ ନିଆନଯିବା ଏବଂ ଏପରି ଅଭାବନୀୟ ସ୍ଥିତି କିପରି ଘଟିଲା ତାହାକୁ ନେଇ ବିଜେଡିର ବିଧାୟକମାନେ କ୍ଷୋଭ ପ୍ରକାଶ କରିଥିଲେ। ଏହାର ଉଚ୍ଚସ୍ତରୀୟ ତଦନ୍ତ କରାଯାଇ ଦୋଷୀଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ବିଧାୟକମାନେ ଦାବି ରଖିଥିଲେ। ଅପରପକ୍ଷେ ବିଜେଡିର ଅଭିଯୋଗ ଉପରେ ପାଲଟା ଅଭିଯୋଗ ଆଣିଥିଲେ ନବରଙ୍ଗପୁର ବିଜେପି ବିଧାୟକ ଗୌରୀ ଶଙ୍କର ମାଝୀ। ଏପରି ଦୁଃଖଦପୂର୍ଣ୍ଣ ଘଟଣାରେ ଆମ ପିଲାମାନଙ୍କୁ ନେଇ ବିରୋଧୀ ରାଜନୀତି କରୁଛନ୍ତି ବୋଲି ସେ ଯୁକ୍ତି ବାଢ଼ିଥିଲେ। ଆଜି ଶୂନ୍ୟକାଳରେ ପ୍ରଥମେ ଉପରୋକ୍ତ ପ୍ରସଙ୍ଗ ଉଠାଇଥିଲେ ବିଜେଡି ବିଧାୟକ ରମେଶ ଚନ୍ଦ୍ର ବେହେରା। ସେ କହିଥିଲେ ଯେ ଉକ୍ତ ଛାତ୍ରାବାସରେ ରୋଷେୟାଠାରୁ ଆରମ୍ଭ କରି ୱାର୍ଡେନ, ପ୍ରଧାନ ଶିକ୍ଷକ ପର୍ଯ୍ୟନ୍ତ ସମସ୍ତେ ଥିଲେ। ମାତ୍ର ଏତେ ସବୁ ପରେ ପିଲାଟି କେମିତି ରୋଷେଇ

▶ ଘଟଣାର ଉଚ୍ଚସ୍ତରୀୟ ତଦନ୍ତ ସହ ଦୃଢ଼ କାର୍ଯ୍ୟାନୁଷ୍ଠାନ ଦାବି
▶ ଅନ୍ୱେଷା ଯୋଜନା ବନ୍ଦ ଉଦ୍ୟମକୁ ନେଇ କ୍ଷୋଭ
▶ ବିଜେପି ବିଧାୟକ କହିଲେ, ପିଲାଙ୍କୁ ନେଇ ରାଜନୀତି କରନ୍ତୁନି

ହେଉଥିବା ସ୍ଥାନକୁ ଗଲା ତାହା ପ୍ରଶ୍ନବାଚୀ ସୃଷ୍ଟି କରୁଛି। କେଉଁ ପରିସ୍ଥିତିରେ ଏପରି ଘଟଣା ଘଟିଲା, ତାହାର ପୁଙ୍ଖନାପୁଙ୍ଖ ତଦନ୍ତ ହେବାର ଆବଶ୍ୟକତା ରହିଛି। ବିଧାୟକ ପ୍ରଦୀପ ଦିଶାରୀ କହିଥିଲେ ଯେ ବିଭିନ୍ନ ସୂତ୍ରରୁ ଶୁଣିବାକୁ ମିଳୁଛି ଯେ ଉକ୍ତ ହଷ୍ଟେଲରେ କର୍ମଚାରୀଙ୍କ ଦରମା ବନ୍ଦ ଅଛି। ଅନ୍ୱେଷା ଯୋଜନା ବନ୍ଦ କରିବାକୁ ସରକାର ଉଦ୍ୟମ କରୁଥିବା ବେଳେ ଏପରି ସ୍ପର୍ଶକାତର ଘଟଣାଟି ଘଟିବା ଦୁର୍ଭାଗ୍ୟଜନକ। ବିଧାୟକ ଧ୍ରୁବଚରଣ ସାହୁ କହିଥିଲେ ଯେ ଏତେ ଛୋଟ ପିଲା ପ୍ରେସର କୁକର ପାଖକୁ କେମିତି ଗଲା ଏବଂ ସେଠି ଅନ୍ୟମାନେ କଣ କରୁଥିଲେ ତାହାର ତଦନ୍ତ ହେବାର ଆବଶ୍ୟକତା ରହିଛି। ଘଟଣାରେ ଉଚ୍ଚସ୍ତରୀୟ ତଦନ୍ତ ହୋଇ ଦୋଷୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ନେବା ପାଇଁ ସେ ଦାବି କରିଥିଲେ। ବିଧାୟକ ଗୌତମବୁଦ୍ଧ ଦାସ କ୍ଷୋଭ ପ୍ରକାଶ କରି କହିଥିଲେ ଯେ ରାଜ୍ୟରେ ଆଦିବାସୀ ମୁଖ୍ୟମନ୍ତ୍ରୀ ଏବଂ ଶିକ୍ଷା ମନ୍ତ୍ରୀ ଥିବା କାରଣରୁ ଆଦିବାସୀ ପିଲାଙ୍କୁ ଉନ୍ନତନ ସୁରକ୍ଷା ଏବଂ ଶିକ୍ଷା ମିଳିବ ବୋଲି ସମସ୍ତେ ଆଶା ରଖିଥିଲେ। ମାତ୍ର ସରକାର ଅନ୍ୱେଷା ଯୋଜନାକୁ ବନ୍ଦ କରିବାକୁ ଉଦ୍ୟମ କରୁଥିବା ବେଳେ ଏହି ଦୁର୍ଘଟଣା ଏହାର ପରିଣତି ନୁହେଁ ତ ବୋଲି ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି ହେଲାଣି। ଆଦିବାସୀ ପିଲାଙ୍କ ପ୍ରତି ସରକାରଙ୍କର ଏତେ ବୈମାତୃକ ମନୋଭାବ କାହିଁକି ବୋଲି ସେ ପ୍ରଶ୍ନ କରିଥିଲେ।

ଏପଟେ ସମାନ ଶୂନ୍ୟକାଳରେ ଉପରୋକ୍ତ ପ୍ରସଙ୍ଗରେ ମତ ରଖିଥିଲେ ବିଜେପି ବିଧାୟକ ଗୌରୀଶଙ୍କର ମାଝୀ। ବିଜେଡି ନେତା ପ୍ରଦୀପ ମାଝୀଙ୍କ ନାମ ନନେଇ ସେ କହିଥିଲେ ଯେ କେଉଁ ପରିସ୍ଥିତିରେ ଏବଂ କାହା ଅନୁମତିରେ ଜଣେ ନେତା ହଷ୍ଟେଲ ପରିସରକୁ ପ୍ରବେଶ କଲେ। ଉକ୍ତ ନେତା ଜଣକ ଜଣେ ହଷ୍ଟେଲ ଅଧିକାରୀଙ୍କୁ ଫାୟାରିଂ କରିବାକୁ ମଧ୍ୟ ଧମକ ଦେଇଛନ୍ତି। ଆମ ପିଲାଙ୍କୁ ନେଇ ରାଜନୀତି କରନ୍ତୁ ବୋଲି ସେ କହିଥିଲେ।(ଦୀପକ)

● ରିଲ୍‌ସରେ ହିନ୍ଦୁ ଦେବତାଙ୍କୁ ଅଶ୍ଳୀଳ ଇଙ୍ଗିତ

## ବଜରଙ୍ଗ ଦଳ ପକ୍ଷରୁ ରାୟଗଡା ଥାନାରେ ଏତଲା



ରାୟଗଡା, ୧।୧୨(ସମିସ): ହିନ୍ଦୁଙ୍କ ଆରାଧ୍ୟ ଦେବତା ମହାଦେବଙ୍କୁ ଅଶ୍ଳୀଳ ଇଙ୍ଗିତ କରି ସୋସିଆଲ ମିଡିଆରେ ଭାଇରାଲ କରୁଥିବା ଅଭିଯୋଗରେ ଆଜି ବଜରଙ୍ଗ ଦଳ ପକ୍ଷରୁ ରାୟଗଡା ଥାନାରେ ଏକ ଲିଖିତ ଏତଲା ପ୍ରଦାନ କରାଯାଇଛି। ଏତଲାରେ ସଲମନ ନାମକ ଜଣେ ଯୁବକ ତାହାର ସାଙ୍ଗ ସାଥୀଙ୍କ ସହ ମିଶି ମହାଦେବଙ୍କୁ ଅଶ୍ଳୀଳ ଇଙ୍ଗିତ କରି ରିଲ ବନାଇ ତାହାକୁ ସାମାଜିକ ଗଣମାଧ୍ୟମରେ ଭାଇରଲ କରିଥିବା ନେଇ ଉଲ୍ଲେଖ କରାଯାଇଛି। ଯାହାକି ହିନ୍ଦୁ ଧର୍ମକୁ ଅପମାନ ଦେବା ସହ ଲୋକଙ୍କ ଭାବନାରେ ଆଘାତ ପହଞ୍ଚାଇଥିବା ଦର୍ଶାଯାଇଥିବା ଏତଲାରେ ଦର୍ଶାଯାଇଛି। ତୁରନ୍ତ ଉକ୍ତ ଯୁବକଙ୍କୁ ଗିରଫ କରିବା ପାଇଁ ବଜରଙ୍ଗ ଦଳ ପକ୍ଷରୁ ଦାବି କରାଯାଇଛି। ଘଟଣାରୁ ପ୍ରକାଶ ଯେ, ଗତ କିଛି ଦିନ ତଳେ ରାୟଗଡ଼ା ଜିଲ୍ଲା ଚନ୍ଦ୍ରପୁର ବ୍ଲକ ହନୁମନ୍ତପୁର ପଞ୍ଚାୟତ ଅନ୍ତର୍ଗତ ଜବାଗୁଡ଼ା ଗ୍ରାମର ସଲମନ ନାମକ ଜଣେ ଯୁବକ ତାଙ୍କ ସାଥୀମାନଙ୍କ ସହ ରାୟଗଡା ସହର ଗାୟତ୍ରୀନଗର ନିକଟ ପ୍ରେମ ପାହାଡ଼ରେ ଥିବା ମହାକାଳେସ୍ୱରଙ୍କ ପ୍ରତିମୂର୍ତ୍ତିକୁ ଅଶ୍ଳୀଳ ଇଙ୍ଗିତ କରି ଭିଡ଼ିଓ ବନାଇବା ସହ ତାହାକୁ ବିଭିନ୍ନ ସାମାଜିକ ଗଣମାଧ୍ୟମରେ ଭାଇରଲ କରିଥିବା ନେଇ ବଜରଙ୍ଗ ଦଳ ଅଭିଯୋଗ କରିଛି। ଯାହାକି ହିନ୍ଦୁ ଧର୍ମାବିଲମ୍ବୀ ଶକ୍ତ ଆଘାତ ପହଞ୍ଚାଇ ରାୟଗଡ଼ା ଭଳି ଶାନ୍ତ ପ୍ରିୟ ଜିଲ୍ଲାକୁ ଅଶାନ୍ତ ଓ ଦଙ୍ଗା ସୃଷ୍ଟି କରିବା ଭଳି ପରିସ୍ଥିତି ଉପୁଜାଇବା ଉଦ୍ଦେଶ୍ୟରେ ଜାଣିଶୁଣି ଏହିଭଳି କାଣ୍ଡ ଭିଆଇଥିବା ଦଳ ଅଭିଯୋଗ କରିଛି। ତୁରନ୍ତ ଉକ୍ତ ଘଟଣାରେ ସାମିଲ ଥିବା ସମସ୍ତଙ୍କୁ ଗିରଫ କରିବା ପାଇଁ ରାୟଗଡା ଥାନାରେ ଏତଲା ଦେଇ ଦାବି କରିଛି ବଜରଙ୍ଗ ଦଳ। ଯଦି ଏଥିରେ ଅବହେଳା ହୁଏ, ତେବେ ବଜରଙ୍ଗ ଦଳ ଜୋରଦାର ଆନ୍ଦୋଳନ କରିବା ନେଇ ଗଣମାଧ୍ୟମକୁ ଚେତାବନୀ ଦେଇଛି। ରାୟଗଡ଼ା ବଜରଙ୍ଗ ଦଳ ସହ ସଂଯୋଜକ ଶସ୍ୟ ଜ୍ୟୋତି ବେହେରା, ବିଶ୍ୱହିନ୍ଦୁ ପରିଷଦର ଉପସଭାପତି ଆନନ୍ଦ ରାଓ, ସମ୍ପାଦକ କୁନା ରମେଶ, ସହ ସମ୍ପାଦକ ଗୋପୀ ବ୍ରହ୍ମା, ନଗର ବଜରଙ୍ଗ ଦଳ ସଂଯୋଜକ ଶଙ୍କର ବେହେରା, ବ୍ଲକ ସଂଯୋଜକ ଅଜୟ ଆସରାନୀ, ସହ ସଂଯୋଜକ ବିଜୟ ଚୂଳେଟ, ବିଭାଗ ସଂଯୋଜକ ଇ ଶକ୍ତିଧରନ, କାର୍ଯ୍ୟକର୍ତ୍ତା ମାନସ ଦାଶ ଓ ବିଶ୍ୱହିନ୍ଦୁ ପରିଷଦ ବିଧି ପ୍ରମୁଖ ଆଇନଜୀବୀ ଅରୁଣ ଲେଙ୍କା ପ୍ରମୁଖ ଆଜି ଥାନାରେ ଉପସ୍ଥିତ ରହି ଏତଲା ଦେଇଥିଲେ।

## ପ୍ରାଥମିକ ଶିକ୍ଷକ ମହାସଂଘର ଦାବିପତ୍ର



କୁଡୁମୁଲଗୁମ୍ମା,୧।୧୨(ସମିସ): ମାଲକାନଗିରି ଜିଲ୍ଲା କୁଡୁମୁଲୁଗୁମ୍ମା ସୋମବାର ଅପରାହ୍ନ ୫ ଘଟିକା ସମୟରେ ମାଲକାନଗିରି ଜିଲ୍ଲା ଅନ୍ତର୍ଗତ କୁଡୁମୁଲଗୁମ୍ମା ବ୍ଲକ୍ ଅଧିନରେ ଥିବା ଶତାଧିକ ଏନ୍‌ପିଏସ ଶିକ୍ଷକ/ଶିକ୍ଷୟିତ୍ରୀ ପ୍ରାଥମିକ ଶିକ୍ଷକ ମହାସଂଘ, କୁଡୁମୁଲୁଗୁମ୍ମା ଶାଖା ତରଫରୁ ଦୁଇ ଦଫା ଦାବି ନେଇ ଏକ ବିଶାଳ ଶୋଭାଯାତ୍ରା ବାହାରିଥିଲା। ବ୍ଲକ ଶିକ୍ଷା ଅଧିକାରୀ କୁଡୁମୁଲୁଗୁମ୍ମାଙ୍କ ମାଧ୍ୟମରେ ମୁଖ୍ୟମନ୍ତ୍ରୀ, ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ମନ୍ତ୍ରୀ, ମୁଖ୍ୟ ଶାସନ ସଚିବ, କମିଶନର ତଥା ଶାସନ ସଚିବ, ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ନିର୍ଦ୍ଦେଶକଙ୍କ ଉଦ୍ଦେଶ୍ୟରେ ଦାବିପତ୍ର ପ୍ରଦାନ କରାଯାଇଛି। ଦୁଇଟି ମୁଖ୍ୟତଃ ଦାବି ଯଥା, ପ୍ରାଥମିକ ଶିକ୍ଷକ ମାନଙ୍କର ମୂଳ ପଦବୀକୁ ଅପ୍ ଗ୍ରେଡ କରି ଲେବୁଲ -୯ ଅନୁଯାଇ ମୂଳ ବେତନ ୩୫୪୦୦ ଟଙ୍କା ପ୍ରଦାନ ଓ ପ୍ରାଥମିକ ଶିକ୍ଷା ବ୍ୟବସ୍ଥାରୁ ଠିକା ପ୍ରଥା ଉଚ୍ଛେଦ କରି ୨୦୦୧ ମସିହା ଠାରୁ ଅଦ୍ୟାବଧି କାର୍ଯ୍ୟରତ ସମସ୍ତ ଶିକ୍ଷକ ମାନଙ୍କ ଠିକା କାର୍ଯ୍ୟକାଳକୁ ମୂଳ ଚାକିରୀରେ ଗଣନା କରିବା ସହ ନେସନାଲ ଇନ୍‌କ୍ରିମେଣ୍ଟ ପ୍ରଦାନ କରିବା, ଯଦି ଶିକ୍ଷକ ମାନଙ୍କର ଦାବି ୪/୧୨/୨୦୨୫ ମଧ୍ୟରେ ସରକାର ପୂରଣ ନକରନ୍ତି, ତେବେ ଆସନ୍ତା ୫/୧୧/୨୦୨୫ରେ ଭୁବନେଶ୍ୱର ରାଜରାସ୍ତାରେ ଶାନ୍ତିପୂର୍ଣ୍ଣ ଭାବରେ ଅନିର୍ଦ୍ଦିଷ୍ଟ କାଳ ପର୍ଯ୍ୟନ୍ତ ଆନ୍ଦୋଳନ ଚାଲୁରହିବ। ଦାବିପତ୍ର ପ୍ରଦାନ ସମୟରେ ବ୍ଲକ୍ ଶିକ୍ଷକ ସଂଘର ସଭାପତି ରମେଶ ଚନ୍ଦ୍ର ନେଲୁରୁ, ଆବାହକ ଯତିନ୍ଦ୍ର ସ୍ୱାଇଁ, ସମ୍ପାଦକ ବ୍ରଜନାରାୟଣ ଦାସ, ଉପ ସଭାପତି ସୁଧାକର ନାୟକ, ଉପଦେଷ୍ଟା ଉମାଶଙ୍କର ଦାଶ, ଯୁଗ୍ମ ସମ୍ପାଦକ ସୁଶାନ୍ତ ପାତ୍ର, କୋଷାଧକ୍ଷ ଅମର ମଲ୍ଲିକ ଆଦି ଶତାଧିକ ଶିକ୍ଷକ ଉପସ୍ଥିତ ଥିଲେ। ଦାବିପତ୍ର ଅତିରିକ୍ତ ଗୋଷ୍ଠୀ ଶିକ୍ଷା ଅଧିକାରୀ କୃପାସିନ୍ଧୁ ଆମ୍ବାଗୁଡ଼ିଆ ଓ ଏବିଓ ତଥା ବିଆର୍‌ସିସି ହେମନ୍ତ କୁମାର ନାୟକ ଗ୍ରହଣ କରିଥିଲେ।

## ଯୁବ ରେଡକ୍ରସ୍‌ର ସଚେତନତା ପଦଯାତ୍ରା

ରାୟଗଡ଼ା,୧।୧୨(ସମିସ): ବିଶ୍ୱ ଏଡ୍‌ସ ଦିବସ ଅବସରରେ ରାୟଗଡା ସ୍ୱୟଂଶାସିତ ମହାବଦ୍ୟାଳୟ ଯୁବ ରେଡକ୍ରସ୍ ପକ୍ଷରୁ ସଚେତନତା ପଦଯାତ୍ରା ଓ ସଭା ଆୟୋଜିତ ହୋଇଯାଇଛି। କାର୍ଯ୍ୟକ୍ରମଟି ସକାଳୁ ମହାବିଦ୍ୟାଳୟ ପ୍ରାଙ୍ଗଣରୁ ଆରମ୍ଭ ହୋଇ ସହରର ବିଭିନ୍ନ ସ୍ଥାନକୁ ପରିକ୍ରମା କରି ଫେରିଥିଲା। ଛାତ୍ରଛାତ୍ରୀ ଏଚ୍‌ଆଇଭି/ଏଡ୍‌ସ୍ ବିଷୟରେ ସଚେତନତାମୂଳକ ସ୍ଲୋଗାନ୍ ଉଚ୍ଚାରଣ କରିଥିଲେ। ଶେଷରେ ମହାବିଦ୍ୟାଳୟର ଖୋଲାମଞ୍ଚରେ ଆୟୋଜିତ ସଚେତନତା ସଭାରେ ମହାବିଦ୍ୟାଳୟର ଅଧ୍ୟକ୍ଷା ଡ. ସରସ୍ୱତୀ ରାୟ ଉଦ୍‌ବୋଧନରେ ଏଡ୍‌ସ ବିଷୟରେ ସଠିକ୍ ଜ୍ଞାନ, ଭ୍ରମ ଦୂରୀକରଣ ଓ ଯୁବ ପିଢୀଙ୍କ ଭୂମିକାକୁ ଉଲ୍ଲେଖ କରିଥିଲେ। ମହାବିଦ୍ୟାଳୟର ରେଡକ୍ରସ୍ ପରାମର୍ଶଦାତା ପ୍ରିୟଦର୍ଶିନୀ ବଳ ମଧ୍ୟ ଏଚ୍‌ଆଇଭି ପରୀକ୍ଷା, ପ୍ରତିରୋଧ ଉପାୟ ଓ ତତ୍‌ସମ୍ପର୍କିତ ସହାୟତା ସେବା ବିଷୟରେ ବିସ୍ତୃତ ଆଲୋଚନା କରିଥିଲେ। କାର୍ଯ୍ୟକ୍ରମକୁ ସଫଳ କରିବାରେ ଅଧ୍ୟାପକ ଶଙ୍କର ପେଦୁରୁ ଓ ଅନ୍ୟାନ୍ୟ ଅଧ୍ୟାପକ ଅଧ୍ୟାପିକାମାନେ ଗୁରୁତ୍ୱପୂର୍ଣ୍ଣ ଭୂମିକା ନିର୍ବାହ କରିଥିଲେ। ଏହି କାର୍ଯ୍ୟକ୍ରମରେ ୩୦୦ରୁ ଅଧିକ ଛାତ୍ରଛାତ୍ରୀ ପଦଯାତ୍ରା ଏବଂ ସଭାରେ ଉପସ୍ଥିତ ହୋଇ ସଚେତନତା ବାର୍ତ୍ତା ପ୍ରଚାର କଲେ।

## ମାଲ୍ୟବନ୍ତ ମହୋତ୍ସବ ପାଇଁ କଳସ ଯାତ୍ରା



**ଚିତ୍ରକୋଣ୍ଡା, ୧।୧୨(ସମିସ):** ମାଲକାନଗିରି ଜିଲ୍ଲା ଚିତ୍ରକୋଣ୍ଡା ଠାରେ ବ୍ଲକସ୍ତରୀୟ ମାଲ୍ୟବନ୍ତ ମହୋତ୍ସବ - ୨୦୨୫ ନିମନ୍ତେ କଳସ ଯାତ୍ରା ଅନୁଷ୍ଠିତ ହୋଇଯାଇଛି। ମାଲ୍ୟବନ୍ତ ମୋହତ୍ସବ ପାଳନକୁ ନେଇ ସ୍ଥାନୀୟ ଜନସାଧାରଣଙ୍କ ମନରେ ବହୁତ ଉତ୍କଣ୍ଠା ପରିଲକ୍ଷିତ ହୋଇଥିବା ଦେଖିବାକୁ ମିଳିଥିଲା। ଜିଲ୍ଲାସ୍ତରୀୟ ମାଲ୍ୟବନ୍ତ ମହୋତ୍ସବ ଆଜି ମାଲକାନଗିରି ସଦରମହକୁମା ସ୍ଥିତ ଭୈରବୀ ମନ୍ଦିର ଠାରୁ ଶୁଭାରମ୍ଭ କରାଯାଇଛି। ସମସ୍ତ ବ୍ଲକ୍‌ସ୍ତରୀୟ ମହୋତ୍ସବ ସରିବା ପରେ ଆସନ୍ତା ୧୪, ୧୫, ୧୬, ୧୭, ୧୮ ପାଞ୍ଚଦିନ ଧରି ଜିଲ୍ଲାସ୍ତରୀୟ ମହୋତ୍ସବ ପାଳନ କରାଯିବ। ଚିତ୍ରକୋଣ୍ଡା ବ୍ଲକ୍ ମହକୁମା ଠାରେ ଡିସେମ୍ବର ୨ ଓ ୩ ଦୁଇ ଦିନ ଧରି ମହୋତ୍ସବ ପାଳନ ହେବ। ଏହି ବର୍ଷ ଚିତ୍ରକୋଣ୍ଡା ଠାରେ ଦୁଇ ଦିନ ଧରି ମହୋତ୍ସବ ପାଳନ କରାଯିବା ପାଇଁ ନିଷ୍ପତ୍ତି ହୋଇଛି। ଚିତ୍ରକୋଣ୍ଡା ଦୁର୍ଗା ମନ୍ଦିର ସ୍ଥିତ ନଦୀ ଘାଟରେ ପାଣି ଉଠାଯାଇ ପୂଜା ଅର୍ଚ୍ଚନା ପରେ ମନ୍ଦିର ଠାରୁ ଏକ କଳସ ସଭା ଯାତ୍ରା ବାହାରି ଚିତ୍ରକୋଣ୍ଡା ଦୈନିକ ବଜାର ଦେଇ ଚିତ୍ରକୋଣ୍ଡା ସହର ପରିକ୍ରମା କରିବା ପରେ ଚିତ୍ରକୋଣ୍ଡା ବ୍ଲକ କାର୍ଯ୍ୟାଳୟ ଠାରେ କଳସ ଯାତ୍ରା ସମାପ୍ତ ହୋଇଥିଲା। ଏହି କଳସ ଯାତ୍ରାରେ ମାଲକାନଗିରି ଜିଲ୍ଲା ପରିଷଦ ଅଧ୍ୟକ୍ଷା ସମାରି ତାଙ୍ଗୁଲୁ, ଚିତ୍ରକୋଣ୍ଡା ବ୍ଲକ ଅଧ୍ୟକ୍ଷା ରାଜେଶ୍ୱରୀ ଖିଲ,ଚିତ୍ରକୋଣ୍ଡା ବିଡିଓ ପ୍ରୀତା କୁମାର, ତହସିଲଦାର ନଟବର ଗରଡ଼ା, ଚିତ୍ରକୋଣ୍ଡା ଜୋନ-୧ ଜିଲ୍ଲା ପରିଷଦ ସଭ୍ୟା ବିନତି ଖିଲ, ଚିତ୍ରକୋଣ୍ଡା ସରପଞ୍ଚ ହୋରୀମୋହନ ଖିଲ, ଚିତ୍ରକୋଣ୍ଡା ସମିତି ସଭ୍ୟ ରାଜ କୋମଳ ପୁରୋହିତ,ଚିତ୍ରକୋଣ୍ଡା ବ୍ଲକର ସମସ୍ତ ସମିତିସଭ୍ୟ,ସରପଞ୍ଚ, ଶହ ଶହ ସଂଖ୍ୟାରେ ସାଧାରଣ ଜନତା, ସୟଙ୍ଗ ସହାୟକ ଗୋଷ୍ଠୀର ମହିଳାମାନେ, ସମସ୍ତ ବିଦ୍ୟାଳୟର ଛାତ୍ର ଛାତ୍ରୀ ସାମିଲ ହୋଇଥିଲେ। ସନ୍ଧ୍ୟାରେ ଚିତ୍ରକୋଣ୍ଡା ଅଞ୍ଚଳର କବି ମାନଙ୍କୁ ନେଇ କବିତା ଆସର ଅନୁଷ୍ଠିତ ହୋଇଥିଲା।

## ଅମ୍ବାଦଳା ଅଞ୍ଚଳରେ ପୁଣି ହାତୀ ଉପଦ୍ରବ

**ଆମ୍ବାଦଳା,୧।୧୨(ସମିସ):** ରାୟଗଡ଼ା ଜିଲ୍ଲା ବନଖଣ୍ଡ ଅନ୍ତର୍ଗତ ମୁନିଗୁଡା ରେଞ୍ଜରେ ଥମୁନି ହାତୀ ଉପଦ୍ରବ। ହାତୀ ଘଉଡ଼ାଇ ନାକେଦମ ହେଉଛି ବନ ବିଭାଗ। ଆଜି ମୁନିଗୁଡା ରେଞ୍ଜ ଅମ୍ବାଦଳା ଫରେଷ୍ଟ ସେକ୍ସନରେ ପୁଣି ଦେଖାଦେଇଛି ହାତୀଙ୍କ ଉପଦ୍ରବ। ଅମ୍ବାଦଳା ସେକ୍ସନରେ ୪ ଟିକିଆ ହାତୀପଲଙ୍କ ଉପଦ୍ରବ ଦେଖିବାକୁ ମିଳିଛି। ଖାଦ୍ୟ ଅନ୍ୱେଷଣରେ ୧୦ରୁ ୧୫ ଦିନ ହେବ ନିକଟ ଜଙ୍ଗଲରେ ୪ ଟିକିଏ ହାତୀପଲ ଚଳପ୍ରଚଳ କରୁଛନ୍ତି। ଦୁଇ ଚାରିଦିନ ହେଲା ଇଚ୍ଛାପୁର ପଞ୍ଚାୟତ କାର୍କାମାର୍କା ଓ ତେରୀମେରି ଜଙ୍ଗଲରେ ଏହି ୪ ଟିକିଆ ହାତୀ ପଲ ବୁଲୁଥିବା ବେଳେ ବିଳମ୍ବିତ ରାତିରେ ବିଲରେ ପଶି ସ୍ଥାନୀୟ ଚାଷୀଙ୍କ ଧାନ ଫସଲ ଖାଇବା ସହ ଦଳିଚକଟି ନଷ୍ଟ କରି ଦେଇଛନ୍ତି। ବନ ବିଭାଗ ହାତୀ ପଲକୁ ଘଉଡ଼ାଇବାକୁ ଉଦ୍ୟମ ଜାରି ରଖିଥିବା ବେଳେ ବର୍ଷକର ଖାଦ୍ୟ ହରାଇ ଚାଷୀ ଏବେ ଚିନ୍ତାରେ। ସେପଟେ ଏଲିଫ୍ୟାଣ୍ଟ ସ୍କ୍ୱାର୍ଡ ଓ ବନ ବିଭାଗ କର୍ମଚାରୀ ହାତୀକୁ ଟ୍ରାକ୍ କରିବା ସହ ହାତୀ ଚଳପ୍ରଚଳ କରୁଥିବା ଗାଁ ଲୋକଙ୍କୁ ବ୍ୟାପକ ସଚେତନତା କରୁଥିବା ଦେଖିବାକୁ ମିଳିଛି। ଏହି ଗୋଠରେ ଗୋଟିଏ ଦନ୍ତା, ଦୁଇଟି ମାଇ ହାତୀ ଓ ଗୋଟିଏ ଛୁଆ ହାତୀ ରହିଛନ୍ତି। ତେବେ ହାତୀଙ୍କ ଦ୍ୱାରା ଯାହା କ୍ଷତି ହୋଇଛି ତାହାର ଆକଳନ କରାଯାଇ କ୍ଷତିପୂରଣ ଦିଆଯିବ ବୋଲି କହିଛନ୍ତି ଅମ୍ବାଦଳା ବନପାଳ ମାଝୀ ମହାପାତ୍ର।

### ପାଖେଇ ଆସିଲାଣି ଦଶମ ବୋର୍ଡ ପରୀକ୍ଷା

# ପରୀକ୍ଷା କେନ୍ଦ୍ରକୁ ନେଇ ଆଶଙ୍କାରେ ପରୀକ୍ଷାର୍ଥୀ


ଅମ୍ବାଦଳା,୧।୧୨(ସମିସ):

ଆଉ ଦୁଇ ମାସ ପରେ ଦଶମ ଶ୍ରେଣୀ ବୋର୍ଡ ପରୀକ୍ଷା। ଏବେ ପରୀକ୍ଷା ସେଣ୍ଟର କେଉଁଠି ହେବ, ଏହାକୁ ନେଇ ପରୀକ୍ଷାର୍ଥୀଙ୍କ ମଧ୍ୟରେ ଛନକା ପଶିଲାଣି। ରାୟଗଡ଼ା ଜିଲ୍ଲା ମୁନିଗୁଡା ବ୍ଲକ ଅମ୍ବାଦଳା ମଙ୍ଗଳ ବିଭାଗୀୟ ସରକାରୀ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ମାଟ୍ରିକ ପରୀକ୍ଷାର୍ଥୀ ମାନେ ଦୀର୍ଘ ବର୍ଷ ଧରି ବୋଡର୍ ପରୀକ୍ଷା ଦେବା ପାଇଁ ୫ କିଲୋମିଟର ପରିବର୍ତ୍ତେ ୨୫କିମି ଦୂର ବାଟ ମୁନିଗୁଡାକୁ ଯାଉଛନ୍ତି। ଫଳରେ ତାଙ୍କର ଯିବା ଆସିବାକୁ ୫୦କିମି ଯାତ୍ରା ହୋଇଯାଉଛି। ଏ ନେଇ ପ୍ରତିବର୍ଷ ଛାତ୍ରଛାତ୍ରୀ ମାନେ ବହୁ ଅସୁବିଧାର ସମ୍ମୁଖୀନ ହେଉଥିବା ବେଳେ ଅଭିଭାବକ ମହଲରେ ଅସନ୍ତୋଷ ପ୍ରକାଶ ପାଉଥିଲା। ବାରମ୍ବାର ଉକ୍ତ ବିଷୟକୁ ନେଇ ଜିଲ୍ଲା ପ୍ରଶାସନ ପାଖରେ ଲିଖିତ ଅଭିଯୋଗ କରାଯିବା ସହ ଛାତ୍ରଛାତ୍ରୀଙ୍କ ଅସୁବିଧା ବିଷୟରେ ଦୃଷ୍ଟି ଆକର୍ଷଣ କରାଯାଉନଥିଲା। ପ୍ରଶାସନ ପକ୍ଷରୁ କୌଣସି ପଦକ୍ଷେପ ଗ୍ରହଣ କରାନଯିବାରୁ ସ୍ଥାନୀୟ ଅଞ୍ଚଳର ସାମାଜିକ କର୍ମୀ ରଞ୍ଜନ ସ୍ୱାଇଁ ବିଦ୍ୟାଳୟ ସମ୍ମୁଖରେ ଗତ ଦିନରେ ଆମରଣ ଅନଶନରେ ବସିଥିଲେ। ଦୀର୍ଘ ୬୦ ଘଣ୍ଟା ଆମରଣ ଅନଶନରେ ବସିବା ପରେ ଚଳିତ ବର୍ଷ ଦଶମ ଶ୍ରେଣୀର ସମସ୍ତ ପରୀକ୍ଷାର୍ଥୀ ମାନଙ୍କୁ ବସ୍ ଯୋଗେ ମାଟ୍ରିକ ପରୀକ୍ଷା କେନ୍ଦ୍ରରେ ପହଞ୍ଚାଇବା ସହ ଆସନ୍ତା ବର୍ଷ ଅମ୍ବାଦଳା ସରକାରୀ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ଠାରୁ ୫ କିଲୋମିଟର ବ୍ୟବଧାନ ଭିତରେ ମାଟ୍ରିକ୍ ବୋଡର୍ ପରୀକ୍ଷା କେନ୍ଦ୍ର କରାଯିବା ନେଇ ପ୍ରତିଶ୍ରୁତି ଦେଇଥିଲା ଜିଲ୍ଲା ପ୍ରଶାସନ। ହେଲେ ଇତିମଧ୍ୟରେ ଏକ ବର୍ଷ ବିତି ଯାଇଥବା ବେଳେ ଦଶମ ଶ୍ରେଣୀ ବୋର୍ଡ ପରୀକ୍ଷା ପାଖେଇ ଆସିଲାଣି। ହେଲେ ଜିଲ୍ଲା ପ୍ରଶାସନ ପକ୍ଷରୁ କୌଣସି ପଦକ୍ଷେପ ଗ୍ରହଣ କରାଯାଇନାହିଁ। ସେଣ୍ଟରକୁ ନେଇ ଛାତ୍ର ଛାତ୍ରୀ ମାନେ ସମ୍ପ୍ରତି ୫୦ କିଲୋମିଟର ଯିବା ଆସିବା ଚିନ୍ତାରେ ଛନକା ପଶିଯାଇଥିବା ଅଭିଭାବକ ମାନେ ଜଣାଇଛନ୍ତି। ତେବେ ଜିଲ୍ଲାପାଳଙ୍କ ଅମ୍ବାଦଳା ଗସ୍ତ ସମୟରେ ଉକ୍ତ ବିଷୟକୁ ନେଇ ଅମ୍ବାଦଳା ଅଞ୍ଚଳର ବୁଦ୍ଧିଜୀବୀ ମାନେ ଏକ ଦାବିପତ୍ର ପ୍ରଦାନ କରିଛନ୍ତି। ବେଳ ଥାଉ ଥାଉ ଜିଲ୍ଲା ପ୍ରଶାସନ ପକ୍ଷରୁ କୌଣସି ପଦକ୍ଷେପ ଗ୍ରହଣ ନ କଲେ ଆଗାମୀ ଦିନରେ ବିଦ୍ୟାଳୟ ସମ୍ମୁଖରେ ଧାରଣାରେ ବସିବା ସହ ରାଜରାସ୍ତାକୁ ଓହ୍ଲାଇବାକୁ ଚେତାବନୀ ଦେଇଛନ୍ତି କଂଗ୍ରେସ ସାଂସଦ ପ୍ରତିନିଧି ରଜନୀକାନ୍ତ ପୋଡାଲ।

## ଉଠାଦୋକାନୀଙ୍କ ପାଇଁ ଭେଣ୍ଡିଂ ଜୋନ୍ ପ୍ରକ୍ରିୟା ଆରମ୍ଭ

**କୋରୁକୋଣ୍ଡା/ବାଲିମେଳା,୧।୧୨(ସମିସ):** ମାଲକାନଗିରି ଜିଲ୍ଲା ବାଲିମେଳା ଏନ୍‌ଏସିର ଅଧ୍ୟକ୍ଷ ପ୍ରଦୀପ କୁମାର ନାୟକଙ୍କ ତତ୍ତ୍ୱାବଧାନରେ ନିର୍ବାହୀ ଅଧିକାରୀ ଦେବୀ ପ୍ରସାଦ ଦୋରାଙ୍କ ନେତୃତ୍ୱରେ ଏନ୍‌ଏସିର ବରିଷ୍ଠ କର୍ମଚାରୀ ସାଧୁ ଚରଣ ମହାନ୍ତି, ଧନେଶ୍ୱର ପାଟନିଆ ଏବଂ ଅନ୍ୟ କର୍ମଚାରୀଙ୍କ ସମେତ ସ୍ଥାନୀୟ ପୋଲିସ ପ୍ରଶାସନ ମିଳିତ ଭାବେ ବାଲିମେଳା ସହରର ଦୈନିକ ବଜାର, କାଳୀଛକ, ଡ୍ରଗ ଲାଇନ୍ ସମେତ ବିଭିନ୍ନ ଅଞ୍ଚଳର ମୁଖ୍ୟ ରାସ୍ତା ପାଶ୍ୱର୍ରେ ଦୀର୍ଘ ବର୍ଷ ଧରି ବ୍ୟବସାୟ ଜାରି ରଖିଥିବା ଉଠା ବ୍ୟବସାୟୀ ମାନଙ୍କୁ ରାସ୍ତା କଡ଼ରୁ ଉଠାଇ ସେମାନଙ୍କର ସ୍ଥାୟୀ ବ୍ୟବସାୟ କରିବା ନିମନ୍ତେ ଏନଏସି ପକ୍ଷରୁ ଦୈନିକ ବଜାର ଭିତରେ ଏବଂ କାଳୀଛକ ଠାରେ ଥିବା ଭେଣ୍ଡିଙ୍ଗ ଜୋନ ଗୁଡିକୁ ଯୋଗାଇ ଦେବା ପାଇଁ ପ୍ରକ୍ରିୟା ଆରମ୍ଭ ହୋଇଥିବା ଦେଖିବାକୁ ମିଳିଛି। ରାସ୍ତା ପାଶ୍ୱର୍ରେ ବସିଥିବା ଉଠା ବ୍ୟବସାୟୀ ମାନଙ୍କୁ ବୁଝାଇ ସେମାନଙ୍କୁ ଭେଣ୍ଡିଙ୍ଗ ଜୋନରେ ନିଜ ନିଜର ଜାଗା ନେଇ ସେଠାରେ ବସି ବ୍ୟବସାୟ କରିବା ପାଇଁ କୁହାଯାଇଛି। ଏ ନେଇ ଏନଏସି ପକ୍ଷରୁ ମାଇକ ଜରିଆରେ ପ୍ରଚାର ପ୍ରସାର କରି ଆସନ୍ତା ରବିବାର ସୁଧା ଭେଣ୍ଡିଙ୍ଗ ଜୋନରେ ବସି ବ୍ୟବସାୟ କରିବା ପାଇଁ ସମସ୍ତ ଉଠା ବ୍ୟବସାୟୀ ମାନଙ୍କୁ ଅବଗତ ମଧ୍ୟ କରାଯିବ। ଆସନ୍ତା ଦିନେ ଦୁଇ ଦିନ ମଧ୍ୟରେ ଥିବା ଭେଣ୍ଡିଙ୍ଗ ଜୋନରେ ସ୍ଥାନ ଗୁଡିକୁ ନମ୍ବରିଂ କରାଯିବା ସହିତ ଉଠା ବ୍ୟବସାୟୀ ମାନଙ୍କୁ ଉକ୍ତ ଜାଗା ପ୍ରଦାନ କରାଯିବ। ତେବେ ଏନଏସି କର୍ତ୍ତୃପକ୍ଷଙ୍କ ଦ୍ୱାରା ପ୍ରଣୟନ କରାଯାଇଥିବା ଏହି ନିୟମକୁ ଯଦି କେହି ଅମାନ୍ୟ କରେ, ତେବେ ଉକ୍ତ ବ୍ୟକ୍ତିଙ୍କ ବିରୁଦ୍ଧରେ ଦୃଢ଼ ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ନିର୍ବାହୀ ଅଧିକାରୀ ଶ୍ରୀ ଦୋରା କହିଛନ୍ତି। ସୂଚନା ଥାଉକି, ବାଲିମେଳା ଏନଏସି ପକ୍ଷରୁ ଦୈନିକ ବଜାର ଭିତରେ ଓ କାଳୀଛକରେ ବହୁ ଭେଣ୍ଡିଙ୍ଗ ଜୋନ ଉପଲବ୍ଧ ଥାଇ ମଧ୍ୟ ବାଲିମେଳା ସହର ସମେତ ଆଖ ପାଖ ବିଭିନ୍ନ ଅଞ୍ଚଳର ଶତାଧିକ ବ୍ୟବସାୟୀ ଓ ଚାଷୀ ଉକ୍ତ ଭେଣ୍ଡିଙ୍ଗ ଜୋନରେ ବସି ବ୍ୟବସାୟ କରିବା ବଦଳରେ ସହରର ବିଭିନ୍ନ ଅଞ୍ଚଳରେ ଥିବା ମୁଖ୍ୟ ରାସ୍ତା କଡରେ ବସି ବ୍ୟବସାୟ କରୁଛନ୍ତି। ବଜାରକୁ ବିଭିନ୍ନ ସାମଗ୍ରୀ କିଣା ବିକା କରିବା ପାଇଁ ଆସୁଥିବା ବ୍ୟବସାୟୀ ଓ ସ୍ଥାନୀୟ ଲୋକଙ୍କ ଗାଡି ମୋଟର, ଯାନ ବହନ ଗୁଡିକୁ ରଖିବା ପାଇଁ ଦୈନିକ ବଜାର ନିକଟରେ ଥିବା ଦୁର୍ଗା ପଡିଆକୁ ବିଭାଗ ପକ୍ଷରୁ ପାର୍କିଂ ସ୍ଥାନ ଭାବେ ଚିହ୍ନଟ କରାଯାଇଛି ବୋଲି ନିର୍ବାହୀ ଅଧିକାରୀ ଶ୍ରୀ ଦୋରା କହିଛନ୍ତି।

# ସମ୍ପାଦକୀୟ



ନ୍ୟାୟର ଅର୍ଥ ବିବେକ, କିନ୍ତୁ ବ୍ୟକ୍ତିଗତ ନୁହେଁ, ସାରା ମାନବଜାତିର ବିବେକ !
-ଆଲେକଜାଣ୍ଡର ସୋଲଝେନିତସିନ

ସକାଳ
THE SAKALA

## ସମୃଦ୍ଧିର ନୂଆ ଦିଗନ୍ତ

ଦେଶର ଅର୍ଥନୀତି ପ୍ରତିକୂଳ ପରିସ୍ଥିତି ସତ୍ତ୍ୱେ ଗତିଶୀଳତାର ଶିଖର ଛୁଇଁବାକୁ ଯାଉଛି । ଏହା ସ୍ପଷ୍ଟ ହୋଇଛି ଅର୍ଥନୀତିର ଦ୍ୱିତୀୟ ତ୍ରୟମାସିକ ରିପୋର୍ଟରୁ । ୨୦୨୫-୨୬ ଆର୍ଥିକ ବର୍ଷର ଜୁଲାଇରୁ ସେପ୍ଟେମ୍ବର ମଧ୍ୟରେ ମୋଟ ଘରୋଇ ଉତ୍ପାଦନ ୮.୨ ପ୍ରତିଶତ ଭଳି ଉଚ୍ଚ ଅଙ୍କରେ ଅଭିବୃଦ୍ଧି ହାସଲ କରିଛି । ଏସଂକ୍ରାନ୍ତରେ ସବୁ ଅର୍ଥନୀତିଜ୍ଞ ଏପରିକି ରିର୍ଜଭ ବ୍ୟାଙ୍କ ଆକଳନ ଭୁଲ ପ୍ରମାଣିତ ହେଉଛି । ଯେତେଦୂର ମନେ ହୁଏ ଚଳିତ ଆର୍ଥିକ ବର୍ଷର ହାରାହାରି ଜିଡିପି ୭ ପ୍ରତିଶତ ଅତିକ୍ରମ କରିବ । ସୂଚନାଯୋଗ୍ୟ ଯେ ପୂର୍ବ ଆର୍ଥିକ ବର୍ଷର ଦ୍ୱିତୀୟ ତ୍ରୟମାସିକ ରିପୋର୍ଟରେ ଜିଡିପି ହାର ୫.୬ ପ୍ରତିଶତ ନେଇ ବିଭିନ୍ନ ମହଲରେ ଯେଉଁ ନୈରାଶ୍ୟ ସୃଷ୍ଟି ହୋଇଥିଲା ସେଥିରୁ ବର୍ତ୍ତିବା ପାଇଁ ସରକାରଙ୍କ ପକ୍ଷରୁ ଗ୍ରହଣ କରାଯାଇଥିବା ସଂସ୍କାରମୂଳକ ପଦକ୍ଷେପରୁ ସୁଫଳ ମିଳିଛି । ଆଗାମୀ ଦିନରେ ବିଶ୍ୱରେ ଭାରତ ଦ୍ରୁତ ଅଭିବୃଦ୍ଧିଶୀଳ ରାଷ୍ଟ୍ରର ମାନ୍ୟତା ପୂର୍ବଭଳି ବଜାୟ ରଖିବ । ଆସନ୍ତା ଅର୍ଥିକ ବର୍ଷ ଶେଷ ସୁଦ୍ଧା ଆମ ଦେଶ ୫ଟ୍ରିଲିୟନ ଅର୍ଥନୀତିର ମାନ୍ୟତା ହାସଲ କରିବା ସହ ପରବର୍ତ୍ତୀ ଦୁଇବର୍ଷ ମଧ୍ୟରେ ବିଶ୍ୱର ତୃତୀୟ ଅର୍ଥନୀତି ହେବାର ଯେଉଁ ଲକ୍ଷ୍ୟ ରଖାଯାଇଛି ତାହା ଏହି ଗତିଶୀଳତା ଜାରି ରହିଲେ ପୂରଣ ହେବା କିଛି ବିଚିତ୍ର ନୁହେଁ ।

ସରକାରଙ୍କ ପକ୍ଷରୁ ଦର୍ଶାଯାଇଥିବା ଏହି ରିପୋର୍ଟ ଅନୁଯାୟୀ ବିନିର୍ମାଣ କ୍ଷେତ୍ରରେ ଅଭିବୃଦ୍ଧି ୯.୧, ନିର୍ମାଣରେ ୭.୨ ଏବଂ ଆର୍ଥିକ, ରିଅଲ ଇଷ୍ଟେଟ୍, ପେସାଦାର ସେବା ଅଭିବୃଦ୍ଧି ହାର ୧୦.୨ ପ୍ରତିଶତ ହୋଇଛି । ତେବେ କୃଷି କ୍ଷେତ୍ରର ଅଭିବୃଦ୍ଧି ହାର ୩.୫ ପ୍ରତିଶତରେ ସୀମିତ ରହିଛି । ଦର୍ଶାଯାଇଥିବା ଏହି ହିସାବରୁ ସରକାରଙ୍କ ଅଗ୍ରାଧିକାର କ୍ଷେତ୍ର ଆକଳନ କରାଯାଇପାରେ । ଏହି ପରିସଂଖ୍ୟାନ ଆଧାରରେ ରିଜର୍ଭବ୍ୟାଙ୍କ ଆଗାମୀ ଦିନରେ ମୁଦ୍ରା ପ୍ରଚଳନକୁ ଅଧିକ ମୁକ୍ତ କରିବା ସମ୍ଭାବନା ଅଛି । ମୁଦ୍ରାନୀତି ନିର୍ଦ୍ଧାରଣ କମିଟି ରେପୋ ରେଟ ହ୍ରାସ ମାଧ୍ୟମରେ ବ୍ୟାଙ୍କ ଋଣଗ୍ରହୀତାଙ୍କ ପାଇଁ ନୂଆ ସୁଯୋଗ ସୃଷ୍ଟି କରିବେ । ଅର୍ଥନୀତିର ଏହି ଅନୁକୂଳ ଦିଗ ସଂପର୍କରେ ତର୍ଜମା କଲା ବେଳେ ସ୍ୱତଃ ମନରେ ଉଙ୍କିମାରେ ବିଶ୍ୱ ବାଣିଜ୍ୟ କାରବାରରେ ପରିଲକ୍ଷିତ ଶିଥିଳତାକୁ ଲକ୍ଷ୍ୟ କରି ଏକ ଭୟାଙ୍କର ମାନ୍ଦାବସ୍ଥା ମାଡ଼ି ଆସୁଛି ବୋଲି ଅର୍ଥନୀତି ବିଶାରଦମାନେ ସତର୍କ କରାଇଛନ୍ତି । ଆମ ଦେଶର ପରିସ୍ଥିତି ସେଭଳି ସକାରାତ୍ମକ ସ୍ଥିତିରେ ନାହିଁ ଯେ ପରିଲକ୍ଷିତ ବାଣିଜ୍ୟ ନିଅଣ୍ଟକୁ ଏତେ ସହଜରେ ଅତିକ୍ରମ କରି ହେବ । ତେଣୁ ଆନ୍ତର୍ଜାତିକ ମୁଦ୍ରାପାଣ୍ଠି ଦର୍ଶାଇଥିବା କେତେକ ତ୍ରୁଟିକୁ ଏଡ଼ାଇଯିବା ଏତେ ସହଜ ନୁହେଁ । ଦେଶର ଜାତୀୟ ଆକାଉଣ୍ଟ ତଥ୍ୟର ଆକଳନକୁ ମୁଦ୍ରାପାଣ୍ଠି ସି ଗ୍ରେଡ ଦେଇଛି । ସେମାନଙ୍କ କହିବା କଥା ହେଲା, ଜିଡିପି ଓ ଜିଭିଏ ଭଳି ପ୍ରମୁଖ ପରିସଂଖ୍ୟାନ ନିର୍ଦ୍ଧାରଣରେ ଜାତୀୟ ଆକାଉଣ୍ଟର ପଦ୍ଧତିଗତ ତ୍ରୁଟି ରହିଛି । ସେହିଭଳି ଉପଭୋକ୍ତା ମୂଲ୍ୟସୂଚକାଙ୍କ ନିର୍ଦ୍ଧାରଣ ପ୍ରକ୍ରିୟାକୁ ମଧ୍ୟ ବି ଗ୍ରେଡ ଦିଆଯାଇଛି । ମୁଦ୍ରାପାଣ୍ଠିର ଏହି ପ୍ରତିକୂଳ ମତାମତ ସତ୍ତ୍ୱେ ବିଶ୍ୱ ଅର୍ଥନୀତିରେ ପରିଲକ୍ଷିତ ମାନ୍ଦାବସ୍ଥା ପ୍ରଭାବରୁ ଆମେ ମୁକ୍ତ ଓ ଗତଶୀଳତା ଅବ୍ୟାହତ ରହିଥିବା କେହି ଅସ୍ୱୀକାର କରିପାରିବେନି ।

ବଜାର ଅର୍ଥନୀତିରେ କ୍ରେତାଙ୍କୁ ପ୍ରାଧାନ୍ୟ ଦିଆଯାଉଥିବା ବେଳେ ମୁଦ୍ରାସ୍ଫୀତି ହ୍ରାସରୁ ସ୍ପଷ୍ଟ ଯେ କ୍ରୟଶକ୍ତିରେ ଦୁର୍ବଳତା ରହିଛି । ଏହା କୌଣସି ପରିସ୍ଥିତିର ଅଭିବୃଦ୍ଧି କାରକ ନୁହେଁ । ସେହିଭଳି ବର୍ଷକ ମଧ୍ୟରେ ଭାରତୀୟ ମୁଦ୍ରା ୪.୨ ପ୍ରତିଶତ ଡଲାର ତୁଳନାରେ ଅଧିକ ଦୁର୍ବଳ ହୋଇଛି । ଏହି ଦୁଇଟି ପ୍ରସଙ୍ଗକୁ ଜିଡିପି ଆକଳନ ବେଳେ ଗୁରୁତ୍ୱ ଦେବାର ଆବଶ୍ୟକତା ରହିଛି ।

## ବିକାଶ-ମାନବ ସମ୍ବଳ-ଶିକ୍ଷା

ଆମ ରାଜ୍ୟର ସରକାରୀ ବିଦ୍ୟାଳୟ ଅବସ୍ଥା ଏତେ ଶୋଚନୀୟ ହୋଇପଡ଼ିଛି ଯେ ଯେତେଯାହା କଲେ ମଧ୍ୟ ଅଭିଭାବକଙ୍କ ଆଉ ଭରସାଯୋଗ୍ୟ ହୋଇପାରୁନି । ଛାତ୍ରଛାତ୍ରୀ ମଧ୍ୟ ଏକ ଅନିଶ୍ଚିତ ଭବିଷ୍ୟତ ମଧ୍ୟରେ ଅଧାରୁ ପାଠ ଛାଡୁଛନ୍ତି । ଅଧିକାଂଶ ଅଭିଭାବକଙ୍କ ଭରସାଯୋଗ୍ୟ ହୋଇଛି ଘରୋଇ ବିଦ୍ୟାଳୟ । ସରକାରୀ ଶିକ୍ଷା ବ୍ୟବସ୍ଥାରେ କେଉଁଠି ନିରାପଦ ବିଦ୍ୟାଳୟଗୃହ ନାହିଁ ତ କେଉଁଠି ଶିକ୍ଷକ ନାହାନ୍ତି । ଶିକ୍ଷକଙ୍କ ଦାବିକୁ ନେଇ ବର୍ଷତମାମ ଆନ୍ଦୋଳନ ଚାଲିଛି । ବିଭିନ୍ନ ଗଣମାଧ୍ୟମରେ ଶିରୋନାମା ମଣ୍ଡନ କରୁଛି । ରାଜ୍ୟ ସରକାରୀ ବିଦ୍ୟାଳୟରେ ଅଧାରୁ ପାଠ ଛାଡ଼ିଛନ୍ତି ୧ ଲକ୍ଷ ୨୩ ହଜାର ପିଲା ଏବଂ ନବମରେ ସାଢ଼େ ୧୩ ହଜାର ପିଲା ଅକୃତକାର୍ଯ୍ୟ । ଶିକ୍ଷାକ୍ଷେତ୍ରରେ ଯେତେ ସମସ୍ୟା ମୁଣ୍ଡ ଟେକିଛି ସେ ନେଇ ପ୍ରଶ୍ନ କଲେ ସରକାରଙ୍କ ନିକଟରେ ଉତ୍ତର ଅଭାବ ନାହିଁ । କିନ୍ତୁ ସମସ୍ୟା ଯେଉଁଠି ସେଇଠି ଅଟକି ରହିଛି ।

ପ୍ରାଥମିକ ବିଦ୍ୟାଳୟ ସ୍ତରରେ ଚାଲିଥିବା ମଧ୍ୟାହ୍ନ ଭୋଜନ ବ୍ୟବସ୍ଥା ଆହୁରି ଉପର ଶ୍ରେଣୀକୁ ବଢ଼ି ଚାଲିଛି । ରାଜ୍ୟର ନବମ ଓ ଦଶମ ଶ୍ରେଣୀର ୧୦ ଲକ୍ଷ ୮୦ ହଜାର ପିଲାଙ୍କୁ ସିଏମ ପୋଷଣ କାର୍ଯ୍ୟକ୍ରମ ମାଧ୍ୟମରେ ମାଧ୍ୟାହ୍ନ ଭୋଜନ ଦିଆଯିବାର ବ୍ୟବସ୍ଥା ହୋଇଛି । ସେହିପରି ଏକାଦଶ ଶ୍ରେଣୀ ଏସଟି ପିଲାଙ୍କୁ ବର୍ଷକୁ ୫ ହଜାର ଟଙ୍କା ଲେଖାଏଁ ସହାୟତା ରାଶି ଦିଆଯାଇଛି । ଶିକ୍ଷକମାନେ ପାଠପଢ଼ା ଛାଡୁଥିବା ପିଲାଙ୍କ ଅଭିଭାବକଙ୍କୁ ବୁଝାଇ ସେମାନଙ୍କ ବିଦ୍ୟାଳୟକୁ ଫେରାଇ ଅଣାଯିବାର ବ୍ୟବସ୍ଥା କରାଯାଇଛି । ମଧ୍ୟାହ୍ନଭୋଜନ, ୟୁନିଫର୍ମ ଓ ପାଠ୍ୟବସ୍ତୁ ଯୋଗାଇ ଦେବାର ମଧ୍ୟ ବ୍ୟବସ୍ଥା ହୋଇଛି । ସରକାରଙ୍କ ଏହି ସ୍ପଷ୍ଟୀକରଣ କେତେଦୂର କାର୍ଯ୍ୟକାରୀ ହେଉଛି ତାହା ଭିନ୍ନ କଥା । ଶିକ୍ଷା ବର୍ଷ ଶେଷ ହେବାକୁ ବସିଥିଲେ ମଧ୍ୟ କେଉଁଠି ୟୁନିଫର୍ମ ମିଳିନି ତ ଓ କେଉଁଠି ପାଠ୍ୟ ପୁସ୍ତକ ନାହିଁ । ଅସଲରେ ବ୍ୟବସ୍ଥାର ଉନ୍ନତି ଆଣିବାରେ ସରକାରଙ୍କ ଏହି ଘୋଷଣା କେତେଦୂର ସହାୟକ ହେବ ସେନେଇ ସନ୍ଦେହ ରହିଛି । ପିଲାଙ୍କ ଅସ୍ଥାଭାଜନ ହେଲା ଭଳି ବିଦ୍ୟାଳୟରେ ଶିକ୍ଷା ପରିବେଶ ଏ ପର୍ଯ୍ୟନ୍ତ ସୃଷ୍ଟି ହୋଇନାହିଁ । ଏପରିକି ରାଜ୍ୟରେ ସ୍ୱତନ୍ତ୍ର ପତିଆରା ସୃଷ୍ଟି କରିଥିବା ବିଦ୍ୟାଳୟଗୁଡ଼ିକରେ ମଧ୍ୟ ଛାତ୍ରଛାତ୍ରୀ ସଂଖ୍ୟା ହ୍ରାସ ପାଉଥିବାର ଲକ୍ଷ୍ୟ କରାଯାଉଛି । ଉଚ୍ଚମାନର ଶିକ୍ଷାପ୍ରଦାନ ପାଇଁ ସୁଯୋଗ୍ୟ ଶିକ୍ଷକ ନିଯୁକ୍ତିକୁ ଏପର୍ଯ୍ୟନ୍ତ ଗୁରୁତ୍ୱ ଦିଆଯାଇନାହିଁ । ବିଭିନ୍ନ ବିଷୟରେ ପାଠ ପଢ଼ାଇବା ସକାଶେ ବିଷୟ ଭିତ୍ତିକ ଶିକ୍ଷକ ନିଯୁକ୍ତି ଦିଆଯାଉନାହିଁ । ସବୁଚାଲିଛି କାମଚଳା ଅବସ୍ଥାରେ । ଏଭଳି ପରିବେଶରେ ବିଜ୍ଞାନ ଅଧ୍ୟୟନ ସକାଶେ ଲାବୋରାଟୋରୀ, କମ୍ପ୍ୟୁଟର ଓ ପୁସ୍ତାକାଗାର ଆଶା କରିବା ବୃଥା । ତେଣୁ ଯେଉଁ ବିକାଶ କଥା କୁହାଯାଉଛି ତାହା ଶିକ୍ଷା ଭିତ୍ତିଭୂମି ସୁଦୃଢ଼ ବିନା କିପରି ସମ୍ଭବ, ସନ୍ଦେହ ସୃଷ୍ଟି ହେଉଛି ।

## ଅବସରପ୍ରାପ୍ତ ଅଧ୍ୟାପକ ନିଯୁକ୍ତି କେତେ ଯୁକ୍ତିଯୁକ୍ତ

ଶ୍ରୀବତ୍ସ ନାୟକ

ଉଚ୍ଚଶିକ୍ଷା ବିଭାଗରେ ଅବସରପ୍ରାପ୍ତ ଅଧ୍ୟାପକ ଓ ପ୍ରାଧ୍ୟାପକମାନଙ୍କୁ ପୁନଃ ନିଯୁକ୍ତି ଦେବାକୁ ସ୍ଥିର କରିଛନ୍ତି ଓଡ଼ିଶା ସରକାର । ଚଳିତ ଶିକ୍ଷା ବର୍ଷରୁ ସରକାରୀ ଅନୁଦାନପ୍ରାପ୍ତ (୪୮୮ ବର୍ଗ) ଓ ବେସରକାରୀ ଅନୁଦାନପ୍ରାପ୍ତ (୬୬୨ ବର୍ଗ) ମହାବିଦ୍ୟାଳୟଗୁଡ଼ିକରେ ଶିକ୍ଷାଦାନ ପ୍ରକ୍ରିୟାରେ ସିଧାସଳଖ ଯୋଡ଼ି ହେବେ ଅବସରପ୍ରାପ୍ତ ଅଧ୍ୟାପକ ଓ ପ୍ରାଧ୍ୟାପକ । ଏଥିସହିତ ଖୁବଶୀଘ୍ର ସ୍ଥାୟୀ ଅଧ୍ୟାପକ ମଧ୍ୟ ନିଯୁକ୍ତି କରିବା ପାଇଁ ନିଷ୍ପତ୍ତି ନେଇଛନ୍ତି ରାଜ୍ୟ ସରକାର । ଫଳରେ ଉଚ୍ଚଶିକ୍ଷା ବିଭାଗରେ ଦୀର୍ଘଦିନ ଧରି ଖାଲି ପଡ଼ିଥିବା ପଦବୀ ପୂରଣ ହେବା ସହ ଶିକ୍ଷାଦାନରେ ଉପୁଜିଥିବା ସମସ୍ୟା ସମାଧାନ ହେବ । ଏହା ନିଶ୍ଚିତଭାବେ ଏକ ସ୍ୱାଗତଯୋଗ୍ୟ ପଦକ୍ଷେପ ।

ଉଚ୍ଚଶିକ୍ଷା ବିଭାଗର ପତ୍ରସଂଖ୍ୟା ୫୬୨୧୮ ତା ୨୩.୧୦.୨୫ ରିଖ ଅନୁଯାୟୀ ମହାବିଦ୍ୟାଳୟରେ ସ୍ଥାୟୀ ଅଧ୍ୟାପକ ନିଯୁକ୍ତି ହେବା ପର୍ଯ୍ୟନ୍ତ ଅବସରପ୍ରାପ୍ତ ଅଧ୍ୟାପକମାନଙ୍କୁ ନେଇ ଶିକ୍ଷାଦାନ ଚାଲିବ । ଏମିତିକି ଅତିଥି ଅଧ୍ୟାପକ ନିଯୁକ୍ତି ନେଇ ଯୋଗ୍ୟତା ଓ ମାପଦଣ୍ଡ କ'ଣ ରହିବ ତା' ମଧ୍ୟ ନିୟମାବଳୀରେ ଉଲ୍ଲେଖ ରହିଛି । ସହକାରୀ ପ୍ରଫେସର ପାଇଁ ଦରମା ୨୫ ହଜାର ଟଙ୍କାରୁ ଆରମ୍ଭ କରି ପ୍ରଫେସରଙ୍କ ଦରମା ୫୦ ହଜାର ଟଙ୍କା ପର୍ଯ୍ୟନ୍ତ ରହିଛି । ତେବେ ଏଥିପାଇଁ ଅତିକମ୍‌ରେ ୫୦ଟି କ୍ଲାସ କରିବା ବାଧ୍ୟତାମୂଳକ । ଯଦି ତା'ଠୁ କମ୍ ହୁଏ ତା'ହାଲେ ପାରିଶ୍ରମିକ କମିବ । ଉଚ୍ଚଶିକ୍ଷା ବିଭାଗ ପକ୍ଷରୁ ପ୍ରକାଶିତ ମାର୍ଗଦର୍ଶିକାରେ କୁହାଯାଇଛି ଅତିଥି ଅଧ୍ୟାପକମାନେ ବର୍ଷକୁ ୧୦ ଦିନର ଛୁଟି ପାଇବେ । ଚାକିରି ଛାଡ଼ିବା ଆଗରୁ ୩୦ ଦିନର ନୋଟିସ୍ ଦେବେ ।

ତେବେ ଅବସରପ୍ରାପ୍ତମାନଙ୍କୁ ପୁନଃନିଯୁକ୍ତି କ୍ଷେତ୍ରରେ ଅନେକ ପ୍ରଶ୍ନ ସାଧାରଣରେ ଉଙ୍କିମାରେ । ଶିକ୍ଷକତା କେବଳ ଏକ ବୃତ୍ତି ନୁହଁ, ବରଂ ଶିକ୍ଷାଦାନ ହେଉଛି ଶିକ୍ଷକ ଜୀବନର ବ୍ରତ । ଶିକ୍ଷକ କେବେ ଅବସର ନେଇପାରେ ନାହିଁ । ବିପଥଗାମୀ ସମାଜକୁ ସଜାଡ଼ିବାରେ ସେମାନଙ୍କର ଭୂମିକା ଅବର୍ଣ୍ଣନୀୟ । କିନ୍ତୁ ସରକାରଙ୍କର ବିଧିବିଧାନ ଅନୁସାରେ ଶାରୀରିକ ଅକ୍ଷମତା ଦୃଷ୍ଟିରୁ ଶିକ୍ଷକମାନଙ୍କୁ ୬୦ ବର୍ଷ ବୟସରେ ଶିକ୍ଷକତା ବୃତ୍ତିରୁ ଅବସର ଦିଆଯାଏ ଏବଂ ଅବଶିଷ୍ଟ ଜୀବନ ଆତ୍ମସମ୍ମାନର ସହ ବଞ୍ଚିବା ପାଇଁ ସରକାର ପେନସନ୍ ମଧ୍ୟ ଦେଇଥା'ନ୍ତି । ଏଠି ପ୍ରଶ୍ନ ଉଠୁଛି ବୟସାଧିକ୍ୟ କାରଣରୁ ଯାହାକୁ ଅବସର ଦେଲେ ତାଙ୍କୁ ପୁଣି କାର୍ଯ୍ୟକୁ ନିମନ୍ତ୍ରଣ କରିବା ତାଙ୍କ ପାଇଁ ଅସମ୍ମାନ ନୁହେଁ କି? ଯଦି ସେମାନେ ନିଯୁକ୍ତି ହୁଅନ୍ତି ସେମାନେ ଶାରୀରିକ ଓ ମାନସିକ ଭାବେ ଶିକ୍ଷାଦାନ କରିବା ପାଇଁ ପ୍ରସ୍ତୁତ ଥିବେ ତ? ଯଦି ସେମାନେ ଏବେ ପାଠ ପଢ଼େଇବାକୁ ସକ୍ଷମ, ତା' ହେଲେ ସରକାର ତାଙ୍କୁ ଅବସର ଦେଉଛନ୍ତି କାହିଁକି?

ସ୍ଥାୟୀ ଅଧ୍ୟାପକ ନିଯୁକ୍ତି ନହେବା ପର୍ଯ୍ୟନ୍ତ ଅବସରପ୍ରାପ୍ତ ଅଧ୍ୟାପକ, ଯାହାଙ୍କର ବୟସ ସୀମା ୬୦ ରୁ ୬୯ ମଧ୍ୟରେ ହୋଇଥିବ ସେମାନେ ଶିକ୍ଷାଦାନ କରିବେ । ଅର୍ଥାତ୍ ପାଖାପାଖି ଏକ ଦଶନ୍ଧି ଧରି ସରକାର ବୋଧହୁଏ ସ୍ଥାୟୀ ନିଯୁକ୍ତି କରିବେ ନାହିଁ! ବେକାରୀ ସମସ୍ୟା ଉତ୍କଟ ହେବ । ଓଡ଼ିଶା ରାଜ୍ୟ ଏମ୍ପ୍ଲୟମେଣ୍ଟ ଏକ୍ସଚେଞ୍ଜର ତଥ୍ୟ ଅନୁସାରେ ୨୦୨୫ ବର୍ଷ ଆରମ୍ଭରୁ ରାଜ୍ୟରେ ୪୮, ୬୭୮ ଜଣ ସ୍ନାତକୋତ୍ତର ଅଧ୍ୟାପକ ନିମନ୍ତେ ଯୋଗ୍ୟ ଥିଲେ ମଧ୍ୟ ନିଯୁକ୍ତି ନ ପାଇ ବେକାର ଅଛନ୍ତି । ଦିନକୁ ଦିନ ଏହି ଶିକ୍ଷିତ ଯୁବ ବେକାରୀଙ୍କ ସଂଖ୍ୟା ବୃଦ୍ଧି ପାଇବ ବୋଲି ଅନୁମାନ କରାଯାଉଛି । ସେମାନଙ୍କ ପାଇଁ ସରକାର କ'ଣ ସବୁ ରୂପରେଖ ପ୍ରସ୍ତୁତ କରିଛନ୍ତି, ତାହା ସାର୍ବଜନୀନ ହେବା ନିହାତି ଜରୁରୀ ।

୧୯୮୮ ମସିହାରୁ ୨୦୧୬ ମସିହା ପର୍ଯ୍ୟନ୍ତ ସରକାରୀ ଅନୁଦାନପ୍ରାପ୍ତ ମହାବିଦ୍ୟାଳୟରେ ସରକାର ସ୍ଥାୟୀ ଅଧ୍ୟାପକ ନିଯୁକ୍ତି କରିପାରିଲେ ନାହିଁ । ଫଳରେ ସେ ସମୟରେ ଅନେକ ଯୁବ ଅଧ୍ୟାପକ ମହାବିଦ୍ୟାଳୟର ପରିଚାଳନା ସମିତି ଅଧୀନରେ ରହି ଶିକ୍ଷାଦାନ କଲେ । ଯେଉଁମାନଙ୍କ ମଧ୍ୟରୁ କେତେଜଣ ସରକାରୀ ବ୍ୟବସ୍ଥାର ଚରମ ଅବହେଳାର ଶିକାର ହୋଇ ରିକ୍ତ ହସ୍ତରେ ଅବସର ନେଇ ସାରିଲେଣି ତ କେତେଜଣ ଅବସର ନେବାକୁ ପ୍ରସ୍ତୁତ ହେଲେଣି । ଦୀର୍ଘ ଦିନ ଅଧ୍ୟାପନା କଲା ପରେ ମଧ୍ୟ ସେମାନଙ୍କୁ କୌଣସି ଚାକିରି ସର୍ତ୍ତାବଳୀ ମିଳିଲା ନାହିଁ । ସରକାରୀ ଚାକିରିର କୌଣସି ସୁବିଧା ସେମାନେ ପାଇଲେ ନାହିଁ । ପଦୋନ୍ନତି ଓ ପେନସନ୍ ସହିତ ଚାକିରି ସର୍ତ୍ତାବଳୀ ନିମନ୍ତେ ଗୁହାରି କଲେ ମଧ୍ୟ ସରକାର ପ୍ରତ୍ୟାଖାନ କଲେ । ସେମାନଙ୍କର ଅତୀତ ଅଭିଶପ୍ତ, ବର୍ତ୍ତମାନ ରୁଗ୍ଣ ଓ ଭବିଷ୍ୟତ ଅନ୍ଧକାରମୟ । ସରକାର ସେମାନଙ୍କ ପ୍ରତି ଦୟା ମନୋଭାବ ପୋଷଣ କରିବା ଉଚିତ ।

ଏ କ୍ଷେତ୍ରରେ ପୂର୍ବ ତ୍ରୁଟିବିଚ୍ୟୁତି ସଂଶୋଧନପୂର୍ବକ ତୁରନ୍ତ ସଂସ୍କାର ଆଣି ବିହିତ ପଦକ୍ଷେପ ନ ନେଇ ଅବସରଙ୍କୁ ପୁନଃନିଯୁକ୍ତି କେତେ ଯୁକ୍ତିଯୁକ୍ତ? ଅବସରପ୍ରାପ୍ତ ଅଧ୍ୟାପକ ଅଭିଜ୍ଞ, କିନ୍ତୁ ଭାରତୀୟ ଲୋକାଚାର ଉପରେ ଆଧାରିତ ଏକ ଶିକ୍ଷା ବ୍ୟବସ୍ଥାର ପରିକଳ୍ପନା କରି ଭାରତ ସରକାର ଶିକ୍ଷା ବ୍ୟବସ୍ଥାରେ ସଂସ୍କାର ଆଣି ଯେଉଁ ସୁଚିନ୍ତିତ, ସୁଦୃଢ଼, ସୁ-ସଙ୍ଗଠିତ ଶିକ୍ଷାନୀତି (ଜାତୀୟ ଶିକ୍ଷାନୀତି ୨୦୨୦) ପ୍ରଣୟନ କରିଛନ୍ତି, ସେଥିନିମନ୍ତେ ସେମାନେ କେତେ ଯୋଗ୍ୟ ତାହା ସରକାରଙ୍କୁ ଜଣା । କହିବା ବାହୁଲ୍ୟ ଯେ ଏକବିଂଶ ଶତାବ୍ଦୀର ବିଜ୍ଞାନ ଓ ପ୍ରଯୁକ୍ତି ବିଦ୍ୟାର ଯୁଗରେ ଯେତେବେଳେ ସରକାର ଶିକ୍ଷାରେ ଆଧୁନିକୀକରଣ କରିଛନ୍ତି ସେତେବେଳେ ଅବସରପ୍ରାପ୍ତ ଶିକ୍ଷକମାନେ ସେହି ପାରମ୍ପରିକ ଶୈଳୀରେ ରହିଯାଇଛନ୍ତି, ଯାହା ଜାତୀୟ ଶିକ୍ଷାନୀତିର ମୌଳିକତା ଉପରେ ପ୍ରଶ୍ନବାଚୀ ସୃଷ୍ଟି କରିପାରେ । ସରକାର ଗୋଟେ ପଟେ ଅଭିନବ ଶିକ୍ଷାନୀତିର କଥା କହୁଥିବା ବେଳେ ପୁଣି ପୁରୁଣାଙ୍କୁ ମନେପକାଇବା କେତେ ସମୀଚୀନ? ବାର୍ଦ୍ଧକ୍ୟରେ ଯୌବନର ଉତ୍ସାହ କାହୁଁ ଆସିବ?

ଅନ୍ୟପକ୍ଷରେ ଦେଖିଲେ କୌଣସି କ୍ଷେତ୍ରରେ ପୁରୁଖାମାନେ କାହିଁକି ଯୁଗାନ୍ତକାରୀ ପରିବର୍ତ୍ତନର ସ୍ୱପ୍ନ ଦେଖିବେ? ଆମ ଦେଶର ଶିକ୍ଷା ପ୍ରଣାଳୀରେ ଯେଉଁଭଳି ଯୁଗୋପଯୋଗୀ ସଂସ୍କାରମାନ ଆସୁଛି ସେଥିପାଇଁ ସଦ୍ୟତମ ଯୁବ ଉଦ୍ଦୀପନାର ଆବଶ୍ୟକତା ରହିଛି । ନୂତନ ପିଢ଼ିଙ୍କର ନିଯୁକ୍ତି ସୁସ୍ଥ ସାମାଜିକ ବ୍ୟବସ୍ଥା ପାଇଁ ଏକ ସାଧନା । ଯୁବ ଅଧ୍ୟାପକମାନଙ୍କର ଲମ୍ବା ଚାକିରି ସମୟ ସୀମା ଥିବାରୁ ସେମାନେ ଉତ୍ସାହର ସହିତ ଶିକ୍ଷାଦାନରେ ନିଜକୁ ସାମିଲ୍ କରିପାରିବେ । ସରକାର ଅନ୍ତତଃପକ୍ଷେ ଏ ସବୁ ବିଷୟ ପ୍ରତି ଦୃଷ୍ଟି ଦେବାର ଥିଲା । ଅଧୁନା ଶିକ୍ଷା ବ୍ୟବସ୍ଥାର ଗୁରୁତ୍ୱପୂର୍ଣ୍ଣ ସମସ୍ୟା ହେଉଛି ଶିକ୍ଷକମାନଙ୍କର ଜାତିଭେଦ । ମହାବିଦ୍ୟାଳୟରେ ଅଧ୍ୟାପକମାନଙ୍କୁ ସରକାର ବିଭିନ୍ନ ଶ୍ରେଣୀରେ ବିଭାଜିତ କରିଛନ୍ତି । ସମାନ କାମକୁ ସମାନ ଦରମାର ନାରା ଦେଉଥିବା ସରକାର ଶିକ୍ଷକମାନଙ୍କୁ ୟୁଜିସି ଅଧ୍ୟାପକ, ଏସଏସବି ଅଧ୍ୟାପକ, ଗ୍ରାଣ୍ଟ ଇନ୍ ଏଡ ଅଧ୍ୟାପକ, ବ୍ଲକ ଗ୍ରାଣ୍ଟ ଅଧ୍ୟାପକ, ମ୍ୟାନେଜମେଣ୍ଟ ଅଧ୍ୟାପକ, ଠିକା ଅଧ୍ୟାପକ, ଅତିଥି ଅଧ୍ୟାପକ ଆଦି ଶ୍ରେଣୀରେ ବିଭକ୍ତ କରି ଭିନ୍ନ ଭିନ୍ନ ବେତନ ଦେଇଥା'ନ୍ତି । ଗୋଟିଏ ବୃତ୍ତିରେ ଥାଇ ସମାନ କାମ କରି ଭିନ୍ନ ଭିନ୍ନ ବେତନ ପାଉଥିବାରୁ ଅଧ୍ୟାପକମାନେ ହୀନ ମାନସିକତାର ଶିକାର ହେଉଛନ୍ତି । ଏଥିପାଇଁ ଅଧ୍ୟାପକମାନେ ବାରମ୍ବାର ଗୁହାରି କରୁଛନ୍ତି; କିନ୍ତୁ ଫଳ ଶୂନ୍ୟ । ଫଳରେ ସ୍ୱଳ୍ପ ବେତନ ପାଉଥିବା ଅଧ୍ୟାପକମାନେ ନାନା ଦୁଶ୍ଚିନ୍ତା ଭିତରେ ରହିଥା'ନ୍ତି, ଯାହାର ପ୍ରତିକୂଳ ପ୍ରଭାବ ସମଗ୍ର ଶିକ୍ଷା ଉପରେ ପଡ଼ିଥାଏ । ଯେଉଁ ଅଧ୍ୟାପକମାନେ ବେତନ ଦାବି କରୁଛନ୍ତି ସେମାନଙ୍କୁ ରାଜ୍ୟ ସରକାର ଉପଯୁକ୍ତ ବେତନ ନ ଦେଇ ଅବସରପ୍ରାପ୍ତ ଅଧ୍ୟାପକଙ୍କୁ ପେନସନ ସହିତ ଅତିଥି ଅଧ୍ୟାପକର ବେତନ ଦେବା ତେଲିଆ ମୁଣ୍ଡରେ ତେଲ ସଦୃଶ ।

ଶିକ୍ଷା ବ୍ୟବସ୍ଥାକୁ ନ ସୁଧାରିଲେ ସାମାଜିକ ସୁଧାର ବିଳମ୍ବିତ ହୋଇଥାଏ । ସାମାଜିକ ସଦଭାବ ପାଇଁ କରାଯାଉଥିବା ପ୍ରୟାସ ମଧ୍ୟ ବାଧାପ୍ରାପ୍ତ ହୋଇଥାଏ । ଏହାଦ୍ୱାରା ସମାନତାର ଅବସର ପ୍ରଦାନ କରିବାର ସାମ୍ବିଧାନିକ ଆଶ୍ୱାସନା ଉଲ୍ଲଂଘନ ହୋଇଥାଏ । ଭାରତର ମନୀଷୀମାନଙ୍କର ସ୍ୱପ୍ନ ଥିଲା ଯେ ଶିକ୍ଷାର ବିକାଶରେ ଭାରତର ସୁନେଲି ସକାଳ ଅଣାଯାଇପାରିବ । କିନ୍ତୁ ସରକାରଙ୍କର କେତେକ ନିଷ୍ପତ୍ତି ଯୋଗୁଁ ଉଚ୍ଚଶିକ୍ଷା ଅସ୍ତଗାମୀ ସୂର୍ଯ୍ୟ ସଦୃଶ ପ୍ରତୀୟମାନ ହେଲାଣି । ଶିକ୍ଷା ପ୍ରଶାସନ ଶିକ୍ଷାବିତ୍‌ଙ୍କ ହାତରେ ରହିବା ସହିତ ଶିକ୍ଷା ସମ୍ବନ୍ଧୀୟ କୌଣସି ନିଷ୍ପତ୍ତି ନେବା ପୂର୍ବରୁ ଏହି ବ୍ୟବସ୍ଥା ସହ ଜଡ଼ିତ ଥିବା ମହଲର ମତାମତ ନେଲେ କିଛି ସୁଫଳ ଆଶା କରାଯାଇପାରେ । ଜାତୀୟ ଶିକ୍ଷାନୀତି ୨୦୨୦ ଶିକ୍ଷକମାନଙ୍କର ଦକ୍ଷତା, ଅଭିକ୍ଷମତା, ଉତ୍କର୍ଷ ଓ ପାରଦର୍ଶିତା ଆଦି ପ୍ରତି ଗୁରୁତ୍ୱାରୋପ କରୁଥିବା ବେଳେ ଓଡ଼ିଶା ସରକାର କେଉଁଭଳି ପରିସ୍ଥିତିରେ ଅବସରପ୍ରାପ୍ତମାନଙ୍କୁ ନିଯୁକ୍ତି ଦେବେ ତାହା ଚିନ୍ତାର ବିଷୟ ହୋଇଛି । ଯୁବ ଶକ୍ତି ରାଷ୍ଟ୍ର ଶକ୍ତି । ଯୁବକମାନଙ୍କୁ ବେକାର ରଖି କେତେ ଯୁକ୍ତିଯୁକ୍ତ ତାହା ବିଚାର କରିବାର ଆବଶ୍ୟକତା ରହିଛି ।

(ଅଧ୍ୟାପକ, ବାଣିଜ୍ୟ ବିଭଗ)
କଟକ, ମୋ: ୯୪୩୮୦୭୦୮୪୯

## ଧୈର୍ଯ୍ୟହରା ଯୁବସମାଜ ଓ ଆତ୍ମବିଶ୍ୱାସର ପରିବେଶ

ଡ.ବିମଳ ଷଡ଼ଙ୍ଗୀ

ବିଜ୍ଞାନର ଅଗ୍ରଗତି ସହିତ ଆଜିର ଯୁବପିଢ଼ିର ସବୁଠୁ ବଡ଼ ସମସ୍ୟା ହେଉଛି ଡିଜିଟାଲ ନିର୍ଭରତା । ଘଣ୍ଟାଘଣ୍ଟା ଧରି କମ୍ପ୍ୟୁଟର ଗେମ୍, କ୍ରିକେଟ, ସିନେମା, ରିଲ୍ସ, ସାମାଜିକ ଗଣମାଧ୍ୟମ, ନିରନ୍ତର ଡୋପାମିନର ଆସକ୍ତି ଆଦିରୁ ଜାତ ଅତ୍ୟଧିକ ଚାପ ଯୁବସମାଜର ଧ୍ୟାନଶକ୍ତି କମାଇ ଧୈର୍ଯ୍ୟକୁ ନଷ୍ଟ କରୁଛି । ଜୀବନର ଲକ୍ଷ୍ୟରୁ ଭ୍ରମିତ କରୁଛି । ଆଜିର ଯୁବସମାଜ ଚାହାନ୍ତି ତୁରନ୍ତ ସଫଳତା । କିନ୍ତୁ ସଫଳତାକୁ ପାଇବାକୁ ହେଲେ ପରିଶ୍ରମ, ଶିଷ୍ଟାଚାର, ସହନଶୀଳତା, ଧୈର୍ଯ୍ୟ ଆଦି ଗୁଣର ଆବଶ୍ୟକତାକୁ ଭୁଲିଯାଆନ୍ତି ସେମାନେ । ଅନୁକରଣର ସଂସ୍କୃତି ସେମାନଙ୍କୁ ବିପଥଗାମୀ କରିଛି । ସାମାଜିକ ଗଣମାଧ୍ୟମ, ଗ୍ଲାମର୍, ଧନ, ଚାକଚକ୍ୟ ଜୀବନଶୈଳୀ, ନୀତିହୀନ ସେବା ଓ ତ୍ୟାଗହୀନ ଓ ଜ୍ଞାନହୀନ ତତ୍ତ୍ୱ ସେମାନଙ୍କ ଆଦର୍ଶ ହୋଇଯାଇଛି । ଚରିତ୍ର ଓ ନୀତିର ଅଭାବ ହେତୁ ଅନେକ ସ୍ଥାନରେ ଅସତ୍ୟ, ଠକେଇ, ଭ୍ରଷ୍ଟାଚାର, ଦୁର୍ନୀତି ଆଦି ଯୁବସମାଜକୁ ଆକର୍ଷିତ କରୁଛି । ଅନୁଶାସନହୀନତା ସହିତ ଅନିୟମିତ ଜୀବନଶୈଳୀ, ଅପପୁଷ୍ଟିକର ଖାଦ୍ୟର ଲାଳସା ଆଦି ସେମାନଙ୍କ ମନ ଓ ଦେହକୁ ଦୁର୍ବଳ କରୁଛି । ଶଠତାପୂର୍ଣ୍ଣ ନେତୃତ୍ୱ ଓ ଅପସଂସ୍କୃତି ଆଜି ଯୁବସମାଜକୁ ଉଦ୍‌ଭ୍ରାନ୍ତ କରୁଛି ।

୨୦୦୦ ମସିହା ପରଠାରୁ ଭାରତରେ ଜନ୍ମିତ ପିଲାମାନେ ପିଲାଦିନରୁ ଅପେକ୍ଷାକୃତ ଆରାମଦାୟକ ପରିବେଶରେ ବଢ଼ି ଆସିଛନ୍ତି । ଅଧିକାଂଶ ପିଲା ଜନ୍ମରୁ ଅଭାବ ଓ ସଂଘର୍ଷ କ'ଣ ଜାଣିବାର ସୁଯୋଗ ପାଇ ନାହାନ୍ତି । ଡିଜିଟାଲ୍ ଯୁଗରେ ସେହି ପିଲାମାନେ ଆଜି ଯୁବାବସ୍ଥାରେ ପହଞ୍ଚିଛନ୍ତି । ରାଜନୈତିକ ଦଳମାନେ ସ୍ୱାର୍ଥ ପାଇଁ ସେମାନଙ୍କୁ ମଦ, ମାଂସ ଓ ବିଭିନ୍ନ ଅନୀତିକର କାର୍ଯ୍ୟ ଦ୍ୱାରା ନିୟୋଜିତ କରନ୍ତି ଏବଂ ସେମାନଙ୍କ ପାଇଁ ଏକ ଅସୁରକ୍ଷିତ ଭବିଷ୍ୟତର ଆଚ୍ଛାଦନ ସୃଷ୍ଟି କରନ୍ତି । ସହଜଲବ୍ଧ ସାମାଜିକ ଗଣମାଧ୍ୟମ ପ୍ରଭାବରେ ଅନ୍ୟମାନଙ୍କ ସହ ତୁଳନାରେ ନିଜକୁ ହେୟ ଭାବିବା ସହିତ ନିଜ ଭିତରେ କ୍ଷୋଭ, ଚିଡ଼ିଚିଡ଼ା ପଣ, କ୍ରୋଧ, ପ୍ରତିକ୍ରିୟା ଓ ଧୈର୍ଯ୍ୟ ହ୍ରାସ ଆଦି ସ୍ୱଭାବ ସୃଷ୍ଟି ହୋଇଛି । ଆଜିର ପିଲାମାନଙ୍କ ଭିତରେ କୌଣସି କାର୍ଯ୍ୟକ୍ଷେତ୍ରରେ ସେମାନଙ୍କର ଆତ୍ମୀୟତା ପରିଲକ୍ଷିତ ହୁଏ ନାହିଁ । ଏହା 'ଜବ ହୋପିଙ୍ଗ' ସଂସ୍କୃତି ନାମରେ ବେଶ ଆଦୃତ । ନିଜର ପିତାମାତାଙ୍କ ସହିତ ସେମାନଙ୍କର ସମ୍ପର୍କ ବିବାହ ପରେ ସଂକୀର୍ଣ୍ଣ ହୋଇଥାଏ । ସେହି ମନୋବୃତ୍ତିରୁ ସେମାନଙ୍କ ବୈବାହିକ ସମ୍ପର୍କ ମଧ୍ୟ କ୍ଷଣସ୍ଥାୟୀ ହୋଇଥାଏ । କ୍ରମଶଃ ଏକ ନିଃସଙ୍ଗ ଚାପଗ୍ରସ୍ତ ଜୀବନଶୈଳୀର ସାଥୀ ହୋଇ ସମାଜର ଦୁର୍ଗତିର କାରଣ ହୁଅନ୍ତି ।

ଆମର ପ୍ରଥମ କର୍ତ୍ତବ୍ୟ ଯୁବସାମାଜଙ୍କ ସମସ୍ୟାକୁ ଭଲଭାବରେ ଶୁଣିବା ଓ ବୁଝିବା । କାରଣ ଆମେ ସେମାନଙ୍କୁ ତୁରନ୍ତ ପରାମର୍ଶ ଦେଲେ ସେମାନେ ଆମକୁ ଅନୁସରଣ କରିବେ ନାହିଁ । ଯେତେବେଳେ ସେମାନେ ଆପଣଙ୍କୁ ବୁଝିପାରିବେ ସେତେବେଳେ ସେମାନେ ମାର୍ଗଦର୍ଶନ ପାଇଁ ଆପଣଙ୍କର ସାହାଯ୍ୟ ନେବେ । ସେମାନଙ୍କୁ ସମ୍ମାନ ମାଧ୍ୟମରେ ବିଶ୍ୱାସ ସୃଷ୍ଟି କରିବାକୁ ପଡ଼ିବ । କେବେବି ସେମାନଙ୍କୁ ଅପମାନ, ତୁଳନା କିମ୍ବା ଲଜ୍ଜିତ କରିବା ଠିକ ନୁହେଁ । ଉଦାହରଣ ସ୍ୱରୂପ ଆମକୁ କହିବାକୁ ପଡ଼ିବ 'ମୁଁ ବୁଝିପାରୁଛି ତୁମେ କେଉଁ ସମସ୍ୟା ଦେଇ ଗତି କରୁଛ', 'ଆମେ ଏହାକୁ ଏକାଠି ସମାଧାନ କରିପାରିବା' ଇତ୍ୟାଦି । ସମ୍ମାନ, ଧୈର୍ଯ୍ୟ, ଗଠନମୂଳକ ଚିନ୍ତାଧାରା ସହିତ ସମସ୍ୟା ସମାଧାନର ଦ୍ୱାର ଖୋଲିଥାଏ । ସୁବିଧା, ଅସୁବିଧା କ'ଣ ସେମାନଙ୍କୁ ବୁଝାନ୍ତୁ । କେବଳ ନିୟମ ନୁହେଁ, ଆଜିର ଯୁବସମାଜ ଯେତେବେଳେ ନିଜର ଲାଭକୁ ପାଇବା ଅନୁଭବ କରନ୍ତି ସେତେବେଳେ ସେମାନେ ନିୟମ ପାଳନ କରନ୍ତି । ସେହିପରି ମୋବାଇଲ ଫୋନ୍ ବ୍ୟବହାର ହ୍ରାସ କରିବାକୁ ପରାମର୍ଶ ପରିବର୍ତ୍ତେ ଆପଣ କହିପାରନ୍ତି 'ଯଦି ତୁମେ ପ୍ରତିଦିନ ଗୋଟିଏ ଘଣ୍ଟା ପାଇଁ ଫୋନ୍ ବ୍ୟବହାର ହ୍ରାସ କର ତେବେ ତୁମର ଏକାଗ୍ରତା ବୃଦ୍ଧି ପାଇବ ଏବଂ ତୁମେ କମ୍ ଚାପ ଅନୁଭବ କରିବ ।'

ଛୋଟ ଛୋଟ ସଫଳତା ପାଇବାକୁ ଉତ୍ସାହିତ କରନ୍ତୁ । ବଡ଼ ପରିବର୍ତ୍ତନ ପାଇଁ ବାଧ୍ୟ କରନ୍ତୁ ନାହିଁ । ସରଳ ଅଭ୍ୟାସ ସହିତ ସେମାନଙ୍କୁ ପରାମର୍ଶ ଦିଅନ୍ତୁ । ଯେପରି, ଦିନକୁ ବାହାରେ ୧୦ ମିନିଟ୍ ଚାଲିଲେ ଆତ୍ମବିଶ୍ୱାସ ଓ ଧୈର୍ଯ୍ୟ ବୃଦ୍ଧି ହୁଏ । ଅନ୍ୟ ସହିତ ତୁଳନା କରିବା ବନ୍ଦ କରନ୍ତୁ । ଏହା ଚାପ ହ୍ରାସ କରେ ଏବଂ ଧୈର୍ଯ୍ୟ ବୃଦ୍ଧି କରେ । ଏକ ସହାୟକ ପରିବେଶ ସୃଷ୍ଟି କରନ୍ତୁ । ପରିବେଶ ପରାମର୍ଶ ଅପେକ୍ଷା ଆଚରଣକୁ ଅଧିକ ଆକାର ଦିଏ । ବାସ୍ତବ ଜୀବନ କାର୍ଯ୍ୟକଳାପକୁ ଉତ୍ସାହିତ କରନ୍ତୁ । କ୍ରୀଡ଼ା, ଚାଲିବା, ଯୋଗ, ଯେକୌଣସି ହବି ଯଥା - ସଙ୍ଗୀତ, କଳା, ପଠନ ଆଦି କାର୍ଯ୍ୟକଳାପଗୁଡ଼ିକ ସ୍ୱାଭାବିକ ଭାବରେ ଧୈର୍ଯ୍ୟ ଓ ଶୃଙ୍ଖଳା ଶିଖାଏ । ସେମାନଙ୍କର ପ୍ରତ୍ୟେକ ଛୋଟ ଉନ୍ନତିକୁ ପ୍ରଶଂସା କରନ୍ତୁ । ପ୍ରଶଂସା ପ୍ରେରଣା ବଢ଼ାଏ ଆଉ ପ୍ରେରଣା ଧୈର୍ଯ୍ୟ ବଢ଼ାଏ । ଆପଣ ନିଜେ ଏକ ଆଦର୍ଶ ହୁଅନ୍ତୁ । ଆପଣ ମଧ୍ୟ ମୋବାଇଲ ଫୋନ ଓ ଟିଭିରୁ ମନ ହଟାଇବାକୁ ଚେଷ୍ଟା କରନ୍ତୁ । କାରଣ ସେମାନେ ଆପଣଙ୍କ ପରାମର୍ଶ ଅପେକ୍ଷା ଆପଣଙ୍କୁ ନିରୀକ୍ଷଣ କରି ଅଧିକ ଶିଖନ୍ତି । ଯଦି ଆପଣ ଶାନ୍ତ ରୁହନ୍ତି ଏବଂ ଧୈର୍ଯ୍ୟର ସହିତ ସମସ୍ୟାଗୁଡ଼ିକୁ ପରିଚାଳନା କରନ୍ତି ତେବେ ସେମାନେ ତାହାକୁ ଅନୁକରଣ କରିବେ ।

ଧୈର୍ଯ୍ୟ ଗୋଟିଏ ଅଭ୍ୟାସ । ନିୟମିତ ସଠିକ ମାର୍ଗଦର୍ଶନ, ଶାନ୍ତ ପରିବେଶ ଓ ସକାରାତ୍ମକ ମନୋଭାବ ଦ୍ୱାରା ବୃଦ୍ଧି ହେବାକୁ ସମୟ ଲାଗେ । ଯଦି ଯୁବସମାଜ ଧୈର୍ଯ୍ୟଶୀଳ ହେବେ, ତେବେ ନିଜ ଜୀବନ, ସମାଜ ଓ ଦେଶ ଅଧିକ ସୁଦୃଢ଼ ହେଇପାରିବ । ସାମାଜିକ ଓ ରାଜନୈତିକ ବ୍ୟବସ୍ଥାରେ ଉନ୍ନତି ସହିତ ସଚ୍ଚୋଟତା, ଉତ୍କୃଷ୍ଟ ଶିକ୍ଷାପ୍ରଣାଳୀ, ପରିବାର ସହାୟତା ଓ ଶାସନ ବ୍ୟବସ୍ଥାରେ ସ୍ୱଚ୍ଛତା, ସର୍ବୋପରି ସାମୂହିକ ପ୍ରୟାସ ଦ୍ୱାରା ଯୁବସମାଜ ନିଜର ଜୀବନକୁ ଧୈର୍ଯ୍ୟ, ସହିଷ୍ଣୁତା ଓ ଶାନ୍ତିପୂର୍ଣ୍ଣ ଦିଗକୁ ନେଇଯିବାକୁ ସମର୍ଥ ହୋଇପାରିବେ ।

ଭୁବନେଶ୍ୱର, ମୋ: ୯୪୩୭୧୨୩୮ ୯୨

## ଦୀପ୍ତିମାନ ଗଛ

ବିଜ୍ଞାନ ବାର୍ତ୍ତା

ଶ୍ରୀନନ

କେତେକ ଜୀବଙ୍କର ଶୀତଳ ଆଲୋକ ବିକିରଣକାରୀ ଗୁଣ ରହିଛି । ଏହା ସେମାନଙ୍କ ଜୀବନଯାତ୍ରା ପ୍ରକ୍ରିୟାର ଏକ ଅଂଶ ବିଶେଷ । ଏହି ଆଲୋକକୁ ଜୀବଦୀପ୍ତି ବା ବାୟୋଲୁମିନ୍ସେନ୍ସ (Biolumінerscence) ବୋଲି କୁହାଯାଏ । ଜୁଳୁଜୁଳିଆ ପୋକ ତାହାର ତଳିପେଟରେ ଥିବା ଏକ ବିଶଷ ଅଙ୍ଗରୁ ଏହା କରେ । ତାର ଯୌନ ସାଥୀ ଏବଂ ଶିକାରକୁ ଆକୃଷ୍ଟ କରିବାରେ ଏହା ସହାୟକ ହୁଏ । ସେହିପରି ଅଙ୍ଗାରମାଛ (Angles fish) ର ପାଟି ଆଗକୁ ଥିବା ଏକ ଅଙ୍ଗରୁ ଏପରି ଅଲୋକ ବାହାରି ତା' ଶିକାରକୁ ଆକୃଷ୍ଟ କରେ । କେତେକ ଶ୍ରେଣୀର ସ୍କୁଇଡ (Squid)ଙ୍କର ବି ଆଲୋକ ସୃଷ୍ଟିକାରୀ ଅଙ୍ଗର ରହିଛି । ସେମାନେ ସେଥିରୁ ଆଲୋକର ବାଦଲ ନିର୍ଗତ କରିପାରନ୍ତି, ଯାହାକି ସେମାନଙ୍କ ଶିକାରୀଜୀବମାନଙ୍କୁ ଭୟଭୀତ କରେ । ଅନ୍ୟ ପକ୍ଷରେ କେତେକ ସମୁଦ୍ରବାସୀ ପ୍ଲାଙ୍କଟନ୍ (Plankrun) ଅଜ୍ଞାତ ପରିବେଶର ସମ୍ମୁଖୀନ ହେଲେ ଶରୀରରୁ ଆଲୋକ ସୃଷ୍ଟି କରନ୍ତି । ଏହା ତାଙ୍କ ଜୀବକୋଷ ମଧ୍ୟରେ ସୃଷ୍ଟି ହୁଏ ଏବଂ ଚତୁଃପାର୍ଶ୍ୱକୁ ଆଲୋକିତ କରେ । କେତେକ ଶ୍ରେଣୀର କବକ ବା ଫଙ୍ଗସ୍ (Fungus) ମଧ୍ୟ ଏପରି କରିପାରନ୍ତି । ଏହାକୁ ଫକ୍ସ ଫାୟାର୍ (Fox fine) ବୋଲି କୁହାଯାଏ । ଏହି ଜୀବଦୀପ୍ତ ସେମାନଙ୍କଠାରେ ଥିବା ଲ୍ୟୁସିଫେରିନ୍ (Luciferin) ନାମକ ଏକ ଜୈବରାସାୟନିକ ପଦାର୍ଥ ଏବଂ ଲ୍ୟୁମିସିଫେରେଜ (Luciferase) ନାମକ ଏନଜାଇମ ମଧ୍ୟରେ ପ୍ରତିକ୍ରିୟା ଯୋଗୁଁ ସୃଷ୍ଟିହୁଏ ।

ଗଛଲତାମାନଙ୍କଠାରେ ସାଧାରଣତଃ ଏପରି ହେବାର ଦେଖାଯାଏ ନାହିଁ । ତେବେ ନିକଟରେ ବୈଜ୍ଞାନିକମାନେ 'ବାୟୋଲୁମିନ୍ସେନ୍ସ) କବକମାନ ବ୍ୟବହାର କରି ଏମାନଙ୍କୁ ଦୀପ୍ତିମାନ କରିବା ଏବଂ ତାଙ୍କଠାରୁ ଦୀପ୍ତିମାନ କାଠ ଉତ୍ପାଦନ କରିବାକୁ ସମର୍ଥ ହୋଇଛନ୍ତି । ଏହି ପ୍ରକ୍ରିୟାରେ ସେମାନେ ଗଛମାନଙ୍କ ଦେହରେ ଏହି ଜାତୀୟ କବକ ଏବଂ ତା'ର ଅଭିବୃଦ୍ଧିରେ ସହାୟତା କରୁଥିବା କେତେକ ପୁଷ୍ଟି ଇଜେକ୍ସନ ଆକାରରେ ଦେଉଛନ୍ତି । ଫଳରେ ସେଗୁଡ଼ିକ ସେଥିରେ ବଂଶବିସ୍ତାର କରି ଶୀତଳ ନୀଳ ଆଲୋକ ଉତ୍ପନ୍ନ କରୁଛନ୍ତି । ଏପରିକି ଗଛର ମୃତ୍ୟୁପରେ ମଧ୍ୟ ଦୀର୍ଘକାଳ ଧରି ତାହା ତହିଁରୁ ନିର୍ଗତ ହେଉଛି ।

ଆଶାକରାଯାଉଛି ଯେ ଏପ୍ରକାର ନୂତନତା ପ୍ରବର୍ତ୍ତନକାରୀ ସଫଳତା ପରିବେଶ ଅନୁକୂଳ ଆଲୋକର ଉତ୍ସ ରୂପେ କାର୍ଯ୍ୟ କରିପାରିବ । ଅତଏବ ପାରମ୍ପରିକ ବିଦ୍ୟୁତ୍ ଶକ୍ତିର ବ୍ୟବହାର ହ୍ରାସ ପାଇବ । ଏହି ଶକ୍ତିର ପ୍ରାୟ ୭୦ ଶତାଂଶ ଉତ୍ପନ୍ନ ହୋଇଥାଏ କୋଇଲା ଆଦି ଜୀବାଶ୍ମ ଇନ୍ଧନର ବ୍ୟବହାରରେ । ଫଳରେ ତହିଁରୁ ନିର୍ଗତ ହୁଏ ପ୍ରଚୁର ଅଙ୍ଗାରକାମ୍ଳ ତଥା ଅନ୍ୟାନ୍ୟ ପ୍ରଦୂଷଣକାରୀ ପଦାର୍ଥ । ବର୍ତ୍ତମାନର ନୂତନ ପ୍ରକ୍ରିୟାଟି ବହୁଳ ଭାବେ ବ୍ୟବହାରକ୍ଷମ ହୋଇପାରିଲେ ଏ ସମସ୍ୟା ଲାଘବ ହେବ ।

ବୈଜ୍ଞାନିକମାନେ ଜଙ୍ଗଲ ତଥା ନିର୍ଜନ ରାସ୍ତାଘାଟ କଡ଼ରେ ଥିବା ଗଛଲତାଙ୍କଠାରେ ଏହା ପ୍ରୟୋଗ କରିବା କଥା ଚିନ୍ତା କରୁଛନ୍ତି । ଅତଏବ ସେସବୁ ସ୍ଥାନ ଆଲୋକିତ ଓ ବିପଦମୁକ୍ତ ହୋଇପାରିବ । ପୁନଶ୍ଚ ଏବର ପ୍ରାକୃତିକ ଆଲୋକ ଜୀବଜନ୍ତୁମାନଙ୍କ ପାଇଁ ଅଧିକ ଗ୍ରହଣୀୟ ହେବ । ଅନ୍ୟପକ୍ଷରେ, ଏପ୍ରକାର ଗଛରେ କାଠରେ ଘରୋଇ ଉପକରଣମାନ ତିଆରି କରାଗଲେ ବିଦ୍ୟୁତ୍ ଆଦି କୃତ୍ରିମ ଆଲୋକର ଆବଶ୍ୟକତା ହ୍ରାସ ପାଇବ । ପୁନଶ୍ଚ ମନ୍ଦିର, ବିବାହ ମଣ୍ଡପ ଆଦିର ସାଜସଜାରେ ମଧ୍ୟ ଏହାର ବ୍ୟବହାର ହୋଇପାରିବ ।

ଏଭଳି ବାୟୋଲୁମିନ୍ସେନସ ଉତ୍ପାଦନକାରୀ କବକ ବ୍ୟବହାର କରି ଦୀପ୍ତିମାନ ଗଛଲତା ଓ କାଠ ଉତ୍ପନ୍ନ କରିବା ଏକ ଅତ୍ୟନ୍ତ ସହନୀୟ ପ୍ରକ୍ରିୟା ହୋଇପାରିବ । ଏଥିରେ ବିଦ୍ୟୁତ୍ ଉତ୍ପାଦନ ପାଇଁ ତାପଜ ବିଦ୍ୟୁତ୍ କେନ୍ଦ୍ର ବା ଜଳ ବିଦ୍ୟୁତ୍ କେନ୍ଦ୍ରମାନ ସ୍ଥାପନର ଆବଶ୍ୟକତା ହ୍ରାସ ପାଇବ । ଅତଏବ ଅଙ୍ଗାରକାମ୍ଳ ତଥା ଅନ୍ୟାନ୍ୟ ପ୍ରଦୂଷକମାନଙ୍କ ନିର୍ଗମନ ତଥା ବନ ଧ୍ୱଂସ ଆଦି ସୀମିତ ହେବ । ପୁନଶ୍ଚ ଏହି ପରିବେଶ ଅନୁକୂଳ ଆଲୋକ ମଧ୍ୟ ମଣିଷ ଏବଂ ଅନ୍ୟାନ୍ୟ ଜୀବଜନ୍ତୁମାନଙ୍କ ସ୍ୱାସ୍ଥ୍ୟ ଅନୁକୂଳ ବୋଲି ମନେ କରାଯାଉଛି । ତେବେ ଏ ପ୍ରକ୍ରିୟାର ବ୍ୟାପକ ବ୍ୟବହାର ଲାଗି ଲୋଡ଼ା ଆହୁରି ଅନେକ ପରୀକ୍ଷା ନିରୀକ୍ଷା ଏବଂ ତାହାର ଅଧିକ ବିକାଶ ।

ଯମପଡ଼ା(କେନ୍ଦ୍ରାପଡ଼ା), ମୋ: ୯ ୯୩୭୩୦୧୪୬୦

## ଲେଖକ/ଲେଖିକାଙ୍କ ନିମନ୍ତେ ସୂଚନା

୧. 'ସକାଳ'ର ସମ୍ପାଦକୀୟ ପୃଷ୍ଠା ପାଇଁ ପ୍ରଥମ ଲେଖା ସର୍ବାଧିକ ୯୦୦ ଶବ୍ଦ ଏବଂ ଦ୍ୱିତୀୟ ଲେଖା ସର୍ବାଧିକ ୫୦୦ ଶବ୍ଦ ମଧ୍ୟରେ ସୀମିତ ରଖିବା ବାଞ୍ଛନୀୟ ।
୨. ଲେଖା ପ୍ରକାଶନ ସମ୍ପର୍କରେ ସମ୍ପାଦନା ମଣ୍ଡଳିର ନିଷ୍ପତ୍ତି ଚୂଡ଼ାନ୍ତ । ଲେଖାର କେବଳ ସମ୍ପାଦିତ ଅଂଶ ହିଁ ପ୍ରକାଶିତ ହେବ ।
୩. 'ସକାଳ'କୁ ପଠାଇଥିବା ସମାନ ଲେଖା ଏକାଧିକ ଖବରକାଗଜ/ପତ୍ରପତ୍ରିକାରେ ପ୍ରକାଶିତ ହେଲେ ଏବଂ ଅତୀତରେ ପ୍ରକାଶିତ ଲେଖାକୁ ପୁଣି ଥରେ ପଠାଇବା ଜଣାପଡ଼ିଲେ ଭବିଷ୍ୟତରେ ସମ୍ପୃକ୍ତ ଲେଖକ/ଲେଖିକାଙ୍କ ଲେଖା ଆଉ ବିଚାରକୁ ନିଆଯିବ ନାହିଁ ।
୪. ଲେଖା ପଠାଇବାର ୭ ଦିନ ମଧ୍ୟରେ ପ୍ରକାଶିତ ନ ହେଲେ ଲେଖକ/ଲେଖିକା ତାହାକୁ ଅନ୍ୟ ଖବରକାଗଜ/ପତ୍ରପତ୍ରିକାକୁ ପଠାଇ ପାରିବେ ।
୫. ସାମ୍ପ୍ରଦାୟିକ ଉତ୍ତେଜନା ସୃଷ୍ଟିକାରୀ, ବ୍ୟକ୍ତିଗତ ଆକ୍ରୋଶମୂଳକ ଓ ପ୍ରଶଂସାସୂଚକ ଲେଖା ପ୍ରକାଶିତ ହେବ ନାହିଁ । ପ୍ରସଙ୍ଗଭିତ୍ତିକ, ସୁସ୍ଥ ଓ ବୌଦ୍ଧିକ ସମାଲୋଚନାମୂଳକ ଲେଖାକୁ ଅଗ୍ରାଧିକାର ଦିଆଯିବ ।
୬. ଲେଖା ପ୍ରକାଶନର ଅନ୍ତର ଅନ୍ୟୁନ ୧୫ ଦିନ ରହିବ ।
୭. 'ସକାଳ' ଓଡ଼ିଶାର ବୃହତ୍ ପାଠକବର୍ଗଙ୍କର । ସେମାନଙ୍କ ରୁଚି, ଆଗ୍ରହ ଓ ଚାହିଦାକୁ ସମ୍ମାନ ଜଣାଇବା ଆମ ସମସ୍ତଙ୍କର କର୍ତ୍ତବ୍ୟ । ଏହାକୁ ହୃଦୟଙ୍ଗମ କରି ଉପରୋକ୍ତ ମାର୍ଗଦର୍ଶିକାକୁ ସଯତ୍ନ ଅନୁପାଳନ ପାଇଁ ଲେଖକ/ଲେଖିକାଙ୍କୁ ପୁଣି ଥରେ ବିନମ୍ର ଓ ସଶ୍ରଦ୍ଧ ଅନୁରୋଧ କରୁଛୁ ।

କାର୍ଯ୍ୟନିର୍ବାହୀ ସମ୍ପାଦକ



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ । ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ ।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ଆରମ୍ଭରୁ ଏସ୍ଆଇଆର୍...

ବିରୋଧୀ ଦଳର ନେତା ମଲ୍ଲିକାର୍ଜୁନ ଖଡ଼ଗେ ମଧ୍ୟ ରାଧାକ୍ରିଷ୍ଣନଙ୍କୁ ସ୍ୱାଗତ କରି ଆଶା ପ୍ରକାଶ କରିଥିଲେ ଯେ ସେ ଗୃହ ପରିଚାଳନାରେ ନିରପେକ୍ଷତା ଅବଲମ୍ବନ କରି ସଂସଦୀୟ ମର୍ଯ୍ୟାଦାକୁ ଅକ୍ଷୁଣ୍ଣ ରଖିବେ। ଏହି ସମୟରେ ସେ ପୂର୍ବତନ ଉପରାଷ୍ଟ୍ରପତି ଜଗଦୀପ ଧନଖଡ଼ଙ୍କ ଅଚାନକ ଇସ୍ତଫା ପ୍ରସଙ୍ଗ ଉଠାଇଥିଲେ। ଧନଖଡ଼ଙ୍କୁ ବିଦାୟ ସମ୍ବର୍ଦ୍ଧନା ଦିଆଯାଇ ପାରିଲା ନାହିଁ ବୋଲି ସେ ଉଲ୍ଲେଖ କରିଥିଲେ। ତେବେ ତାଙ୍କର ଏହି ବକ୍ତବ୍ୟକୁ ସରକାରୀ ସଭ୍ୟ ଦୃଢ଼ ବିରୋଧ କରିଥିଲେ। ନୂଆ ଅଧ୍ୟକ୍ଷଙ୍କୁ ସ୍ୱାଗତ ସମ୍ବର୍ଦ୍ଧନା ଦିଆଯାଉଥିବା ବେଳେ ପୁରୁଣା କଥା ଉଠାଇବା ଠିକ୍ ନୁହେଁ ବୋଲି ମନ୍ତ୍ରୀ ରିଜିଜୁ ଏବଂ ଜେପି ନଡ୍ଡା କହିବା ସହିତ ଖଡ଼ଗେଙ୍କର ସମାଲୋଚନା କରିଥିଲେ। ନଡ୍ଡା କହିଥିଲେ ଯେ ଖଡ଼ଗେ ମାନସିକ ରୂପେ ଅସୁସ୍ଥ ଥିବାରୁ ସେ ଡାକ୍ତରଙ୍କୁ ଯାଇ ଦେଖା କରନ୍ତୁ।

ଇତିମଧ୍ୟରେ ଏସ୍ଆଇଆର୍ ଉପରେ ଆଲୋଚନା ପାଇଁ ବିରୋଧୀ ସଦସ୍ୟମାନେ ଦେଇଥିବା ଏକାଧିକ ମୁଲତବୀ ନୋଟିସ୍‌କୁ ରାଜ୍ୟସଭା ଅଧ୍ୟକ୍ଷ ଖାରଜ କରିଦେଇଥିଲେ। ଜିରୋ ଆୱାର ବେଳେ ଏହି ପ୍ରସଙ୍ଗ ଉଠାଇବା ଲାଗି ରାଧାକ୍ରିଷ୍ଣନ ବିରୋଧୀ ସଦସ୍ୟମାନଙ୍କୁ ପରାମର୍ଶ ଦେଇଥିଲେ। କିନ୍ତୁ ବିରୋଧୀ ସଭ୍ୟ ଏହାକୁ ଗ୍ରହଣ ନକରି ଗୃହତ୍ୟାଗ କରିଥିଲେ। ଅନ୍ୟପକ୍ଷରେ ଶୀତ ସଂସଦ ଅଧିବେଶନ ପୂର୍ବରୁ ପ୍ରଧାନମନ୍ତ୍ରୀ ମୋଦୀ ଗଣମାଧ୍ୟମରେ ଦେଇଥିବା ବିବୃତିକୁ ବିରୋଧୀ ଦଳ ସମାଲୋଚନା କରିଥିଲେ। ମୋଦୀ କହିଥିଲେ ଯେ କାମ କରିବା ପରିବର୍ତ୍ତେ ବିରୋଧୀ ସଭ୍ୟ ସଂସଦ ।।ରେ ଡ୍ରାମାବାଜି କରୁଛନ୍ତି। କଂଗ୍ରେସ ନେତ୍ରୀ ପ୍ରିୟଙ୍କା ଗାନ୍ଧୀ ପ୍ରଧାନମନ୍ତ୍ରୀଙ୍କର ସମାଲୋଚନା କରି କହିଲେ ଯେ ବିରୋଧୀ ସଭ୍ୟମାନେ ଗୃହରେ ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗ ଉଠାଇବାକୁ ଚାହାନ୍ତି। ଏହା କଣ ଡ୍ରାମାବାଜି ବୋଲି ସେ ପ୍ରଶ୍ନ କରିଥିଲେ।

### ୫ ସହରରେ...

କିଭଳି ଘରେ ଘରେ ପରିଚିତ ହୋଇପାରିଛି ଓ ପାଠକୀୟ ଆଦୃତି ଲାଭ କରିପାରିଛି ସେ ବିଷୟରେ ବକ୍ତବ୍ୟ ରଖିଥିଲେ। ସମ୍ମାନିତ ଅତିଥି ତଥା ପୂର୍ବତନ ସାଂସଦ, ଭାରତୀୟ କ୍ରିକେଟ ଟିମ୍‌ର ପୂର୍ବତନ ମ୍ୟାନେଜର ତଥା ଆଇପିଏଲର ପୂର୍ବତନ ଅଧ୍ୟକ୍ଷ ରଞ୍ଜିବ ବିଶ୍ୱାଳ 'ସକାଳ'ର ପ୍ରୟାସକୁ ପ୍ରଶଂସା କରିଥିଲେ। ଚା' ପରି ଅନେକଙ୍କ ପାଇଁ ସମ୍ବାଦପତ୍ର ଅନେକଙ୍କ ପାଇଁ ଏକ ନିଶା ବୋଲି ଉଲ୍ଲେଖ କରି ସେ ସମସ୍ତଙ୍କୁ ସ୍ୱାସ୍ଥ୍ୟ ସଚେତନ ହେବାକୁ ପରାମର୍ଶ ଦେଇଥିଲେ। ଅନୁରୂପ ଭାବରେ ଓଲିଉଡ଼ ଅଭିନେତ୍ରୀ ତଥା ସମାଜସେବୀ ବର୍ଷା ପ୍ରିୟଦର୍ଶିନୀ, ମିସେସ୍ ୱାଲର୍ଡ ୱାଇଡ୍(ଦୁବାଇ) ସଙ୍ଗୀତା ନାୟକ, ହିରୋ ମୋଟୋ କର୍ପର ଏରିଆ ମ୍ୟାନେଜର ଉଜ୍ଜ୍ୱଳ କୋହଲି ପ୍ରମୁଖ ଅତିଥି ରୂପେ ଯୋଗ ଦେଇଥିଲେ। ମିନି ମାରାଥନରେ ପୁରୁଷ ବିଭାଗରେ ପ୍ରଥମ ହୋଇଥିବା ଶଶିକାନ୍ତ ଓରାମ୍, ଦ୍ୱିତୀୟ ସ୍ଥାନ ଏସ୍. ଲୋକନାଥ ଏବଂ ତୃତୀୟ ସ୍ଥାନ ଅଧିକାର କରିଥିବା ପରମେଶ୍ୱର ମାଝୀଙ୍କୁ ଅତିଥିମାନେ ପୁରସ୍କାର ପ୍ରଦାନ କରିଥିଲେ। ଅନୁରୂପ ଭାବରେ ମହିଳା ବର୍ଗରେ ପ୍ରଥମସ୍ଥାନ ଅଧିକାର କରିଥିବା ମାମିନା ମୁର୍ମୁ, ଦ୍ୱିତୀୟ ପ୍ରଜ୍ଞାଶ୍ରୀ ସୁନ୍ଦର ରାୟ ଦ୍ୱିତୀୟ ଓ ତୃତୀୟସ୍ଥାନ ଅଧିକାର କରିଥିବା ଜଲି ସ୍ୱାଇଁଙ୍କୁ ଅତିଥିମାନେ ପୁରସ୍କୃତ କରିଥିଲେ।

'ହିରୋ ମୋଟୋ କର୍ପ' ଓ 'ଫାଲକନ୍' ସହଯୋଗରେ ଅନୁଷ୍ଠିତ ଏହି ମିନି ମାରାଥନ ଉଦ୍‌ଘାଟନ ଓ ଉଦ୍‌ଯାପନୀ ଉତ୍ସବରେ 'ସକାଳ' ସିଇଓ ସୁବ୍ରତ ଦାସ, ପ୍ରକାଶକ ଅମିତ କୁମାର ମଲ୍ଲିକ, କାର୍ଯ୍ୟନିର୍ବାହୀ ସମ୍ପାଦକ ସମରେନ୍ଦୁ ଦାସ, ବ୍ୟୁରୋ ମୁଖ୍ୟ ରଞ୍ଜିତ୍ ମହାନ୍ତି, ବାର୍ତ୍ତା ସମ୍ପାଦକ ମହେଶ୍ୱର ସାହୁ, ନନ୍ଦିଘୋଷ ଟିଭିର ସିଓଓ ଜବରସିଂ ପନୱର, ସମ୍ପାଦକ ଶିଶିର ଭଟ୍ଟମିଶ୍ର, ବିଜ୍ଞାପନ ବିଭାଗ ମୁଖ୍ୟ ନରୋତ୍ତମ ଗୁରୁ, ବାର୍ତ୍ତା ବିଭାଗ ସଂଯୋଜକ ତୁଷାର ରଞ୍ଜନ ମହାନ୍ତିଙ୍କ ସହ ସକାଳ ଓ ନନ୍ଦିଘୋଷ ଟିଭିର ବରିଷ୍ଠ ଅଧିକାରୀମାନେ ଉପସ୍ଥିତ ଥିଲେ। ସକାଳର ସହକାରୀ ବାର୍ତ୍ତା ସମ୍ପାଦକ ମହେଶ୍ୱର ସାହୁ କାର୍ଯ୍ୟକ୍ରମ ସଞ୍ଚାଳନ କରିଥିଲେ। ଅବସରରେ ପ୍ରାୟୋଜକ ଓ ସହପ୍ରଯୋଜକ ସଂସ୍ଥା ହିରୋ, ଅଜନ୍ତା, ଓମଫେଡ୍, ମଣିପାଲ ହସ୍ପିଟାଲ, ମେଫେୟାର ଗ୍ରୁପ୍‌ଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଏହାସହ ମଞ୍ଜରୀ ଦେବୀ ନର୍ସିଂ ଏକାଡେମୀର ଉପସଭାପତି ଶରତ ବିଶ୍ୱାଳ, ନବଜ୍ୟୋତି କଲେଜ ଅଧ୍ୟକ୍ଷ ଭାସ୍କର ଚନ୍ଦ୍ର ପ୍ରଧାନ, ବିନାୟକ କନସେପ୍ଟ ସ୍କୁଲ ପ୍ରତିଷ୍ଠାତା ସଞ୍ଜୟ ରାଜ୍, ଡିଓସି ବାଇକର ଗ୍ରୁପ୍, ସିଭି ରମଣ କଲେଜ, ୱିଫର ଭୁବନେଶ୍ୱର, ଫେଡ଼େରେସନ ଅଫ୍ ବ୍ଲଡ଼ ଡୋନେସନ ଅର୍ଗାନାଇଜେସନ, ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ଫାୟାର ଇଞ୍ଜିନିଅରିଂ ଓ ସେଫ୍ଟି ମ୍ୟାନେଜମେଣ୍ଟ ଆଦି ସଂସ୍ଥାକୁ ଅତିଥିମାନେ ସମ୍ବର୍ଦ୍ଧନା ପ୍ରଦାନ କରିଥିଲେ। ସେହିପରି କାର୍ଯ୍ୟକ୍ରମରେ ଉପସ୍ଥିତଥିବା ଓଡ଼ିଆ ସିନେମା 'ମନ୍ତ୍ରମୁଗଧ' ଟିମ୍‌କୁ ମଧ୍ୟ ସମ୍ବର୍ଦ୍ଧିତ କରାଯାଇଥିଲା। ଉଦ୍‌ଯାପନୀ ଉତ୍ସବରେ ସଂଜୀବ ଓ ସୋନାଲୀ ସଂଯୋଜନା କରିଥିଲେ।

ପ୍ରସାର ବିଭାଗର ବରିଷ୍ଠ ଅଧିକାରୀ ପ୍ରିୟବ୍ରତ ଦାସ, ପ୍ରମୋଦ ନାୟକ, ସୁଧାଂଶୁ ସାହୁ, ବିଜ୍ଞାପନ ଅଧିକାରୀ ଅଭିଷେକ ସାହୁ, ନନ୍ଦିଘୋଷ ଟିଭିର ସତ୍ୟ ମହାନ୍ତି, ସନ୍ତୋଷ ପରିଡ଼ା, ଚନ୍ଦ୍ରକାନ୍ତ ପଣ୍ଡା, ମନୋଜ ସାହୁ, ସକାଳ ଡ଼ିଜିଟାଲ ମୁଖ୍ୟ ତାପସ କୁମାର, ବିତ୍ତ ବିଭାଗ ମୁଖ୍ୟ ସୌମ୍ୟରଞ୍ଜନ ମିଶ୍ର ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

### ୪୫ ମିନିଟରେ...

ପ୍ଲାଟଫର୍ମରେ ଉପଲବ୍ଧ ଥିବାରୁ ଅନେକାଂଶ ଟିକଟ ପାଇବା ଆଶା ଛାଡି ଦେଇଥିଲେ। ଅଗ୍ରୀମ ବୁକିଂ କରିଥିବା କ୍ରିକେଟପ୍ରେମୀ ଆସନ୍ତା ୮ ଏବଂ ୯ ତାରିଖରେ ଟିକଟର ହାର୍ଡକପି ପାଇବେ। ଏଥି ନିମନ୍ତେ କେମ୍ବ୍ରିଜ ସ୍କୁଲରେ ସ୍ୱତନ୍ତ୍ର କାଉଂଟର ଖୋଲାଯିବ।

ବାରବାଟୀରେ ଭାରତ ଓ ଦକ୍ଷିଣଆଫ୍ରିକା ମଧ୍ୟରେ ୯ ତାରିଖ (ମଙ୍ଗଳବାର) ଖେଳାଯିବାକୁ ଥିବା ପ୍ରଥମ ଟି-୨୦ ମ୍ୟାଚ୍ ଦେଖିବା ନିମନ୍ତେ କ୍ରିକେଟପ୍ରେମୀଙ୍କ ଭିତରେ ଉତ୍କଣ୍ଠା ବହୁଗୁଣିତ ହେବାରେ ଲାଗିଲାଣି। ମ୍ୟାଚ୍ ଦିବସ ଯେତିକି ପାଖେଇଆସୁଛି ବାରବାଟୀ ମୁକାବିଲାକୁ ନେଇ ଆଲୋଚନା ସେତିକି ସରଗରମ ହେଉଛି। ଅନଲାଇନ ଟିକଟ ବିକ୍ରି ଶେଷ ହେବା ପରେ ଆସନ୍ତା ୩ ଏବଂ ୪ ତାରିଖରେ ଓସିଏ ଅନୁବନ୍ଧିତ ୟୁନିଟକୁ ଟିକଟ ବିକ୍ରି କରାଯିବ। ବିଭିନ୍ନ ସ୍କୁଲ, କଲେଜ, ବିଶ୍ୱବିଦ୍ୟାଳୟ, କ୍ଲବ, ଜିଲ୍ଲା ସଂଘ ଏବଂ ସଦସ୍ୟଙ୍କ ପାଇଁ ମୋଟ୍ ୧୧ହଜାର ଟିକଟ ବିକିବାକୁ ଓସିଏ ସ୍ଥିର କରିଛି। ପରେ ଅବଶିଷ୍ଟ ୧୦ହଜାର ଟିକଟ କାଉଣ୍ଟରକୁ ଚାଲିଯିବ। ଚଳିତଥର ୫ଟି କାଉଣ୍ଟର ଖୋଲିବ ବୋଲି ଓସିଏ ପକ୍ଷରୁ ସୂଚନା ଦିଆଯାଇଛି। ତନ୍ମଧ୍ୟରୁ ୨ଟି କାଉଣ୍ଟର କେବଳ ମହିଳାଙ୍କ ପାଇଁ ଉଦ୍ଦିଷ୍ଟ ରହିବ। ଅଫଲାଇନ୍ ଟିକଟ ବିକ୍ରି ନିମନ୍ତେ ୫ ଏବଂ ୬ ତାରିଖ ଧାର୍ଯ୍ୟ ହୋଇଛି। ଟିକଟ ବିକ୍ରି ପାଇଁ ଦୁଇଟି କନଟେନର ବ୍ୟବସ୍ଥା କରାଯିବ ବୋଲି ସୂଚନା ମିଳିଛି। ଅନ୍ୟପକ୍ଷରେ ଟି-୨୦ ଶୃଙ୍ଖଳାର ପ୍ରଥମ ମ୍ୟାଚ୍ ବାରବାଟୀରେ ହାଇସ୍କୋରିଂ ହେବ ବୋଲି ଆଶା ରହିଛି। ଗତ ୨୦ଦିନ ହେବ ପିଚ୍ ଏବଂ ଆଉଟଫିଲ୍ଡରେ କାମ ଚାଲିଥିବା ବେଳେ ପିଚ୍‌ର ଚୂଡ଼ାନ୍ତ ପ୍ରସ୍ତୁତି ମଙ୍ଗଳବାରଠାରୁ ଆରମ୍ଭ କରାଯିବ ବୋଲି ଓସିଏ ପକ୍ଷରୁ ଜଣାପଡ଼ିଛି।

### ଡିଜିଟାଲ ଆରେଷ୍ଟ...

ଅଧିକାରୀଙ୍କୁ ଜେରା ଏବଂ ଫୋନ ତଥ୍ୟ ହାସଲ, ବ୍ୟାଙ୍କ ଆକାଉଣ୍ଟ ଜବତ କରିବାକୁ ଅଧିକାର ପ୍ରଦାନ କରିଛନ୍ତି ପ୍ରଧାନ ବିଚାରପତି (ସିଜେଆଇ) ସୂର୍ଯ୍ୟକାନ୍ତଙ୍କ ନେତୃତ୍ୱାଧୀନ ଖଣ୍ଡପୀଠ।

ଶୁଣାଣି ସମୟରେ ଖଣ୍ଡପୀଠ କହିଥିଲେ ଯେ ଡିଜିଟାଲ ଆରେଷ୍ଟରେ ଠକ ନିଜକୁ ପୁଲିସ, କୋର୍ଟ କିମ୍ବା ସରକାରୀ ଏଜେନ୍ସିର ଅଧିକାରୀ କହି ଭିଡିଓ/ଅଡିଓ କଲ୍ ମାଧ୍ୟମରେ ପୀଡ଼ିତଙ୍କୁ, ବିଶେଷ କରି ବରିଷ୍ଠ ନାଗରିକଙ୍କୁ ଧମକ ଦେଉଛନ୍ତି। ସେମାନଙ୍କଠାରୁ ଟଙ୍କା ଆଦାୟ କରୁଛନ୍ତି। ଏହି ମାମଲାରେ ସୁପ୍ରିମକୋର୍ଟ ଆର୍‌ବିଆଇକୁ ମଧ୍ୟ ନୋଟିସ ଜାରି କରିଛନ୍ତି। ସାଇବର ଠକେଇରେ ବ୍ୟବହୃତ ବ୍ୟାଙ୍କ ଖାତାକୁ ତୁରନ୍ତ ଟ୍ରାକ୍ ଏବଂ ଜବତ କରିବାକୁ ଏଆଇ କିମ୍ବା ମେସିନ ଲର୍ଣ୍ଣିଂ ଜ୍ଞାନକୌଶଳର କାହିଁକି ବ୍ୟବହାର କରାଯାଉ ନାହିଁ ବୋଲି ପଚାରିଛନ୍ତି। ସେହିପରି ଆଇଟି ଇଣ୍ଟରମିଡିଆରିଜ ଆଇନ ଅଧିନରେ ସିବିଆଇକୁ ଆବଶ୍ୟକୀୟ ସହଯୋଗ ଏବଂ ତଥ୍ୟ ଦେବାକୁ କର୍ତ୍ତୃପକ୍ଷମାନଙ୍କୁ ନିର୍ଦ୍ଦେଶ ଦିଆଯାଇଛି। ବିଦେଶରେ ଥିବା ସାଇବର ଅପରାଧୀଙ୍କ ପାଖରେ ପହଞ୍ଚିବାକୁ ଇଣ୍ଟରପୋଲର ସହାୟତା ନେବା ପାଇଁ ସିବିଆଇକୁ କହିଛନ୍ତି।

ଟେଲିକମ ବିଭାଗ ଏବଂ ରାଜ୍ୟମାନଙ୍କୁ ମଧ୍ୟ ସର୍ବୋଚ୍ଚ ନ୍ୟାୟାଳୟ କିଛି ନିର୍ଦ୍ଦେଶ ଜାରି କରିଛନ୍ତି। ଏକ ବ୍ୟକ୍ତି କିମ୍ବା ସଂସ୍ଥାକୁ ଏକାଧିକ ସିମ୍ ଜାରି ନ କରିବା ପାଇଁ କହିଛନ୍ତି। କାରଣ ସାଇବର ଅପରାଧରେ ଏଗୁଡ଼ିକର ବହୁଳ ବ୍ୟବହାର କରାଯାଉଛି। ସାଇବର ଠକେଇର ମୁକାବିଲା ପାଇଁ କି ଯୋଜନା କରିଛ ତାହାର ଜବାବ ଦେବାକୁ କୋର୍ଟ ଟେଲିକମ ବିଭାଗକୁ କହିଛନ୍ତି। ଆଞ୍ଚଳିକ ଏବଂ ରାଜ୍ୟସ୍ତରରେ ସାଇବର କ୍ରାଇମ କୋଅର୍ଡିନେସନ ସେଣ୍ଟର ପ୍ରତିଷ୍ଠା ପାଇଁ ରାଜ୍ୟଗୁଡ଼ିକୁ କହିଛନ୍ତି। ଏହା ଦ୍ୱାରା ସିବିଆଇ ଏବଂ ପୁଲିସ ମଧ୍ୟରେ ଉତ୍ତମ ସହଯୋଗ ରହିବ। ଏହି ତଦନ୍ତରେ ସହାୟତା ପାଇଁ ରାଜ୍ୟଗୁଡ଼ିକରୁ ଅଧିକାରୀ ଚୟନ ଲାଗି ମଧ୍ୟ କୋର୍ଟ ସିବିଆଇକୁ ସ୍ୱାଧୀନତା ଦେଇଛନ୍ତି।

### ୭ ମାସରେ...

ବରିଷ୍ଠ ବିଧାୟକ ପ୍ରତାପ କେଶରୀ ଦେବ। ସେ କହିଥିଲେ ଯେ ମନ୍ତ୍ରୀଙ୍କ ଉତ୍ତର ଅନୁଯାୟୀ ଅକ୍ଟୋବର ଶେଷ ସୁଦ୍ଧା ମାତ୍ର ୩୯ ପ୍ରତିଶତ ବଜେଟ ଅର୍ଥ ବ୍ୟୟ ହୋଇଛି। ଏଥିରୁ ପ୍ରଶାସନିକ ବ୍ୟୟ ୪୪ ପ୍ରତିଶତ ଥିବା ବେଳେ କାର୍ଯ୍ୟକ୍ରମ ବ୍ୟୟ ୩୬ ପ୍ରତିଶତ। ଅକ୍ଟୋବର ଶେଷ ସୁଦ୍ଧା କ୍ରୀଡ଼ା ବିଭାଗ ମାତ୍ର ୮.୮୩ ପ୍ରତିଶତ ବଜେଟ ଅର୍ଥ ଖର୍ଚ୍ଚ କରିଥିବା ବେଳେ ଯୋଜନା ଓ ସଂଯୋଜନ ବିଭାଗ ୧୩.୨୮ ପ୍ରତିଶତ, ପଞ୍ଚାୟତିରାଜ ବିଭାଗ ୨୩.୨୦ ପ୍ରତିଶତ, ଖଣି ବିଭାଗ ୧୬.୩୩ ପ୍ରତିଶତ, ଶକ୍ତି ବିଭାଗ ୨୮.୮୬ ପ୍ରତିଶତ, ବିପର୍ଯ୍ୟୟ ପରିଚାଳନା ୧୧.୮୭ ପ୍ରତିଶତ, ଏମଏସଏମଇ ବିଭାଗ ମାତ୍ର ୧୭.୫୩ ପ୍ରତିଶତ ବଜେଟ ଅର୍ଥ ବ୍ୟୟ କରିଛନ୍ତି। ହାତରେ ଆଉ ମାତ୍ର ୪ ମାସ ସମୟ ବାକି ରହିଛି। ଏପରିସ୍ଥଳେ ବଜେଟ ଅର୍ଥ କିପରି ବ୍ୟୟ ହେବ ବୋଲି ସେ ପ୍ରଶ୍ନ କରିଥିଲେ। ଏପରିକି ଗଣଶିକ୍ଷା, ଗ୍ରାମ୍ୟ ଉନ୍ନୟନ, ପୂର୍ତ୍ତ, ଜଳସମ୍ପଦ, ପଞ୍ଚାୟତିରାଜ ବିଭାଗରେ ବିଭିନ୍ନ ଉନ୍ନୟନ ମୂଳକ ଯୋଜନା କାର୍ଯ୍ୟକାରୀ ହେଉଥିବା ବେଳେ ଏଥିରେ କମ୍ ଅର୍ଥ ବ୍ୟୟ ରାଜ୍ୟ ପାଇଁ ଶୁଭଙ୍କର ନୁହେଁ ବୋଲି ସେ କହିଥିଲେ। ସେହିପରି କେନ୍ଦ୍ରୀୟ ଅନୁଦାନ ଉପରେ ରାଜ୍ୟ ସରକାର ବଜେଟ ବ୍ୟୟ ଅଟକଳ କରିଥିଲେ। ୪୧ ହଜାର କୋଟି ଟଙ୍କା କେନ୍ଦ୍ରୀୟ ଅନୁଦାନ ପାଇବେ ବୋଲି ରାଜ୍ୟ ସରକାର ଆକଳନ କରିଥିଲେ। ମାତ୍ର ବର୍ତ୍ତମାନ ସୁଦ୍ଧା ୭ ହଜାର ୬୯୩ କୋଟି ଟଙ୍କା ପାଇଛନ୍ତି। ମାତ୍ର ୧୮ ପ୍ରତିଶତ ପାଇଛନ୍ତି। ଅବଶିଷ୍ଟ ୪ ମାସରେ କେନ୍ଦ୍ର ସବୁ ଟଙ୍କା କେନ୍ଦ୍ର ସରକାର ଦେବେ ତ। ଏହାଦ୍ୱାରା ରାଜ୍ୟ ଅସୁବିଧାର ସମ୍ମୁଖୀନ ହେବାକୁ ଯାଉଛି ବୋଲି ସେ କ୍ଷୋଭ ପ୍ରକାଶ କରିଥିଲେ। କଂଗ୍ରେସ ବିଧାୟକ ଦଳ ନେତା ରାମ କାଡାମ କହିଥିଲେ ଯେ ବିଭିନ୍ନ ବିଭାଗରେ ବଜେଟ ବ୍ୟୟ ଅତ୍ୟନ୍ତ ନୈରାଶ୍ୟଜନକ। ବଜେଟ ଅର୍ଥ ଖର୍ଚ୍ଚ ନହେଲେ, ଲୋକଙ୍କ ବିକାଶ ହୋଇପାରିବ ନାହିଁ। ଏ କ୍ଷେତ୍ରରେ ସରକାରଙ୍କର ଆନ୍ତରିକତାର ଅଭାବ ରହିଛି। ଆଉ ୨-୩ ମାସ ମଧ୍ୟରେ ଶତ ପ୍ରତିଶତ ବ୍ୟୟ କରିବା ପାଇଁ କେଉଁ ପଦକ୍ଷେପ ନେବେ ବୋଲି ସେ ପ୍ରଶ୍ନ କରିଥିଲେ। ସେହିପରି ବିଧାୟକ ନିରଞ୍ଜନ ପୂଜାରୀ ଗତବର୍ଷ କେତେ ବଜେଟ ସରେଣ୍ଡର ହୋଇଥିଲା ଏବଂ ଚଳିତ ବର୍ଷ କେତେ ହେବା ନେଇ ସରକାର ଅନୁମାନ କରୁଛନ୍ତି ବୋଲି ପ୍ରଶ୍ନ କରିଥିଲେ।

### ଅର୍ଥନୈତିକ ଅବରୋଧ...

ଅନ୍ୟପଟେ ଜୟନ୍ତପୁର ଛକ ପର୍ଯ୍ୟନ୍ତ ଭାରୀଯାନର ଲମ୍ବାଲାଇନ ଲାଗିଥିଲା। ଜିଲ୍ଲା ପ୍ରଶାସନ ପକ୍ଷରୁ ବାରମ୍ବାର ଅଧିକାରୀମାନେ ଚାଷୀମାନଙ୍କ ସହ ଆଲୋଚନା କରିଥିଲେ। ସନ୍ଧ୍ୟା ୭ଟାରେ ପ୍ରଶାସନିକ ଅଧିକାରୀ ମଙ୍ଗଳବାର ଧାନକ୍ରୟ ସ୍ୱାଭାବିକ ହେବ ବୋଲି ଲିଖିତ ପ୍ରତିଶ୍ରୁତି ଦେବା ପରେ ଅବରୋଧ ହଟିଥିଲା। ସମ୍ବଲପୁର ଜିଲ୍ଲାରେ ଧାନ ସଂଗ୍ରହରେ ଚଳିତବର୍ଷ ବ୍ୟାପକ ଅବ୍ୟବସ୍ଥା ହୋଇଛି। ଜିଲ୍ଲାସ୍ତରୀୟ ଧାନ ସଂଗ୍ରହ କମିଟି(ଡିଏଲ୍‌ପିସି) ବୈଠକରେ ସମ୍ବଲପୁର ଜିଲ୍ଲାରେ ନଭେମ୍ବର ୨୮ ତାରିଖରୁ ଧାନ ସଂଗ୍ରହ ତାରିଖ ଧାର୍ଯ୍ୟ ହୋଇଥିଲା। ସେହିଦିନ ଟୋକନ ପାଇଥିବା ଚାଷୀ ବରେଇପାଲି ମାର୍କେଟ୍ ୟାର୍ଡକୁ ଶହଶହ କ୍ୱିଣ୍ଟାଲ ଧାନ ନେଇଥିଲେ। ବରେଇପାଲିସ୍ଥିତ ନିୟନ୍ତ୍ରିତ ବଜାର କମିଟିଠାରେ ଜିଲ୍ଲା ପ୍ରଶାସନ, ଚାଷୀ ଓ ମିଲର୍‌ମାନଙ୍କ ମଧ୍ୟରେ ପ୍ରାୟ ୫ଘଣ୍ଟା ଧରି ଆଲୋଚନାର କିଛି ନିଷ୍କର୍ଷ ବାହାରି ନଥିଲା। ମିଲର୍ ୭ ଦଫା ଦାବି ପୂରଣ ନହେଲେ ଧାନ ନେବନି ବୋଲି ନଛୋଡ଼ବନ୍ଧା ଥିବା ବେଳେ ଚାଷୀମାନେ ଧାନ ଫେରାଇ ନେବେନି ବୋଲି ଜିଦ୍ ଧରିଲେ। ସହରଉପଜିଲ୍ଲାପାଳ ଶନିବାର ସମସ୍ୟାର ସମାଧାନ ହେବ ବୋଲି ପ୍ରତିଶ୍ରୁତି ଦେଇଥିଲେ। ଶନିବାର ସକାଳେ ମୁଖ୍ୟ ଜିଲ୍ଲା ଯୋଗାଣ ଅଧିକାରୀ ଏବଂ ସମବାୟ ସମିତି ସମୂହ ଉପନିବନ୍ଧକଙ୍କ ଉପସ୍ଥିତିରେ ମାର୍କେଟ ୟାର୍ଡରୁ ଧାନ ମିଲକୁ ଧାନ ଉଠାଗଲା। କିନ୍ତୁ ସନ୍ଧ୍ୟା ପର୍ଯ୍ୟନ୍ତ ମିଲଗୁଡ଼ିକର ଫାଟକ ଖୋଲାଗଲା ନାହିଁ। ଏନେଇ ଉତ୍ତେଜନା ପ୍ରକାଶ ପାଇବା ପରେ ପ୍ରଶାସନିକ ଚାପରେ ମିଲର ଫାଟକ ଖୋଲି ଧାନ ସଂଗ୍ରହ କରିଥିଲେ। ଧାନକୁ ଓଜନ କରି ସ୍ଲିପ ଦେଇଥିଲେ। କିନ୍ତୁ ସ୍ଲିପରେ କେବଳ ଧାନର ଓଜନ ରହିଛି, ଏହାର ମୂଲ୍ୟ ନାହିଁ। ମିଲ ଓ ଯୋଗାଣ ବିଭାଗ ମଧ୍ୟରେ ଏଗ୍ରିମେଣ୍ଟ କରାଯାଇନି। ଏହି ଧାନ ମିଲରେ ଗଚ୍ଛିତ ରହିବ। ଚାଷୀଙ୍କୁ ତା'ର ପ୍ରାପ୍ୟ ମିଳିବ ନାହିଁ। ଏହାକୁ ନେଇ ଆଜି ଚାଷୀମାନେ ସମ୍ବଲପୁର ସହର ଥାନା ଅନ୍ତର୍ଗତ ଜାତୀୟ ରାଜପଥ ୫୩ ଓ ୫୫ର ସଂଯୋଗସ୍ଥଳୀ ଚୁନ୍ଦେସିହା ଛକଠାରେ ଅନିର୍ଦ୍ଦିଷ୍ଟ କାଳୀନ ଅବରୋଧ କରିଥିଲେ। ଏଥିରେ ପରମାନପୁର, ସେରେଇଆଁପାଲି, କୁକୁଡ଼ାପାଲି, ତଳଲା, ଧମା, ଝୁମା, ଗୁଣ୍ଡେରପୁର, ମାନେଶ୍ୱର, ସାହାସପୁର, ଚାର୍ଲିପୁର ଆଦି ବିଭିନ୍ନ ମଣ୍ଡି ଗୁଡ଼ିକର ଚାଷୀମାନେ ଏହି ରାସ୍ତାରୋକରେ ସାମିଲ ହୋଇଥିଲେ। ବିକ୍ଷୋଭରତ ଚାଷୀମାନେ କେବଳ ମାଲବାହୀ ଗାଡ଼ିଗୁଡ଼ିକୁ ଅଟକାଇଥିଲେ। ଆନ୍ଦୋଳନ ସ୍ଥଳରେ ଅତିରିକ୍ତ ଏସ୍‌ପି, ଏସଡିପିଓ ଓ ବିଭିନ୍ନ ଥାନାର ଥାନାଧିକାରୀ ସମେତ ପୁଲିସ ଫୋର୍ସ ମୁତୟନ ଥିଲେ। ଅନ୍ୟପକ୍ଷରେ ଯୋଗାଣ ବିଭାଗର ଅଧିକାରୀ ଓ ପ୍ରଶାସନିକ ଅଧିକାରୀମାନେ ଚାଷୀଙ୍କ ସହ ଆଲୋଚନା କରିଥିଲେ। ସମ୍ବଲପୁର ଜିଲ୍ଲା କୃଷକ ସୁରକ୍ଷା ସଂଗଠନ ସଭାପତି ବ୍ୟୋମକେଶ ଠାକୁର କହିଛନ୍ତି, ଆସନ୍ତାକାଲିଠାରୁ ଅନ୍‌ଲାଇନରେ ଟୋକନ, ପି-ପାସ, ମିଲର୍ ଟାର୍ଗେଟ୍, ଆଇ-ସ୍କାନିଂ ଆଦି କରି ଧାନ ସଂଗ୍ରହ ହେବ ବୋଲି ପ୍ରଶାସନ ଲିଖିତ ପ୍ରତିଶ୍ରୁତି ଦେଇଛି। କାଲିଠୁ ଠିକ୍ ଭାବେ ଧାନ କିଣା ହେବ ବୋଲି ଆଶା ଅଛି। କିନ୍ତୁ, ପ୍ରାୟ ୧୯ ହଜାର ଚାଷୀଙ୍କ ଟୋକନ୍ ଆସି ନାହିଁ। ଯେଉଁ ୫୪ହଜାର ଚାଷୀଙ୍କ ଟୋକନ୍ ଆସିଛି, ସେମାନଙ୍କ କେବଳ ୭୫ କ୍ୱିଣ୍ଟାଲ ବିକ୍ରୟ ପାଇଁ ଆସିଛି, ବାକି ଧାନ ଚାଷୀ କ'ଣ କରିବ? ସାମଗ୍ରିକ ଭାବେ ଧାନ କିଣାବିକା ସ୍ୱାଭାବିକ ହୋଇପାରିନାହିଁ। ଜିଲ୍ଲା କୃଷକ ସଂଗଠନ ସମ୍ପାଦକ ଦେବେନ୍ଦ୍ର ପ୍ରଧାନ କହିଛନ୍ତି, ପ୍ରଶାସନର ଲିଖିତ ପ୍ରତିଶ୍ରୁତି ପରେ ଆସନ୍ତାକାଲିଠାରୁ ଧାନ କିଣାବିକା ସ୍ୱାଭାବିକ ହେବ ବୋଲି ଆଶା କରାଯାଉଛି। ଆଗକୁ ଖରିଫ ଧାନ କିଣାବିକାରେ କୌଣସି ସମସ୍ୟା ହେବ ନାହିଁ ବୋଲି ଆଶା କରୁଛୁ।

### ଭୁବନେଶ୍ୱର ଏମ୍ସକୁ...

ଭାରତୀ ମିଶ୍ର ଏହି କାର୍ଯ୍ୟର ତଦାରଖ କରୁଛନ୍ତି। ସ୍ୱାସ୍ଥ୍ୟସେବା ପ୍ରତି ଗୁରୁଙ୍କ ବଦାନ୍ୟତା ଦେଖି ଅଞ୍ଚଳବାସୀ, ଛାତ୍ରୀ ଖୁସି ହେବା ସହ ତାଙ୍କ ଆଦର୍ଶ ଅନେକଙ୍କୁ ଅନୁପ୍ରାଣିତ କରିବ ବୋଲି କହିଛନ୍ତି। ୧୯୨୭ ମସିହା ଡିସେମ୍ବର ୫ ତାରିଖରେ ଡା. ଲକ୍ଷ୍ମୀ ବାଇଙ୍କ ଜନ୍ମ। ୧୯୪୫ରୁ ୧୯୫୦ ମସିହା ମଧ୍ୟରେ ସେ କଟକ ଏସସିବି ମେଡିକାଲ କଲେଜରେ ଏମବିବିଏସ ପଢ଼ିବା ପରେ ୧୯୫୮ରେ ମାଡ୍ରାସ୍ ମେଡିକାଲ କଲେଜ ଡିଜିଓ ଆଣ୍ଡ ଏମ୍‌ଡି ଇନ୍ 'ଓଏସଜି' ପାଠ ପଢ଼ିଥିଲେ। ୧୯୫୦ ମସିହାରେ ସୁନ୍ଦରଗଡ଼ ଜିଲ୍ଲା ହସ୍ପିଟାଲରୁ ଚାକରି ଜୀବନ ଆରମ୍ଭ କରି ୧୯୮୬ ମସିହାରେ ଏମ୍‌କେସିଜିରେ ଅବସର ନେଇଥିଲେ। ସ୍ୱାସ୍ଥ୍ୟସେବାରେ ଉଲ୍ଲେଖନୀୟ କାର୍ଯ୍ୟ ପାଇଁ ସେ ଭାରତଜ୍ୟୋତି ଆୱାର୍ଡ, ଇଣ୍ଟରନ୍ୟାସ୍‌ନାଲ ଫ୍ରେଣ୍ଡସିପ୍ ସୋସାଇଟି ଆୱାର୍ଡ ଏବଂ ବେଷ୍ଟ ସିଟିଜେନ୍ ଅଫ୍ ଇଣ୍ଡିଆ ଆୱାର୍ଡ ଭଳି ବହୁ ସମ୍ମାନରେ ସମ୍ମାନିତ ହୋଇଛନ୍ତି।


**ପୂର୍ବ ତଟ ରେଳପଥ**

ଶୁଦ୍ଧିପତ୍ର ସଂ.01
ଟେଣ୍ଡର ବିଜ୍ଞପ୍ତି ସଂ. EPC-CECONIII BBS2025031, ତା.14.08.2025 ରିଖ

ଉପରୋକ୍ତ ଟେଣ୍ଡର ବିଜ୍ଞପ୍ତି ସଂ. ସନ୍ଦର୍ଭରେ ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟରେ ରୂପାନ୍ତରଣ କରାଯାଇଛି।

| ପ୍ରକାଶିତ ଅନୁଯାୟୀ | ପଢ଼ାଯିବା ଆବଶ୍ୟକ |
|---|---|
| 11.12.2025, 1200 ଘଟିକା | 27.01.2026, 1200 ଘଟିକା |

ବିସ୍ତୃତ ବିବରଣୀ ପାଇଁ ଆଶାୟୀ ଟେଣ୍ଡରଦାତାମାନଙ୍କୁ www.ireps.gov.in ଅବଲୋକନ କରିବାକୁ ପରାମର୍ଶ ଦିଆଯାଉଛି।

ମୁଖ୍ୟ ପ୍ରଶାସନିକ ଅଧିକାରୀ (ନିର୍ମାଣ), ଭୁବନେଶ୍ୱର
PR-172/CI/25-26

**AFFIDAVIT**

By virtue of an affidavit before the Notary Public, Sonepur, dtd.01.12.2025. I, Priyanka Kaanr, resident of Bhajabajpur, PO-Dharmasala, PS-Birmaharajpur, Dist-Subarnapur, Odisha, PIN-767062, do hereby declare that my I have changed my name from Priyanka Kaanr to Priyankarani Kaanr. Henceforth I shall be known as Priyankarani Kaanr for all purposes.
Sd/- Priyankarani Kaanr

**AFFIDAVIT**

I, Praduymnya Rout, S/o- Dolagobinda Rout, resident of At-Balabhadrapur, Cuttack sadar, Cuttack, Dist-Cuttack, PIN-753012, Odisha declared by this affidavit No-982, dtd-01/12/2025 that now onwards I shall be known as **PRADYUMNA ROUT** for all future purposes.

**AFFIDAVIT**

I, Droupadi Agrawal, aged about 59 years, W/o- Binod Kumar Agrawal, resident of Ward No-8, Rajapada, Khariar, Po- Khariar, Ps- Khariar, Dist-Nuapada, Odisha, Pin-766107 declare by this affidavit No. 2421, dtd-30/11/2025, that now onwards I shall be known as **DROPTI DEVI AGRAWAL** for all future purposes.

**AFFIDAVIT**

I, Anusmita Sahoo, D/o Seshadev Sahu, W/o- Debabrata Sahu, resident of AT/PO- Ekatara, PS- M Rampur, Dist- Kalahandi, PIN- 766102, Odisha, present resident of AT/PO-Titilagarh, Dist- Balangir, PIN- 767033, Odisha declared by this affidavit No. 72AA 949067, date-12/11/2025 that now onwards I shall be known as **ANUSMITA SAHU** for all future purposes.

**AFFIDAVIT**

By virtue of an affidavit sworn before the Executive Magistrate, Bhubaneswar, vide No - 46, dtd 01/12/2025. I, Barun Kumar Sahoo, At/Po/Ps - Tamando, Pin - 752054, Dist - Khordha, Odisha, declare that I have changed my name from Barun Sahoo to Barun Kumar Sahoo. Henceforth I shall be known as Barun Kumar Sahoo for all purposes.

**NOTICE**

By virtue of an affidavit sworn before Executive Magistrate, Puri, Dated 27.11.2025, I, Susanta Sahoo, S/o- Rajkishore Sahoo, At-Tridev Nagar, Markandeswar Sahi, Puri, Po- Puri, Ps- Baseli sahi, Dist- Puri, Pin- 752001, Odisha declare that I have changed my name from Susanta Kumar Sahoo to Susanta Sahoo. Henceforth, I shall be known as Susanta Sahoo for all purposes.
(Susanta Sahoo)

**AFFIDAVIT**

By Virtue of an affidavit sworn before Executive Magistrate, Khordha Dtd. 19/11/2025. Affidavit No.-3398, I Keshav Kelu Sahoo, Address- Govindapur, Po.- Parichhal, Ps.- Begunia, Dist.- Khordha, Pin-752062 declare that, my Name from **Keshav Chandra Sahu** to **Keshav Kelu Sahoo**. Henceforth, I shall be known as **Keshav Kelu Sahoo** for all purposes.

**AFFIDAVIT**

I Santosh Giri s/o- Krushna Prasad Giri - , resident of village - Sialia, Po-Pasarbindha Ps- Bhograi, Dist- Balasore, Odisha, declared by affidavit before Executive Magistrate , Bhograi No.6008/1.12. 2025, that my minor son's former name Aush Giri has changed to Ayush Giri form the date.Hence my son name shall be known as Ayush Giri for all future purpose.

**AFFIDAVIT**

By virtue of an affidavit sworn before the Executive Magistrate, Nabarangpur, dated 25.11. 2025 I, KEDARA SAHU, S/o - Late. Subash Chandra Sahoo, Residences of Bada Harijan Sahi, Nabarangpur, Po.- Nabarangpur, Ps.- Nabarangpur, Dist.- Nabarangpur, Odisha, Pin - 764059, declare that, I have changed the name of my Son from **SOUMYA HARIJAN SAHU** to **ANSUMAN SAHU**. Henceforth, he shall be known as **ANSUMAN SAHU** for all purposes.
Sd/- Kedara Sahu

**AFFIDAVIT**

I, Susmita Rout, W/o- Pradyumna Rout, resident of At-Balabhadrapur,Chhatra Bazar, Cuttack sadar, A D Market, Cuttack, Dist-Cuttack, PIN-753012, Odisha declared by this affidavit No-983, dtd-01/12/2025 that now onwards I shall be known as **SUSHMITA ROUT** for all future purposes.

**AFFIDAVIT**

By virtue of an affidavit sworn before the Executive Magistrate, Sohela, vide no. 02, dated 20.11.2025 I, Kalachand Bhue, S/o - Sujan Bhue, R/o Village/ P.O.- Chhuriapali, Ps.- Sohela, Dist.- Bargarh, declare that, I have changed the name of my minor Son from **ROHIT BHUE** to **PRITAM BHUE**. Henceforth, he shall be known as **PRITAM BHUE** for all purposes.
Sd/- Kalachand Bhue

**NOTICE FOR CANCELLATION OF TENDER** A-1026

Office of The Executive Engineer
Muran Dam Division
Upper Indravati Dam Circle, Khatiguda
Dist.: Nabarangpur-764085
Date: 28.11.2025

It is hereby informed to the public and all concerned that the Tender invited vide Tender Call Notice No. EEMDD-03/2025-26, Dated: 06.11.2025 for the work "Deployment of one light Commercial Vehicle (Bolero/TUV-300 / SUMO Gold/ Ertiga) on hire basis to be engaged for official use of the Executive Engineer, Muran Dam Division, UIDC, Khatiguda for one year/12 calendar months." has been cancelled.

The tender has been cancelled due to non-qualification of any bidder in the Techno-Commercial evaluation stage, resulting in no bidder is qualified for further proceedings.

OIPR-32230/11/0006/2526
Executive Engineer
Muran Dam Division

**କୃଷି ମହାବିଦ୍ୟାଳୟ, ଭବାନୀପାଟଣା (ଓୟୁଏଟି)** KK-286
**COLLEGE OF AGRICULTURE, BHAWANIPATNA**
*(Odisha University of Agriculture & Technology)*
Arkabahali Farm, Raipur Road, Bhawanipatna – 766001, Odisha
Email: **deancab@ouat.ac.in**

**HIRING OF VEHICLE**
**TENDER NOTICE No- 01/2025-26**

Sealed Quotation/Tender in the prescribed proforma are invited from interested reputed Travel agencies/Tour Operators/Private individuals for providing one number of AC Petrol/Diesel (**TUV-300, BOLERO, SUMO GOLD, ERTIGA** etc.) driven vehicles having sitting capacity not less than 07 including driver on monthly hire rent basis for official use of OUAT, as and when required. The vehicle should not be more than **3 (three) years old** from the date of initial registration and should be in a good running condition. The detail Terms and Conditions along with the Forms for hiring of the vehicle is available in the office of the undersigned on any working day during office hour on payment of tender paper cost amounting **Rs. 2000/- (Rupees two thousand)** (Non-refundable) from **08.12.2025 to 07.01.2026 up to 5.00 P.M.** or can be downloaded from official website www.ouat.ac.in. If tender papers are downloaded from website, the bid should be submitted with the tender paper cost amounting **Rs. 2000/- in shape of DD in favour of Dean, College of Agriculture, Bhawanipatna (Non-refundable).** The tender paper duly filled in (complete in all respect) and accompanied with the **Earnest Money Deposit (EMD) of Rs. 13,400/- (Rupees thirteen thousand four hundred only)** in shape of NSC/KVP/POTD/TDR (duly pledged in favour of the Dean, College of Agriculture, payable at Bhawanipatna) and proof of tender paper cost (money receipt/DD in favour of Dean, College of Agriculture, Bhawanipatna) should reach the undersigned on or before **Dt. 07.01.2026 by 5.00 P.M.** through registered post/speed post and shall be opened on the next day i.e. on **Dt. 08.01.2026 at 4.00 P.M.** in presence of the bidders or their authorized representatives. The EMD of unsuccessful bidders will be refunded on completion of tender process.

OIPR-01575/11/0003/2526
Sd/- Dean,
College of Agriculture, Bhawanipatna.

**RAIN, SUN AND FIREPROOF**
**KONARK IS THE RIGHT ROOF**

KONARK
Right at the top


USE
KONARK
AC SHEETS & ACCESSORIES

**UAL - ODISHA**
**(PROP. : UAL INDUSTRIES LTD.)**
**(AN ISO 9001, 14001 & 45001 CERTIFIED COMPANY)**

**ODISHA WORKS**
At/P.o. Korian, Dist. Dhenkanal-759013 (Odisha)
Mobile : 9437021312, 9437960758
E-mail : brmohanty@ualind.com

**BENGAL WORKS**
**UAL - BENGAL**
Guptamani Kultikri Road, Midnapore (West Bengal)
Phone : (03222) 202401, 202402
Fax : (03222) 257274, E-mail : ual_kgp@ualind.com

**U.P. WORK**
**UAL - UTTAR PRADESH**
At- Barmanpur, Tehsil- Kerakat, Dist. Jaunpur - 222129 (U.P.)
Phone : (05450) 249301, E-mail : ual_up@ualind.com



*WHILE SOME PERSUE FOR EXCELLENCE*
*WE ARE BORN TO EXCELL.*

**ପୌର ପରିଷଦ, ଖୋରଧା** C-1584

ଦୈନିକ ଓଡ଼ିଆ ଖବର କାଗଜ "ସକାଳ"ର ପ୍ରତିଟି ଖବର ଖୋରଧା ତଥା ଓଡ଼ିଶାର ଜନସାଧାରଣଙ୍କ ନିକଟରେ ବେଶ୍ ପ୍ରିୟଭାଜନ ହୋଇପାରିଛି । ୫ମ ବାର୍ଷିକ ଉତ୍ସବ ପାଳନ ପରିପ୍ରେକ୍ଷୀରେ ଖୋରଧା ପୌର ପରିଷଦ ଓ ଜନସାଧାରଣଙ୍କ ତରଫରୁ ଏହାର ଉତ୍ତରୋତ୍ତର ଉନ୍ନତି ଓ ଦୀର୍ଘ ସଫଳତା କାମନା କରୁଅଛି ।

ରିଜ୍ୱାନା କଅକବ୍, (ଓ.ପ୍ର.ସେ.)
ନିର୍ବାହୀ ଅଧିକାରୀ
ପୌର ପରିଷଦ, ଖୋରଧା
OIPR-

**ADMISSION NOTICE-2025-26**
**Manjari Devi College**
Affiliated to Utkal University, OUHS, PCI, OSBP & DMLT/RTEB
*Campus:*
262, Puranpadhan, Balakati, Bhubaneswar
Mob. 7019799641, 7978608747, 9853801459
Email: mdscnbbsr@gmail.com

- **B. Pharm** *Rs. 58,000/- P.A.* Eligibility: +2 Sc. (PCB/M & OJEE Appeared)
- **D. Pharm** *Rs. 48,000/- P.A.* Eligibility: +2 Sc. (PCB/M)
- **B.M.L.T.** *Rs. 58,000/- P.A.* Eligibility: +2 Sc. (PCB/M with 50 % Mark)
- **D.M.L.T.** *Rs. 48,000/- P.A.* Eligibility: +2 Sc. Pass (PCB/M)
- **M.P.H.** *Rs. 42,000/- P.A.* Eligibility: Any Graguate

ALL COURSE FEES ARE EXCLUDING HOSTEL

**ପୌରପରିଷଦ କାର୍ଯ୍ୟାଳୟ, ପଟ୍ଟାମୁଣ୍ଡାଇ,**

ପଟ୍ଟାମୁଣ୍ଡାଇ ପୌର ପରିଷଦ ତାହାର ଅଗଣିତ ଟିକସ ଦାତା, ପୌରବାସୀ, ବ୍ୟବସାୟୀ ଅନୁଷ୍ଠାନ ଓ ବୃଦ୍ଧିଜିବୀ ମାନଙ୍କୁ ହାର୍ଦ୍ଦିକ ଅଭିନନ୍ଦନ ଜଣାଇବା ସଙ୍ଗେ ସଙ୍ଗେ ସହଯୋଗ କାମନା କରୁଅଛି ।

ନିବେଦନ
01. ପୌର ପରିଷଦ ଅଞ୍ଚଳର ଜନ ସାଧାରଣ ନିଜ ନିଜର ଟିକସ ଠିକ୍ ସମୟରେ ପୈଠ କରନ୍ତୁ ।
02. ନୂତନ ଗୃହ ନିର୍ମାଣ କରିବା ପୂର୍ବରୁ ଗୃହ ନକ୍ସା ପରିଷଦରୁ ମଞ୍ଜୁର କରାଇ ନିଅନ୍ତୁ ଓ ଗୃହ ସମାପ୍ତ ପରେ ତାହାକୁ ପଞ୍ଜିକରଣ କରାଇ ନିଅନ୍ତୁ ।
03. ସହର ଓ ଆଭ୍ୟନ୍ତରିଣ ରାସ୍ତା ଗୁଡିକ ଉପରକୁ ଗୃହ ପାଳିତ ପଶୁମାନଙ୍କୁ ଅନଧିକାର ଭାବେ ଛାଡନ୍ତୁ ନାହିଁ ।
04. ପରିଷଦ ଅଞ୍ଚଳରେ ବ୍ୟବସାୟ ଆରମ୍ଭ କରିବା ପୂର୍ବରୁ ପରିଷଦରେ ବ୍ୟବସାୟ ଲାଇସେନ୍ସ କରାଇ ନିଅନ୍ତୁ ।
05. ପତିତ ଜମି ଓ ରାସ୍ତା କଡରେ ବୃକ୍ଷ ରୋପଣ କରିବା କାର୍ଯ୍ୟରେ ନିଜକୁ ସାମିଲ କରି ପରିବେଶ ସୁରକ୍ଷାରେ ସହାୟକ ହୁଅନ୍ତୁ ।
06. ସରକାରୀ ସମ୍ପତ୍ତି ଓ ସର୍ବସାଧାରଣ ସ୍ଥାନକୁ ଜବରଦଖଲ କରନ୍ତୁ ନାହିଁ ।
07. ପରିଷଦର ସମ୍ପତ୍ତି ସୁରକ୍ଷା କରିବା ଆପଣଙ୍କର ଦାୟିତ୍ୱ ଓ କର୍ତ୍ତବ୍ୟ ।
08. ସର୍ବସାଧାରଣ ରାସ୍ତା ଉପରେ ମଇଳା, ଆବର୍ଜ୍ଜନା ଜମା କରନ୍ତୁ ନାହିଁ କିମ୍ବା ରାସ୍ତା ଅବରୋଧ କରି ଜନସାଧାରଣଙ୍କ ଯାତାୟତରେ ବାଧା ସୃଷ୍ଟି କରନ୍ତୁ ନାହିଁ ।
09. ଡଷ୍ଟ ବିନକୁ ସୁଚାରୁ ରୂପେ ଘରେ ଏବଂ ମାର୍କେଟରେ ବ୍ୟବହାର କରନ୍ତୁ ।
10. ଭୂତଳ ଜଳ ସଂରକ୍ଷଣ ପାଇଁ ନିଜ ଗୃହ ଓ ପରିପାର୍ଶ୍ୱରେ ବୃକ୍ଷରୋପଣ କରନ୍ତୁ । ବର୍ଷା ଜଳ ସଂରକ୍ଷଣ ନିମନ୍ତେ ନିଜ ଗୃହରେ Rain Water Harvesting ଉପାୟ ଅବଲମ୍ବନ କରନ୍ତୁ ।

ଆମର ଲକ୍ଷ୍ୟ:-
- ବେକାର ଯୁବକ ଓ ଯୁବତୀଙ୍କ ଅଇଥାନ ପାଇଁ ରାମ ମନ୍ଦିର ନିକଟରେ ମାର୍କେଟ୍ କମ୍ପ୍ଲେକ୍ସ ଚଳିତ ବର୍ଷ ନିର୍ମାଣ କରାଯିବାକୁ ସ୍ଥିର କରାଯାଇଅଛି ।
- ପଟ୍ଟାମୁଣ୍ଡାଇ ତହସିଲ ପୋଖରୀର ପୁନଃଉଦ୍ଧାର ଓ ସୌନ୍ଦର୍ଯ୍ୟ କରଣ କାର୍ଯ୍ୟ ଚଳିତ ବର୍ଷ ପୂର୍ଣ୍ଣାଙ୍ଗ ପାଇଁ ଲକ୍ଷ୍ୟ ଧାର୍ଯ୍ୟ କରାଯାଇଛି ।
- ପଟ୍ଟାମୁଣ୍ଡାଇ ପୌରାଞ୍ଚଳରୁ ବର୍ଷାଜଳ ନିଷ୍କାସନ ପାଇଁ ଡ୍ରେନ ନିର୍ମାଣ ନିମନ୍ତେ ମାଷ୍ଟର ପ୍ଲାନ ପ୍ରସ୍ତୁତ ହେଉଅଛି ।
- ୱାର୍ଡ ନଂ-04,12,13, ଓ 15 ଠାରେ ନୂତନ କଲ୍ୟାଣ ମଣ୍ଡପ ନିର୍ମାଣର ଲକ୍ଷ୍ୟ ଧାର୍ଯ୍ୟ କରାଯାଇଛି ।

ଶ୍ରୀଯୁକ୍ତ ରଞ୍ଜନ କୁମାର ଦାସ, ଓ.ଆର.ଏସ୍
ନିର୍ବାହୀ ଅଧିକାରୀ

ଶ୍ରୀଯୁକ୍ତ ହେମନ୍ତ କୁମାର ସାହୁ
ଅଧ୍ୟକ୍ଷ
ଉପାଧ୍ୟକ୍ଷା ଓ ସମସ୍ତ ପାରିଷଦ ବୃନ୍ଦ

## 'ସକାଳ' ଓ 'ନନ୍ଦିଘୋଷ'ର ମିନି ମାରାଥନ

# ଦୌଡ଼ିଲା ଜୟପୁର












ଜୟପୁର, ୧।୧୨(ସମିସ): ରାଜ୍ୟର ଅନ୍ୟତମ ଅଗ୍ରଣୀ "ସକାଳ' ଦୈନିକ ଖବରକାଗଜ ପଞ୍ଚମ ସ୍ୱନକ୍ଷତ୍ର ଦିବସ ଅବସରରେ 'ସକାଳ' ଏବଂ 'ନନ୍ଦିଘୋଷ ଟିଭି' ପକ୍ଷରୁ ମିଳିତ ଭାବେ କୋରାପୁଟ ଜିଲ୍ଲା ଜୟପୁର ସହରରେ ମିନି ମାରାଥନ ଅନୁଷ୍ଠିତ ହୋଇଯାଇଛି। ଏଥିରେ ବିଭିନ୍ନ ସଂଗଠନ, ବିଦ୍ୟାଳୟ ଓ ମହାବିଦ୍ୟାଳୟର ଛାତ୍ରଛାତ୍ରୀ ଏବଂ ଜନସାଧାରଣ ଯୋଗ ଦେଇଥିଲେ। ଜୟପୁର ପୁରୁଣା ସରକାରୀ ବସ୍‌ଷ୍ଟାଣ୍ଡ ସମ୍ମୁଖସ୍ଥ ପୌରସଂସ୍ଥାର ପାର୍କିଂ ସ୍ଥାନ ଠାରେ ପୂର୍ବାହ୍ନ ୬ଟା ଠାରୁ ଏହି ମାରାଥନରେ ଯୋଗ ଦେବା ପାଇଁ ପ୍ରାର୍ଥୀମାନେ ପଞ୍ଜୀକରଣ ଆରମ୍ଭ କରିଥିଲେ। ସାଢେ ୭ଟା ସମୟରେ ଦୌଡ଼ ଆରମ୍ଭ ହୋଇଥିଲା। ୫ ଶହରୁ ଅଧିକ ପ୍ରତିଯୋଗୀ ଏଥିରେ ଯୋଗଦେଇ ପାର୍କିଂ ସ୍ଥାନ ଠାରୁ ମୁଖ୍ୟ ରାସ୍ତା ଦେଇ ଦୌଡ଼ିବା ଆରମ୍ଭ କରିଥିଲେ। ରଥ ପଡିଆ ଛକ ନିକଟକୁ ଯାଇ ପୁଣି ସେଠାରୁ ମୁଖ୍ୟରାସ୍ତା ଦେଇ ପାର୍କିଂ ସ୍ଥାନରେ ପହଞ୍ଚିଥିଲେ। ଜୟପୁର 'ସକାଳ' ସଂସ୍କରଣର ୟୁନିଟ୍ ମୁଖ୍ୟ ରାକେଶ ପାଢୀଙ୍କ ଅଧ୍ୟକ୍ଷତାରେ ଆୟୋଜିତ ପୁରସ୍କାର ବିତରଣ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ଭାରତୀୟ ପ୍ରଶାସନିକ ସେବା ଅଧିକାରୀ ତଥା ଜୟପୁର ଏସ୍‌ଡିପିଓ ପାର୍ଥ କାଶ୍ୟପ ଜଗଦୀଶ ଯୋଗଦେଇ ବିଜେତା ମାନଙ୍କୁ ପୁରସ୍କାର ପ୍ରଦାନ କରିଥିଲେ। ଏହି ମାରାଥନରେ ବହୁ ମାତ୍ରାରେ ଯୁବ, ଛାତ୍ରଛାତ୍ରୀ ଏବଂ ବାଳାକ ବାଳିକାଙ୍କ ଯୋଗଦାନର ଆଗ୍ରହକୁ ଦେଖି ସମସ୍ତଙ୍କୁ ଉତ୍ସାହିତ କରିଥିଲେ। ସେହିପରି ଆଜି ବିଶ୍ୱ ଏଡସ ଦିବସ ଯୋଗୁଁ ଏହାକୁ ବିଶ୍ୱରୁ ସମୂଳେ ବିଲୋପ କରିବାକୁ ଆହ୍ୱାନ କରିଥିଲେ। ସ୍ୱାସ୍ଥ୍ୟ ପ୍ରତି ସଚେତନ ହେବା ସହିତ ନିୟମିତ ବ୍ୟାୟାମ ଓ ଦୌଡ଼କୁଦ କରିବାକୁ ଆହ୍ୱାନ କରିଥିଲେ। ଏଥିରେ ପୁରୁଷ ବିଭାଗରେ ପ୍ରଥମ ସ୍ଥାନ ସ୍ଥାନୀୟ ହାଟପଦାର ବାସିନ୍ଦା ଦିଲୀପ ଖରା, ଦ୍ୱିତୀୟ ସ୍ଥାନ ବିକ୍ରମଦେବ ବିଶ୍ୱବିଦ୍ୟାଳୟର ଛାତ୍ର ଗୋପାଳ ଗଣ୍ଡ, ତୃତୀୟ ସ୍ଥାନ ବିକ୍ରମଦେବ ବିଶ୍ୱବିଦ୍ୟାଳୟର ଏନ୍‌ସିସି ଛାତ୍ର ବିକ୍ରମ ବଡନାୟକ ଏବଂ ବାଳିକା ବିଭାଗରେ ପ୍ରଥମ ସ୍ଥାନ ସ୍ଥାନୀୟ ପୁରୁଣାଗଡର ଯୁବତୀ ଦୟାମଣି ହରିଜନ, ଦ୍ୱିତୀୟ ସ୍ଥାନ ଭୂଲକ୍ଷ୍ମୀ ଖିଲ, ଏବଂ ତୃତୀୟ ସ୍ଥାନ ବେଢାସାହିର ଗୌରି ମୁଦୁଲୀ ହାସଲ କରିଥିଲେ। ସର୍ବକନିଷ୍ଠ ବିଭାଗରେ ଜଣେ ଖେଳାଳି ଶରତ ନାୟକଙ୍କୁ ପ୍ରଥମ ସ୍ଥାନ ଅଧିକାରୀ ଥିବା ଯୋଗୁଁ ତାଙ୍କୁ ବିଜେତା କପ୍ ପ୍ରଦାନ କରାଯାଇ ପୁରସ୍କୃତ କରାଯାଇଥିଲା। ସେହିପରି ସକାଳ ସାଢେ ୭ଟା ମାରାଥନ୍ ଦୌଡ଼ କାର୍ଯ୍ୟକ୍ରମରେ ଅତିଥି ଭାବେ ଜୟପୁର ସଦରଥାନା ଅଧିକାରୀ ସଚିନ୍ଦ୍ର ପ୍ରଧାନ ଏବଂ ସମାଜସେବୀ ସଞ୍ଜୟ ଜୈନ ଯୋଗଦେଇ ମିଳିତ ଭାବେ ସବୁଜ ପତକା ଦେଖାଇ ମିନି ମାରାଥନର ଶୁଭାରମ୍ଭ କରିଥିଲେ। ସ୍ଥାନୀୟ ସହଯୋଗୀ ଭାବେ ୟାମାହା ଇଭା ମୋଟର୍ସର ସେଲ୍ସ ମ୍ୟାନେଜର ଜି.ମଣିକଣ୍ଠା, ସିଓ୍ୱା ସଂଗଠକ ବରିଷ୍ଠ ସଦସ୍ୟ ମୋହନ ରାଓ, ମୂରଲୀ ପଟ୍ଟନାୟକ, ରଞ୍ଜିତ ନାୟକ ଏବଂ ଅନ୍ୟାନ୍ୟ ସଦସ୍ୟ ଏବଂ ଜୟପୁର ସିମେଣ୍ଟ ଟ୍ରେଡର୍ସ ମହାସଂଘର ସଭାପତି ରାମଚନ୍ଦ୍ର ସାମନ୍ତରାୟ, ସମ୍ପାଦକ ସୁବାଶ ସାହୁ ଏବଂ ଅନ୍ୟାନ୍ୟ ସଦସ୍ୟ, ବିକ୍ରମଦେବ ବିଶ୍ୱବିଦ୍ୟାଳୟ ଏନ୍‌ସିସି ବିଭାଗର ଛାତ୍ରାଛାତ୍ରୀ, ଟାଉନଥାନା ଅଧିକାରୀ ନିର୍ଦ୍ଦେଶକ୍ରମେ ଏଏସଆଇ ସପନ ମିଶ୍ରଙ୍କ ନେତୃତ୍ୱରେ ପୁଲିସ ଦଳ ଉପସ୍ଥିତ ଥିଲେ। କାର୍ଯ୍ୟକ୍ରମର ମଞ୍ଚ ପରିଚାଳନା ତଥା ଉଦଘୋଷକ ବିଜୟାଲକ୍ଷ୍ମୀ ପାଣିଗ୍ରାହୀ କରିଥିଲେ। ସମସ୍ତ ସହଯୋଗୀ ଏବଂ ଉଦ୍‌ଘୋଷକଙ୍କୁ 'ସକାଳ' ଓ 'ନନ୍ଦିଘୋଷ' ପକ୍ଷରୁ ସମ୍ମାନିତ ଓ ଧନ୍ୟବାଦ ଅର୍ପଣ କରାଯାଇଥିଲା। ଏହି କାର୍ଯ୍ୟକ୍ରମରେ ଯୋଗଦେଇଥିବା ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରାଯାଇଥିଲା। ସ୍ଥାନୀୟ ସହଯୋଗୀ ଇଭା ମୋଟର୍ସ ପକ୍ଷରୁ ଏକ କୁଇଜ ପ୍ରତିଯୋଗିତା ଆୟୋଜନ କରାଯାଇ ସଠିକ ଉତ୍ତର ଦେଇଥିବା ଶ୍ରେଷ୍ଠ ଛାତ୍ରଛାତ୍ରୀଙ୍କୁ ପୁରସ୍କୃତ କରାଯାଇଥିଲା। ଏହି ଅବସରରେ ଜୟପୁର 'ନନ୍ଦିଘୋଷ ଟିଭି'ର ବ୍ୟୁରୋ ମୁଖ୍ୟ ହୃଷିକେଶ ମିଶ୍ର, କ୍ୟାମେରା ମ୍ୟାନ ସନ୍ତୋଷ କୁମାର ମୁଗଲୀ, ଜୟପୁର ସ୍ଥିତ 'ସକାଳ' କାର୍ଯ୍ୟାଳୟ ପ୍ରଚାର ପ୍ରସାର ବିଭାଗର କାର୍ଯ୍ୟ ନିର୍ବାହୀ ସୁଧିର ମାଦଳା, ଜିଲ୍ଲା ପ୍ରତିନିଧି ସୁବୋଧ ଚେଟ୍ଟୀ, ଜୟପୁର ପ୍ରତିନିଧି ସୁପ୍ରିତ ପୂଜାରୀ, କୋରାପୁଟ ପ୍ରତିନିଧି ସୁଶାନ୍ତ ମିଶ୍ର, ବିଜ୍ଞାପନ ବିଭାଗର କାର୍ଯ୍ୟନିର୍ବାହୀ ସୟଦ ହବିବୁରହମାନ, କର୍ମଚାରୀ ଜଗନ୍ନାଥ ଦଳପତୀ ଏବଂ ଜୟପୁର ମୁଦ୍ରଣ ତଥା ଛାପାଖାନାର ସମସ୍ତ କର୍ମଚାରୀ ଏଥିରେ ସହଯୋଗ କରିଥିଲେ। କାର୍ଯ୍ୟକ୍ରମ ଶେଷରେ 'ସକାଳ'ର ଆଞ୍ଚଳିକ ମୁଖ୍ୟ ଶ୍ରୀ ପାଢୀ ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ। ଜିଲ୍ଲା ଚିକିତ୍ସାଳୟ ପକ୍ଷରୁ ମାରାଥନରେ ଆମ୍ବୁଲାନ୍ସ ବ୍ୟବସ୍ଥା କରାଯାଇଥିଲା। ପୁଲିସ କର୍ମଚାରୀମାନେ ବିଭିନ୍ନ ସ୍ଥାନରେ ଉପସ୍ଥିତ ରହି ଟ୍ରାଫିକ୍ ନିୟନ୍ତ୍ରଣ କରିଥିଲେ।

















# ଦୌଡ଼ିଲା ଜୟପୁର




ସକାଳ
THE SAKALA
A Unit of Nandighosha Network Pvt. Ltd.
ଦୌଡ଼ିବ ଜୟପୁର
vedanta
Powered by














Presented by

# ବିଶ୍ୱ ଏଡ୍‌ସ ଦିବସ ପାଳିତ

ନବରଙ୍ଗପୁର,୧।୧୨(ସମିସ): ନବରଙ୍ଗପୁର ମହାବିଦ୍ୟାଳୟର ଯୁବ ରେଡ୍‌କ୍ରସ ଏବଂ ରେଡ୍ ରିବନ୍ କ୍ଲବ ତରଫରୁ ନବରଙ୍ଗପୁର ମହାବିଦ୍ୟାଳୟରେ ବିଶ୍ୱ ଏଡ୍‌ସ ଦିବସ ପାଳିତ ହୋଇଯାଇଛି।




ପ୍ରଥମ ପର୍ଯ୍ୟାୟରେ ଉଭୟ ଯୁକ୍ତ ଦୁଇ ଓ ଯୁକ୍ତ ତିନି ଛାତ୍ରଛାତ୍ରୀଙ୍କ ମଧ୍ୟରେ ପ୍ରବନ୍ଧ, ବକ୍ତୃତା ଓ ପୋଷ୍ଟର ପ୍ରତିଯୋଗିତା ଆୟୋଜିତ ହୋଇଥିଲା। ଏଡ୍‌ସ ଦିବସରେ ଯୁବ ରେଡକ୍ରସର ଜିଲ୍ଲା ଆବାହକ ତଥା ନବରଙ୍ଗପୁର ମହାବିଦ୍ୟାଳୟର ଅର୍ଥନୀତି ବିଭାଗ ଅଧ୍ୟାପକ ଦିଲୀପ କୁମାର ହୋତା ଏବଂ କଲେଜ ସଂଯୋଜକ ଅଧ୍ୟାପକ ଶମ୍ଭୁ ପ୍ରସାଦ ହୋତା ଛାତ୍ର ଛାତ୍ରୀଙ୍କୁ ଏଡ୍‌ସ ବିଷୟରେ ସଚେତନ କରିଥିଲେ। ଦ୍ୱିତୀୟ ପର୍ଯ୍ୟାୟରେ ଉଦ୍‌ଘାଟନ କରି ମୁଖ୍ୟ ଅତିଥି ଯୁବ ରେଡକ୍ରସର ଜିଲ୍ଲା ଅଧିକାରୀ ତଥା ଅଧ୍ୟକ୍ଷ ଡି. ଗୋବିନ୍ଦା ରାଓ ସାମ୍ପ୍ରତିକ ସମୟରେ ଭାରତରେ ଏଡ୍‌ସର ସ୍ଥିତି ଓ ପ୍ରଭାବ ବିଷୟରେ ଆଲୋକପାତ କରିଥିଲେ। ଜିଲ୍ଲା ଡାକ୍ତରଖାନାରୁ ସ୍ୱତନ୍ତ୍ର ଭାବେ ନିମନ୍ତ୍ରିତ ଅଧିକାରୀ ସମ୍ମାନିତ ଅତିଥି ତଥା ସମ୍ବଳ ପ୍ରଶିକ୍ଷକ ଚନ୍ଦ୍ର ଶେଖର ପଟ୍ଟନାୟକ ଏବଂ ସର୍ବେଶ୍ୱର ବାରିକ ଏଡ୍‌ସ ରୋଗର କାରଣ ଓ ନିରାକରଣ ଉପରେ ଆଲୋଚନା କରିଥିଲେ। ପ୍ରାଧ୍ୟାପିକା ସଙ୍ଗୀତା ତ୍ରିପାଠୀ ଛାତ୍ରଛାତ୍ରୀ ଏକ ପ୍ରମୁଖ ଦାୟିତ୍ୱ ଭାବରେ ଏଡ଼ସ ବିଷୟରେ ଅନ୍ୟ ମାନଙ୍କୁ ସଚେତନ କରିବା ପାଇଁ ଆହ୍ୱାନ ଦେଇଥିଲେ। ଏହି ଅବସରରେ ଅନୁଷ୍ଠିତ ବିଭିନ୍ନ ପ୍ରତିଯୋଗିତା, ମାନବ ଶୃଙ୍ଖଳ, ଦସ୍ତଖତ ଅଭିଯାନ, କର୍ମଶାଳା ସବୁକୁ ଯୁବ ରେଡକ୍ରସ ଅଧିକାରୀ ଅଧ୍ୟାପିକା ନିର୍ମଳା ହିକକା ଏବଂ ଅଧ୍ୟାପିକା ରଜନୀ ମିଞ୍ଜ, କର୍ମଚାରୀ ରାଜନ୍ ତ୍ରିପାଠୀ ଓ ବନମାଳୀ ବେହେରା ପ୍ରମୁଖ ପରିଚାଳନା କରିଥିଲେ। ଜିଲ୍ଲା ଆବାହକ ତଥା ମହାବିଦ୍ୟାଳୟର ଅଧ୍ୟାପକ ଦିଲୀପ କୁମାର ହୋତା ଏଡ୍‌ସ ଦିବସ ପାଳନର ଆବଶ୍ୟକତା ବିଷୟରେ ବକ୍ତବ୍ୟ ରଖିଥିଲେ। ସମଗ୍ର କାର୍ଯ୍ୟକ୍ରମକୁ ସଞ୍ଚାଳନ କରିଥିଲେ ଛାତ୍ର ସଂସଦ ସହ ଉପଦେଷ୍ଟା ଅଧ୍ୟାପକ ଶମ୍ଭୁ ପ୍ରସାଦ ହୋତା।

# ମଣ୍ଡି ଖୋଲୁନି, ଦଲାଲଙ୍କ ହାତକୁ ଯିବ ଧାନ!



ଉମରକୋଟ,୧।୧୨(ସମିସ): ନବରଙ୍ଗପୁର ଜିଲ୍ଲାରେ ଖରିଫ ଧାନ ଅମଳ କଲେଣି ଚାଷୀ। ହେଲେ ଏପର୍ଯ୍ୟନ୍ତ ଖୋଲିନାହିଁ ଧାନ ମଣ୍ଡି। ଧାର କରଜ କରି ଚାଷ କରିଥିବା ଚାଷୀଙ୍କ ପାଇଁ ବିଳମ୍ବିତ ମଣ୍ଡି, ଚିନ୍ତାର ବିଷୟ ପାଲଟିଛି। ଚାଷୀ ନିଜ ଖଳାରେ ଅମଳ ଧାନକୁ ସାଇତି ରଖିଛନ୍ତି। ମଣ୍ଡିରେ ବିକିବେ ବୋଲି, ଏଣେ ଚାଷୀଙ୍କ ପଛରେ ପଡିଲେଣି ବେପାରୀ। ମଣ୍ଡି ନ ଖୋଲିବାରୁ ଚାଷୀ ବି ନିଜ କଷ୍ଟ ଉପାର୍ଜିତ ଧାନକୁ ବେପାରୀ ହାତକୁ ଟେକି ଦେବାକୁ ଚିନ୍ତା କଲେଣି। ଚଳିତ ବର୍ଷ ଖରିଫ୍ ଧାନ ଚାଷକୁ ନେଇ ଅନେକ ସମସ୍ୟାର ସମ୍ମୁଖୀନ ହୋଇଛନ୍ତି ଉମରକୋଟର ଚାଷୀ। କେତେବେଳେ ଅତ୍ୟଧିକ ବର୍ଷା ତ ପୁଣି କେତେବେଳେ ସାର ସଙ୍କଟ। ଏସବୁ ପରେ ରୋଗପୋକ ନାକେଦମ୍ କରିଥିଲା। ସବୁ ପ୍ରତିକୂଳ ପରିସ୍ଥିତି ସତ୍ତ୍ୱେ ନିଜର ଫସଲ ବଞ୍ଚାଇଛନ୍ତି। ଅମଳ କରି ଖଳାକୁ ଆଣିଛନ୍ତି। ଉମରକୋଟ ବ୍ଲକରେ ପ୍ରାୟ ୭୦ ଭାଗରୁ ଅଧିକ ଧାନ କଟା ସରିଲାଣି। ଆଉ ଦୁଇ ସପ୍ତାହ ସୁଦ୍ଧା ପ୍ରାୟ ସବୁ ଅମଳ ହୋଇଯିବ। ହେଲେ ଏଯାଏଁ ଜିଲ୍ଲାରେ ଖୋଲିନି ମଣ୍ଡି। ସେପଟେ ଆସନ୍ତା ମାସ ଡିସେମ୍ବର ୧୭ରେ ମଣ୍ଡି ଖୋଲିବ ବୋଲି ସ୍ଥିର କରିଛି କମିଟି। ଶୀତକାକର, ଅଦିନିଆ ବର୍ଷା ଏବଂ ଚୋରି ଭୟରେ ଖଳାରେ ଧାନକୁ ଛାଡି କେଉଁଆଡ଼େ ଯାଇପାରୁନାହାନ୍ତି ଚାଷୀ। ସବୁ ସମୟରେ ଖଳାରେ ଜଗି ରହୁଛନ୍ତି। ସେପଟେ ଘରକୁ ଆସିଲେଣି ଚାଷ ପାଇଁ ହାତ ଉଧାରି ଦେଇଥିବା ସାହୁକାର ଓ ଔଷଧ ଦୋକାନୀ। ଆଉ ଏଭଳି ପରିସ୍ଥିତିର ସୁଯୋଗ ନେବାକୁ ଅନେଇ ବସିଛନ୍ତି ବ୍ୟବସାୟୀ। ଗାଁ ଗାଁ ବୁଲି ଧାନ କିଣିବାରେ ଲାଗିପଡିଛନ୍ତି। ମଣ୍ଡି ଖୋଲି ନଥିବାରୁ ଧାନ ବେପାରୀ ଓ ଦଲାଲମାନେ ଚାଷୀଙ୍କ ଭାଗ୍ୟ ବିଧାତା ସାଜିଛନ୍ତି। ସେମାନେ ହିଁ ଧାନ ଦର ସ୍ଥିର କରୁଛନ୍ତି। କ୍ୱିଣ୍ଟାଲ ପ୍ରତି ୧୮ ଶହରୁ ୨ ହଜାର ଟଙ୍କାରେ କିଣି ନେଉଥିବା ଜଣାପଡ଼ିଛି। ଫଳରେ ସରକାରଙ୍କ ୮ ଶହ ଟଙ୍କା ବୋନସ୍ ଚାଷୀଙ୍କ ପାଇଁ ମରୁଭୂମିର ମରିଚିକା ସଦୃଶ ହୋଇଛି। ସେପଟେ ଆଗାମୀ ଡିସେମ୍ବର ୧୭ ତାରିଖରୁ ଉମରକୋଟ ବ୍ଲକରୁ ଧାନ କିଣା ଆରମ୍ଭ କରାଯିବ। ଯେଉଁମାନେ ଅମଳ କରିଛନ୍ତି, ସେମାନେ ସାଇତି ରଖନ୍ତୁ। ମଣ୍ଡି ଖୋଲିଲେ ବିକ୍ରି କରିବେ ବୋଲି କହିଛନ୍ତି ଜିଲ୍ଲା ଯୋଗାଣ ଅଧିକାରୀ।

# ଯୁବକଙ୍କ ମହାନତା; ୨୨ କିଲୋମିଟର ଆସି ଫେରାଇଲେ ମୋବାଇଲ



ସେମିଳିଗୁଡ଼ା,୧।୧୨(ସମିସ): ରାସ୍ତାରୁ ପାଇଥିବା ମୋବାଇଲ୍ ଫୋନ୍ ଫେରାଇବା ପାଇଁ ୨୨ କିମି ଆସି ଜଣେ ଯୁବକ ଚର୍ଚ୍ଚାରେ ରହିଛନ୍ତି । ସୂଚନା ଅନୁଯାୟୀ 'ହାଲ୍'ରେ କାର୍ଯ୍ୟ କରୁଥିବ ସମାଜସେବୀ ସୁନାବେଡ଼ା ବାସିନ୍ଦା ଆନନ୍ଦମୌଳି ପଟ୍ଟନାୟକ ରବିବାର କୌଣସି କାମରେ ସେମିଳିଗୁଡ଼ା ଆସୁଥିବା ବେଳେ ରାସ୍ତାରେ ତାଙ୍କ ମୋବାଇଲ ଖସି ପଡିଥିଲା। ସେହି ସମୟରେ ଦଶମନ୍ତପୁର ବ୍ଲକ୍ ବାଉଁଶଗୁଡ଼ାର ଯୁବକ ସାଗର ବାଘ ସେମିଳିଗୁଡ଼ା ଦେଇ କୋରାପୁଟ ଯାଉଥିବା ଥିବା ସମୟରେ ମୋବାଇଲକୁ ପାଇଥିଲେ। ତେବେ ଲକ୍ ପଡ଼ିଥିବାରୁ କାହାକୁ ଯୋଗାଯୋଗ କରି ନପାରି କୋରାପୁଟ ଚାଲି ଯାଇଥିଲେ। ମୋବାଇଲ ଖସି ପଡିଥିବା କଥା ଆନନ୍ଦମୌଳି ପ୍ରାୟ ଦୁଇ ଘଣ୍ଟା ପରେ ଜାଣିବାକୁ ପାଇଥିଲେ। ବ୍ୟତିବ୍ୟସ୍ତ ହୋଇ ସେଇ ନମ୍ବରକୁ କଲ କରିବା ପରେ ମୋବାଇଲ ସେ ପାଇଥିବା ଓ ତାଙ୍କ ପାଖରେ ସୁରକ୍ଷିତ ଥିବା ସାଗର କହି ଆନନ୍ଦଙ୍କ ଠିକଣା ପଚାରିଥିଲେ। ଆନନ୍ଦ ସୁନାବେଡ଼ାର ବୋଲି କହିବା ପରେ ସାଗର ମୋବାଇଲ ଫେରାଇବା ପାଇଁ କୋରାପୁଟରୁ ସୁନାବେଡ଼ା ଆସି ମୋବାଇଲ ହସ୍ତାନ୍ତର କରିଥିଲେ। ସାଗରଙ୍କ ଏହି କାର୍ଯ୍ୟକୁ ସବୁ ମହଲରୁ ପ୍ରଶଂସା କରାଯାଇଛି।

# ମା' କାଳୀ କ୍ରିକେଟ ଟୁର୍ନାମେଣ୍ଟ, ଉମରକୋଟ ଚାମ୍ପିଅନ୍




ନନ୍ଦାହାଣ୍ଡି,୧।୧୨(ସମିସ): ନବରଙ୍ଗପୁର ଜିଲ୍ଲା ନନ୍ଦାହାଣ୍ଡି ବ୍ଲକ ଡଙ୍ଗରଭେଜା ପଞ୍ଚାୟତ ସରୁଗୁଡା ଠାରେ ନଭେମ୍ବର ୨୩ ତାରିଖରୁ ଆରମ୍ଭ ହୋଇଥିବା କ୍ରିକେଟ ଟୁର୍ନାମେଣ୍ଟ ରବିବାର ଦିନ ଉଦ୍‌ଯାପିତ ହୋଇଯାଇଛି। ଉକ୍ତ ଟୁର୍ନାମେଣ୍ଟରେ ୧୬ଟି ଦଳ ଅଂଶଗ୍ରହଣ କରିଥିଲେ। ନନ୍ଦାହାଣ୍ଡି ବ୍ଲକ ଜୋନ -୨ ଜିଲ୍ଲା ପରିଷଦ ସଭ୍ୟ ଅରୁଣ କୁମାର ମିଶ୍ର ମୁଖ୍ୟ ଅତିଥି ଭାବେ ଯୋଗ ଦେଇ ଟୁର୍ନାମେଣ୍ଟକୁ ଉଦ୍‌ଘାଟନ କରିଥିଲେ। ଟୁର୍ନାମେଣ୍ଟ ଫାଇନାଲ ମ୍ୟାଚ୍‌ରେ ଇନ୍ଦ୍ରାବତୀ ଓ କାଞ୍ଚନା -୧୧ ଉମରକୋଟ ଦଳ ମଧ୍ୟରେ ଅନୁଷ୍ଠିତ ହୋଇଥିଲା। ଏଥିରେ କଞ୍ଚନା -୧୧ ଉମରକୋଟ ଦଳ ଟସ୍ ଜିତି ପ୍ରଥମେ ବ୍ୟାଟିଂ କରି ୧୫ ଓଭରରେ ଚାରି ଉଇକେଟ୍ ହରାଇ ୧୭୭ କରିଥିଲେ। ଦ୍ୱିତୀୟ ଇନିଂସ୍‌ରେ ଇନ୍ଦ୍ରାବତୀ ଦଳକୁ ୧୪ ଓଭରରେ ୧୩୩ ରନ୍‌ରେ ଅଲ୍‌ଆଉଟ୍ କରି ଚାମ୍ପିଆନ୍ ହୋଇଥିଲା ଉମରକୋଟ ଦଳ। ଏହି ଉଦ୍‌ଯାପନୀ ଉତ୍ସବରେ ନବରଙ୍ଗପୁର ପୂର୍ବତନ ବିଧାୟକ ସଦାଶିବ ପ୍ରଧାନୀ ମୁଖ୍ୟ ଅତିଥି ଯୋଗ ଦେଇଥଲେ। ସମ୍ମାନିତ ଅତିଥି ଭାବେ ଜିଲ୍ଲା ପରିଷଦ ସଭ୍ୟ ଅରୁଣ କୁମାର ମିଶ୍ର, ପୂର୍ବତନ ସାଂସଦ ପ୍ରତିନିଧି ତଥା ବରିଷ୍ଠ ବିଜେଡି ନେତା ସୁନୀଲ ସାହୁ, ବିଜେପି ମଣ୍ଡଳ ସଭାପତି ଲକ୍ଷ୍ମଣ ମାଝୀ, ବରିଷ୍ଠ ବିଜେପି ନେତା କୃଷ୍ଣ ନାୟକ, ଦେବୀ ପ୍ରସାଦ ମହାପାତ୍ର, ଡ୍ରିମ୍ ଇଣ୍ଡିଆ ନିର୍ଦ୍ଦେଶକ ପଙ୍କଜ କୁମାର ସିପା ଯୋଗଦେଇଥିଲେ। ପୂର୍ବତନ ନବରଙ୍ଗପୁର ବିଧାୟକ ସଦାଶିବ ପ୍ରଧାନୀ ଚାମ୍ପିଅନ ଦଳକୁ ଚାମ୍ପିଅନ୍ ଷ୍ଟ୍ରଫି ଦେଇ ପୁରସ୍କୃତ କରଥିଲେ। ବେଳେ ରନର୍ସ ଅପ୍ ଦଳକୁ ଡ୍ରିମ ଇଣ୍ଡିଆ ନିର୍ଦ୍ଦେଶକ ପଙ୍କଜ କୁମାର ସିପା ଅନର୍ସ ଅପ୍ ଟ୍ରଫି ପୁରସ୍କୃତ କରିଥିଲେ ଛଟୁର୍ନାମେଣ୍ଟ ରେ ରତନ ନାୟକ ଓ ହରେକୃଷ୍ଣ ବିଷୋୟୀ ଏମ୍ପାଇର୍ ଏବଂ ଲିଙ୍ଗରାଜ ଖୁରା ଭାଷ୍ୟକାର ଦାୟିତ୍ୱ ନିର୍ବାହ କରିଥିଲେ । ଇଶ୍ୱର ଗୌଡ଼,ବିରଞ୍ଚି ବିନ୍ଧାଣି,ଶଶାଙ୍କ କୁମାର ବିଷୋୟୀ,ନିରଞ୍ଜନ ଗୌଡ଼,ପିଙ୍କୁ ପ୍ରସାଦ ସେଠିଆ,ରାଜୁ ମାଳି,କବିର ବିଷୋୟୀ,ଦେବାରଜ ନାୟକ,ହଳଦର ସେଠିଆ,ସମୀର ନାୟକ,ମୃତୁମ ବିଷୋୟୀ ପ୍ରମୁଖ ଟୁର୍ନାମେଣ୍ଟ ଆୟୋଜନ କରିଥିଲେ।

# ନିର୍ବାଣ ପକ୍ଷରୁ କବିତା କର୍ମଶାଳା



ବୋରିଗୁମ୍ମା,୧।୧୨(ଇମିସ): ଜୟପୁର ସହର ଅଗ୍ରଣୀ ସାହିତ୍ୟ ଅନୁଷ୍ଠାନ "ନିର୍ବାଣ' ଓ ବୋରିଗୁମ୍ମାସ୍ଥିତ ଭୈରବ ସ୍ନାତକ ମହାବିଦ୍ୟାଳୟର ମିଳିତ ସହଯୋଗରେ ଏକ କବିତା କର୍ମଶାଳା ଅନୁଷ୍ଠିତ ହୋଇଯାଇଛି। ନିର୍ବାଣର ସମ୍ପାଦକ ସାହିତ୍ୟିକ ଚନ୍ଦ୍ରକାନ୍ତ ବିଶ୍ୱାଳଙ୍କ ନେତୃତ୍ୱରେ ଆୟୋଜିତ ଏହି କର୍ମଶାଳାରେ ମହାବିଦ୍ୟାଳୟର ଅଧ୍ୟକ୍ଷ ଡ. ସୌମେନ୍ଦ୍ର କୁମାର ସ୍ୱାଇଁ ସଭାପତିତ୍ୱ କରିଥିଲେ। ଭୈରବ ସ୍ନାତକ ମହାବିଦ୍ୟାଳୟରେ ଆୟୋଜିତ କାର୍ଯ୍ୟକ୍ରମରେ ବିଶିଷ୍ଟ ସାହିତ୍ୟ ସାଧକ ରବି ଶତପଥୀ, ଅନୁବାଦ ସାହିତ୍ୟିକ ବିଜୟ କୁମାର ପ୍ରଧାନ, ନାଟ୍ୟକାର ସୁରେଶ ରାଉତ, ଯୁଗ୍ମ ସମ୍ପାଦ ସୁବାସ ନାୟକ, ଅଧ୍ୟାପକ ତଥା ସୁସାହିତ୍ୟିକ ଡ. ସୁଧାଂଶୁଶେଖର ପଟ୍ଟନାୟକ, କବି ରଘୁନାଥ ବିଶ୍ୱାଳ, ଯୁବକବୟିତ୍ରୀ ବିଜୟଲକ୍ଷ୍ମୀ ପାଣିଗ୍ରାହୀ, କବି ଅଶୋକ କୁମାର ପଲେଇ ପ୍ରମୁଖ ଅତିଥି ମଞ୍ଚାସୀନ ଥିଲେ। କର୍ମଶାଳାରେ ଅଂଶ ଗ୍ରହଣ କରିଥିବା ୪୦ରୁ ଅଧିକ ଛାତ୍ରଛାତ୍ରୀଙ୍କୁ କବିତାର ସୂକ୍ଷ୍ମକଳା ସମ୍ପର୍କରେ ସୂଚନା ପ୍ରଦାନ କରାଯାଇଥିଲା। ବିଭିନ୍ନ ପ୍ରକାର କବିତା ଲିଖନ ପାଇଁ ଯୁବ ପ୍ରତିଭାଙ୍କୁ ପ୍ରୋତ୍ସାହିତ କରିବା ସହ ଭାବକୁ କିପରି କବିତା ମାଧ୍ୟମରେ ପରିପ୍ରକାଶ କରିପାରିବେ ସମ୍ପର୍କରେ ବିଶେଷ ଅଧିବେଶନରେ ପ୍ରତିଷ୍ଠିତ ସାହିତ୍ୟିକମାନେ ବୁଝାଇଥିଲେ। ଏହା ସହ କବି ରବି ଶତପଥି କବିତା ଲେଖିବା ଶୈଳୀ ଉପରେ ଆଲୋଚନା କରିଥିଲେ। ଏଥିରେ ସଦାଶିବ ତ୍ରିପାଠୀ ପ୍ରାରମ୍ଭିକ ସୂଚନା ପ୍ରଦାନ କରିଥିଲେ। ପ୍ରଥମେ ସ୍ୱର୍ଗତ ସାହିତ୍ୟିକ ମନମୋହନ ଆଚାର୍ଯ୍ୟଙ୍କ ପାଇଁ ନିରବ ପ୍ରାର୍ଥନା କରାଯାଇଥିଲା। ଅଧ୍ୟକ୍ଷ ଡ.ସ୍ୱାଇଁ କାର୍ଯ୍ୟକ୍ରମରେ ଉଦ୍ଦେଶ୍ୟ ଜ୍ଞାପନ କରିବାର ସହ ଅତିଥିଙ୍କୁ ପରିଚୟନ ପ୍ରଦାନ କରିଥିଲେ। କାର୍ଯ୍ୟକ୍ରମ ଆରମ୍ଭରେ ଭୈରବ ମହାବିଦ୍ୟାଳୟ ପକ୍ଷରୁ ସମସ୍ତ ଅତିଥିଙ୍କ ଉପଢୌକନ ପ୍ରଦାନ କରି ସମ୍ବର୍ଦ୍ଧିତ କରାଯାଇଥିଲା। କବି ରଘୁନାଥ ବିଶ୍ୱାଳ ମଞ୍ଚ ପରିଚାଳନା କରିଥିଲେ। କର୍ମଶାଳ ପରେ ଆୟୋଜିତ କବିତା ଲିଖନ ପ୍ରତିଯୋଗିତାରେ ୩୧ଜଣ ଛାତ୍ରାଛାତ୍ରୀ ଯୋଗଦେଇଥିଲେ। ସେଥିମଧ୍ୟରୁ ମମତା ମିଶ୍ର ପ୍ରଥମ, ପ୍ରିୟଙ୍କା ମହାନ୍ତି ଦ୍ୱିତୀୟ, କହ୍ନେଇ ସିଂହଲାଲ ତୃତୀୟ ସ୍ଥାନ ଅଧିକାର କରିଥିଲେ। ବୈଜୟନ୍ତୀ ହନ୍ତାଳଙ୍କୁ ସାନ୍ତ୍ୱନା ମୂଳକ ପୁରସ୍କାର ପ୍ରଦାନ କରାଯାଇଥିଲା। କାର୍ଯ୍ୟକ୍ରମରେ ନିର୍ବାଣର ଭାଗ୍ୟଲତା ପାଣିଗ୍ରାହୀ, ଅବିନାଶ ସାନ୍ତ୍ରାପାତ୍ର, ପ୍ରମୋଦ ରାଉଳ ପ୍ରମୁଖ ଅତିଥି ଭାବେ ଯୋଗ ଦେଇଥିଲେ। ସେହିପରି ମହାବିଦ୍ୟାଳୟ ଲକ୍ଷ୍ମୀଦାସୀ ନାୟକ, ଜି ଉମାମେହଶ୍ୱରୀ, ଗଣେଷ ପଲେଇ, ଅଭିଶେଷ ରାଉତ, ପ୍ରତୀକ ଶର୍ମା, ଲକ୍ଷ୍ମୀ ରାଣୀ ପଣ୍ଡା କର୍ମଶାଳା ପରିଚାଳନାରେ ସହଯୋଗ କରିଥିଲେ।

# କୋରାପୁଟର ଯୁବଶକ୍ତି ଉପରେ ଆଲୋଚନାଚକ୍ର



ସେମିଳିଗୁଡ଼ା,୧।୧୨(ସମିସ): କୋରାପୁଟ ଜିଲ୍ଲାର ଯୁବଶକ୍ତିଙ୍କ ଉନ୍ନତି ଓ ପ୍ରଗତିର ଦିଗ ନିର୍ଦ୍ଧାରଣ ଉପରେ ଏକ ଗୁରୁତ୍ୱପୂର୍ଣ୍ଣ ଆଲୋଚନାଚକ୍ର ଆଜି ସେମିଳିଗୁଡା ମହାବିଦ୍ୟାଳୟରେ ଅନୁଷ୍ଠିତ ହୋଇଯାଇଛି। "କୋରାପୁଟର ଯୁବଶକ୍ତି: ପ୍ରଗତିର ଦିଗ' ଶୀର୍ଷକ ସେମିନାରରେ ଦକ୍ଷିଣ ଓଡିଶା ବିକାଶ ପରିଷଦ ସଭାପତି ଏବଂ ଉତ୍କଳ ସମ୍ମିଳନୀର କାର୍ଯ୍ୟକାରୀ ସଭାପତି ଭୃଗୁ ବକ୍ସିପାତ୍ର ମୁଖ୍ୟବକ୍ତା ଭାବରେ ଉପସ୍ଥିତ ଥିଲେ। ମହାବିଦ୍ୟାଳୟର ଅଧ୍ୟକ୍ଷା ଡ. ଝାନ୍‌ସୀ ସିଂହଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ମୁଖ୍ୟବକ୍ତା ଶ୍ରୀ ବକ୍ସିପାତ୍ର ତାଙ୍କ ବକ୍ତବ୍ୟରେ କୋରାପୁଟ ଏକ ସମ୍ବଳର ଗନ୍ତାଘର, ଯେପରି ବକ୍ସାଇଟ ଇତ୍ୟାଦି ଖଣିଜ ପଦାର୍ଥ ଓ ମାଣ୍ଡିଆ, ସୁଆଁ, କାଙ୍ଗୁ, ଅଦା, ହଳଦୀ, କାଜୁ ଓ କୋରାପୁଟର ଏହି ସମ୍ବଳରର ବ୍ୟବହାର କରି ଉଦ୍ୟୋଗୀ ହେବାପାଇଁ ଉଦବୋଧନ ଦେବା କ୍ରମରେ ସେ ଜଗନ୍ନାଥ ହନ୍ତାଳ ଓ ଖଗୁ ହନ୍ତାଳ ପରି ଉଦ୍ୟୋଗୀଙ୍କ ଉଦାହରଣ ଦେଇଥିଲେ। ନିଜ ଅଞ୍ଚଳର ସୁରକ୍ଷା ପାଇଁ ନିଜେ ଆଗେଇ ଆସିବା ଓ ନିଜ ଅଞ୍ଚଳର ଦାବିକୁ ଉପସ୍ଥାପନ କରିବା ପାଇଁ ଦୃଢ ସ୍ୱର ଉତ୍ତୋଳନ କରିଯିବା ଦରକାର ବୋଲି ଯୁବ ଶକ୍ତିକୁ ଆହ୍?ାନ ଦେଇଥିଲେ।ଏହି ସେମିନାରରେ ମହାବିଦ୍ୟାଳୟର ବିଭିନ୍ନ ବିଭାଗର ଅଧ୍ୟାପକ ଅଧ୍ୟାପିକା ମାନଙ୍କ ମଧ୍ୟରେ ଡ. ସୁଭ୍ରାଂଶୁ ସୁନ୍ଦର ଦାସ, ଡ. ଗୀତା ପଟ୍ଟନାୟକ, ଶ୍ରୀ ନିରଞ୍ଜନ ପୋଢ, ଶ୍ରୀମତୀ ରୋନାଲୀ ନାୟକ, ଶ୍ରୀ ସଙ୍ଗୀତ ପଣ୍ଡା, ଶ୍ରୀମତୀ ଅମିଷା ପାଢୀ, କମଳିନୀ ବିଶୋଇ, ଡ଼ ରମେଶ ମଲ୍ଲିକ, ଲକ୍ଷ୍ମୀପ୍ରିୟା ଖରା, ବିଜୟଲକ୍ଷ୍ମୀ ଦଳାଇ ଓ ରୋହିଣୀ ସିରିକା ଆଦି ସକ୍ରିୟ ଭାବରେ ଯୋଗଦେଇଥିଲେ। ଏହି କାର୍ଯ୍ୟକ୍ରମର ପରିଚାଳନା କରିଥିଲେ ଇଂରାଜୀ ଅଧ୍ୟାପକ ଶିବାଶିଷ ପଟ୍ଟନାୟକ। ଏହି କାର୍ଯ୍ୟକ୍ରମ ଆମ ଗୌରବ ଆମ କଲେଜ ଅଧୀନରେ ଅନୁଷ୍ଠିତ ହୋଇଯାଇଛି। ଶେଷରେ ଅର୍ଥନୀତିର ଅଧ୍ୟାପିକା ରୋନାଲୀ ନାୟକ ଧନ୍ୟବାଦ ଅର୍ପଣ କରିଥିଲେ।

# ଗାଁ ମଶାଣିରେ ନଳକୂପ ଖନନ



ବୈପାରୀଗଡ଼ା, ୧।୧୨(ସମିସ): ବୈପାରୀଗୁଡା ବ୍ଲକ ସଦର ମହକୁମା ସ୍ଥିତ ଗାଁ ମଶାଣିରେ ଆଜି ନଳକୂପ ଖନନ କରାଯାଇଛି। ସ୍ଥାନୀୟ ସରପଞ୍ଚ ସୂର୍ଯ୍ୟ ମଣି ନାୟକଙ୍କ ନେତୃତ୍ୱରେ ଗ୍ରାମ୍ୟ ଜଳଯୋଗାଣ ଓ ପରିମଳ ବିଭଗ କନିଷ୍ଠ ଯନ୍ତ୍ରୀ ଏବଂ ଗ୍ରାମବାସଙ୍କ ଉପସ୍ଥିତିରେ ନଳକୂପ ଖନନ ହୋଇଛି। ବହୁବାର ଗାଁ ଲୋକଙ୍କ ଅଭିଯୋଗ ପରେ ଆଜି ଗାଁ ମଶାଣିରେ ନଳକୂପ ଖନନ ହୋଇଛି। ସୂଚନା ଥାଉକି, ଗାଁ ମଶାଣି ସ୍ଥାନାନ୍ତରିତ ପରେ ନୂତନ ମଶାଣିରେ ପାଣି ପାଇଁ ହନ୍ତସନ୍ତ ହେଉଥିଲେ ଗ୍ରାମବାସୀ। ଶବଦାହ ପରେ ଗାଧୁଆ ପାଇଁ ଅସୁବିଧା ସମ୍ମୁଖୀନ ହେଉଥିବା ବେଳେ ବହୁବାର ସରପଞ୍ଚ ଠାରୁ ଆରମ୍ଭ କରି ବିଡିଓ ଓ ବିଧାୟକ ଭଳି ସମସ୍ତଙ୍କୁ ଗୁହାରୀ କରାଯାଇଥିଲା। ଶେଷରେ ଶୁଣିଲା ପ୍ରଶାସନ। ଆଜି ମଶାଣିରେ ହେଲା ନଳକୂପ ଖନନ ।

# ଆଜିଠୁ ସେମିଳିଗୁଡ଼ା ବ୍ଲକ୍‌ସ୍ତରୀୟ 'ପରବ'



ସେମିଳିଗୁଡ଼ା,୧।୧୨ (ସମିସ): କୋରାପୁଟ ଜିଲ୍ଲାର ସେମିଳିଗୁଡା ବ୍ଲକ୍‌ସ୍ତରୀୟ ପରବ ୨ ତାରିଖ ମଙ୍ଗଳବାରରୁ ଆରମ୍ଭ ହେବାକୁ ଯାଉଛି। ଗୋଷ୍ଠୀ ଉନ୍ନୟନ ଅଧିକାରୀ ଯସ୍କିନକୁମାର ପ୍ରଧାନଙ୍କ ନେତୃତ୍ୱରେ ମଙ୍ଗଳବାର ଓ ବୁଧବାର ଦୁଇ ଦିନ ଧରି କ୍ରୀଡ଼ା ,ସାଂସ୍କୃତିକ ପ୍ରତିଯୋଗିତା ସହ ବିଭିନ୍ନ କାର୍ଯକ୍ରମ ଆୟୋଜନ କରାଯିବ ବୋଲି ସୂଚନା ମିଳିଛି। ଲୁଙ୍ଗୁରି ପଡିଆରେ ଫୁଟବଲ ଓ ଭଲିବଲ ପ୍ରତିଯୋଗିତା ଆୟୋଜନ କରାଯାଉଛି। ସେମିଳିଗୁଡ଼ା ମିନି ଷ୍ଟାଡିୟମରେ। "ପରବ' ପାଳିତ ନେଇ ପ୍ରସ୍ତୁତି ଆରମ୍ଭ ହାଇ ଯାଉଛି। ତଳସାହି ନିକଟରୁ ନିସନିମୁଣ୍ଡା ଠାରେ ପୂଜାର୍ଚ୍ଚନା ପରେ ମଶାଲ ଶୋଭାଯାତ୍ରା ମିନିଷ୍ଟାଡିୟମରେ ପହଞ୍ଚିବ। କାର୍ଯକ୍ରମରେ କୋରାପୁଟ ସାଂସଦ ସପ୍ତଗିରି ଉଲାକା, ପଟାଙ୍ଗୀ ନିର୍ବାଚନ ମଣ୍ଡଳୀ ବିଧାୟକ ରାମ ଚାନ୍ଦ୍ର କାଡାମ,ପୂର୍ବତନ ସାଂସଦ ଓ ବିଧାୟକଙ୍କୁ ଅତିଥି ଭାବେ ଉପସ୍ଥିତ ରହିବେ ବୋଲି ବ୍ଲକ ଅଧକ୍ଷା ଲିଲି ଅଣ୍ଟାବେରିଆ ସୂଚନା ଦେଇଥିଲେ।ମିନିଷ୍ଟାଡିୟମକୁ ସୁନ୍ଦର ଭାବେ ସଜ୍ଜା ସଜା କରିଲେ।ବୁଧବାର ସନ୍ଧ୍ୟା ରେ ଉଦ୍‌ଯାପନ ଉତ୍ସବରେ ବିଜେତାଙ୍କୁ ପୁରସ୍କୃତ କରାଯିବ ବୋଲି ବ୍ଲକ୍ କାର୍ଯ୍ୟାଳୟ ପକ୍ଷରୁ ସୂଚନା ମିଳିଛି।

# ଜିଲ୍ଲାସ୍ତରୀୟ ଜନଶୁଣାଣି ଶିବିର



ନବରଙ୍ଗପୁର,୧।୧୨(ସମିସ): ନବରଙ୍ଗପୁର ଜିଲ୍ଲା ପରିଷଦ କାର୍ଯ୍ୟାଳୟ ପରିସରରେ ଥିବା ସମ୍ମିଳନୀ ଗୃହରେ ଜିଲ୍ଲାପାଳ ଡ଼ ମହେଶ୍ୱର ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ଏକ ଜିଲ୍ଲା ସ୍ତରୀୟ ଜନ ଶୁଣାଣି ଶିବିର ଅନୁଷ୍ଠିତ ହୋଇଯାଇଛି। ଏହି ଶିବିରରେ ଅତିରିକ୍ତ ଜିଲ୍ଲାପାଳ (ସାଧାରଣ) ତପନ କୁମାର ଖୁଣ୍ଟିଆ, ମୁଖ୍ୟ ଉନ୍ନୟନ ଅଧିକାରୀ ଜିଲ୍ଲା ପରିଷଦ ବିରଞ୍ଚି ନାରାୟଣ ଦରୱାନ, ଅତିରିକ୍ତ ଆରକ୍ଷୀ ଅଧୀକ୍ଷକ ଆଦିତ୍ୟ କୁମାର ସେନ, ବନ ଖଣ୍ଡିୟ ଅଧିକାରୀ ଶୁଭେନ୍ଦୁ ପ୍ରସାଦ ବେହେରା, ଉପ ଜିଲ୍ଲାପାଳ,ନବରଙ୍ଗପୁର ପ୍ରକାଶ କୁମାର ମିଶ୍ରଙ୍କ ସମେତ ସମସ୍ତ ଜିଲ୍ଲା ସ୍ତରୀୟ ବିଭାଗୀୟ ଅଧିକାରୀ ପ୍ରମୁଖ ଉପସ୍ଥିତ ଥିଲେ। ଏହି ଜନ ଶୁଣାଣି ଶିବିରରେ ମୋଟ ୩୨ଜଣ ଆବେଦନକାରୀ ନିଜର ଅଭିଯୋଗ ପତ୍ର ଦାଖଲ କରିଥିଲେ। ସେଥିମଧ୍ୟରୁ ୨୭ଟି ବ୍ୟକ୍ତିଗତ ସମସ୍ୟା ଓ ୫ଟି ଗ୍ରାମ୍ୟ ତଥା ସାମୂହିକ ସମସ୍ୟା ସମ୍ମିଳିତ ରହିଥିଲା। ଆଜିର ଆୟୋଜିତ ଏହି ଶିବିରରେ ୫ଟି ଅଭିଯୋଗର ସମାଧାନ ତତ୍‌କ୍ଷଣାତ କରାଯାଇଥିବା ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ମନୋଜ କୁମାର ବେହେରା କହିଛନ୍ତି।

## ବିଜ୍ଞପ୍ତି ପ୍ରକାଶକୁ ବର୍ଷେ ବିତିଲା

# ତଥାପି ହୋଇପାରୁନି ଯୋଗାଣ ସହାୟକ ନିଯୁକ୍ତି

କୁନ୍ଦୁରା, ୧।୧୨(ସମିସ): କୁନ୍ଦୁରା ବ୍ଲକର ବିଭିନ୍ନ ଗ୍ରାମ ପଞ୍ଚାୟତରେ ଯୋଗାଣ ସହାୟକ ପଦବୀ ପୂରଣ କରିବାରେ ଅସମର୍ଥ ହୋଇଛି ଯୋଗାଣ ବିଭାଗ। ତତ୍କାଳୀନ ସରକାରଙ୍କ ଅଧୀନରେ କାର୍ଯ୍ୟରତ ଖାଦ୍ୟ ଯୋଗାଣ ଏବଂ ଖାଉଟି କଲ୍ୟାଣ ବିଭାଗ ପକ୍ଷରୁ ଗ୍ରାମପଞ୍ଚାୟତସ୍ତରରେ ସୁଚାରୁ ରୂପେ ଖାଉଟି ସାମଗ୍ରୀ ବଣ୍ଟନ ନିମନ୍ତେ ପଞ୍ଚାୟତ ସ୍ତରରେ ଯୋଗାଣ ସହାୟକ ପଦବୀ ପୂରଣ କରିବା ନିମନ୍ତେ କୁନ୍ଦୁରା ବ୍ଲକ ପ୍ରଶାସନ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଥିଲା। କିନ୍ତୁ କିଛି ସ୍ଥାନରେ ଏହି ପଦବୀ ପୂରଣ କରାଯାଇଥିବା ବେଳେ ବ୍ଲକର ବାଣୁଆଗୁଡା, ଫୁପୁଗାଁ, ଫୁଲଭଟ୍ଟା, ରାଣୀଗୁଡା, ଗୁଣ୍ଡାଳ ଏବଂ ପଖନାଗୁଡାରେ ପଦବୀ ଖାଲି ପଡିଛି । କିଛି ସ୍ଥାନରେ ଯୋଗାଣ ନିରୀକ୍ଷକ ମାନେ ନିଜର ଫାଇଦା ଉଠାଇବା ଆଶାରେ ନିଜର ପରିଚିତ ବ୍ୟକ୍ତି ବିଶେଷଙ୍କୁ ଅବସ୍ଥାପିତ କରିଥିବା ଅଭିଯୋଗ ହୋଇଛି। ସୂଚନା ଥାଉକି, ଗତ ୨୦୨୨ରେ ବାଣୁଆଗୁଡା ପଞ୍ଚାୟତ ଗୋଦାମ ଗୃହରୁ ୪୯୮ କ୍ୱିଣ୍ଟାଲ ଚାଉଳ ଚୋରି ହେବା ପରେ ତତ୍କାଳୀନ ଥାନାଧିକାରୀ ଥାନା କେସ ନମ୍ବର ୯୦/୨୨ ଅନୁଯାଇ ଏକ ମାମଲା ରୁଜୁ କରିଥିଲେ। କାର୍ଯ୍ୟରତ ଯୋଗାଣ ସହାୟକଙ୍କୁ ବହିଷ୍କାର କରାଯାଇଛି। ପ୍ରାୟ ୧୦ ମାସ ପୂର୍ବରୁ ଏହି ପଞ୍ଚାୟତରେ ଯୋଗାଣ ସହାୟକ ନିଯୁକ୍ତି ନିମନ୍ତେ ବ୍ଲକ ପ୍ରଶାସନ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଥିଲା। ସରକାରୀ ନିୟମକୁ ଫୁ କରି ଯୋଗାଣ ବିଭାଗ ଏବଂ ବ୍ଲକ ପ୍ରଶାସନ ଏହି ନିଯୁକ୍ତି ପ୍ରକ୍ରିୟାକୁ ଚାପିରଖିଥିବା ଅଭିଯୋଗ ହୋଇଛି। କେବଳ ସେତିକି ନୁହେଁ, ଅନ୍ୟ ୫ ଗ୍ରାମପଞ୍ଚାୟତ ଫୁପୁଗାଁ, ଫୁଲଭଟ୍ଟା, ରାଣୀଗୁଡା, ଗୁଣ୍ଡାଳ ଏବଂ ପଖନାଗୁଡାରେ ମଧ୍ୟ ସମାନ ଚିତ୍ର। କିଛି ହାତଗୁଞ୍ଜା ପାଇଁ ୨୦୧୭ ମସିହା ଠାରୁ ଆଜି ପର୍ଯ୍ୟନ୍ତ ନିଯୁକ୍ତି ଦିଆଯାଉନଥିବା ସାଧାରଣରେ ଚର୍ଚ୍ଚା ଚାଲିଛି। ଏହି ନିଯୁକ୍ତି ପ୍ରକ୍ରିୟାକୁ ନେଇ ଯୋଗାଣ ନିରୀକ୍ଷକ ମୁରଲୀଧର ହେସାଙ୍କୁ ପଚାରିବାରୁ ସେ କହିଛନ୍ତି ଯେ, ଏହି ସପ୍ତାହ ଭିତରେ ପ୍ରକ୍ରିୟା ଆରମ୍ଭ କରାଯିବ। ଏହାକୁ ନେଇ ଜୟପୁର ଉପଜିଲ୍ଲାପାଳ ଏ ଶସ୍ୟା ରେଡ୍ଡୀଙ୍କୁ ପଚାରିବାରୁ ସେ କହିଛନ୍ତି ଯେ କୁନ୍ଦୁରା ବ୍ଲକ ପ୍ରଶାସନ ଏଯାବତ୍ ତାଙ୍କ ନିକଟକୁ କିଛି ପଠାଇ ନାହାନ୍ତି, ପଠାଇଲେ ବିଚାର କରାଯିବ ବୋଲି କହିଛନ୍ତି।

# ଏରୋନଟିକ୍ସ ମହାବିଦ୍ୟାଳୟରେ ବିଶ୍ୱ ଏଡ୍‌ସ ଦିବସ




ସୁନାବେଡ଼ା,୧।୧୨(ସମିସ): ହାଲ୍ ସହରାଞ୍ଚଳ ସ୍ଥିତ ଏରୋନଟିକ୍ସ ମହାବିଦ୍ୟାଳୟରେ ଯୁବ ରେଡ୍‌କ୍ରସ ଓ ରେଡ୍ ରିବନ କ୍ଲବ ତରଫରୁ ବିଶ୍ୱ ଏଡ୍ସ ଦିବସ ପାଳନ ହୋଇଯାଇଛି। ଏହି ସଭାରେ ମହାବିଦ୍ୟାଳୟର ଅଧ୍ୟକ୍ଷା ଡ. ଅନସୂୟା ନନ୍ଦ ସଭାପତିତ୍ୱ କରିଥିଲେ। ମୁଖ୍ୟ ଅତିଥିଭାବେ ମହାବିଦ୍ୟାଳୟର ଉପାଧ୍ୟକ୍ଷ ଡ. ସଞ୍ଜୟ ପୁରୋହିତ ଓ ମୁଖ୍ୟ ବକ୍ତା ଭାବରେ ଦୁଧାରୀ ଡାକ୍ତରଖାନାର ଚିକିତ୍ସାଧିକାରୀ ଡାକ୍ତର ଦେବୀପ୍ରସାଦ ଭଦ୍ର ଯୋଗ ଦେଇଥିଲେ। ୱାଇଆରସିର କାଉନସିଲର ଡ. ଶାନ୍ତନୁ ନାୟକ ସଭା ପରିଚାଳନା କରିଥିଲାବେଳେ ଅଧ୍ୟାପକ ଦିଲୀପ ସାମଲ ଧନ୍ୟବାଦ ଅର୍ପଣ କରିଥିଲେ। ବିଶ୍ୱ ଏଡ୍ସ ଦିବସ ଉପଲକ୍ଷେ ଛାତ୍ରଛାତ୍ରୀ ମାନଙ୍କ ମଧ୍ୟରେ ସଚେତନତା ମୂଳକ ପ୍ରତିଯୋଗିତାର ପ୍ରମାଣ ପତ୍ର ପ୍ରଦାନରେ ଅଧ୍ୟାପକ ମଦନ ହରିଜନ ସହଯୋଗ କରିଥିଲେ। ଏହି ସଭାରେ ବରିଷ୍ଠ ପ୍ରାଧ୍ୟାପକ ଗୌରୀଶଙ୍କର ରଥ, ହିରଣ୍ମୟୀ ତ୍ରିପାଠୀ, ସଞ୍ଜୟ ଲେଙ୍କା, ବିଶ୍ୱଜିତା ପାଢ଼ୀ, ଦିଲ୍ଲୀପ ସାହୁ, ସସ୍ମିତା ମହାପାତ୍ର, ପ୍ରଜ୍ଞା ଦେବହୁତି ଦାସ, ଚିନ୍ମୟୀ ସାହୁ, ସ୍ମୃତି ରଞ୍ଜନ ରାଉତ, ରୁଚିକା ମାଣିଆ ଆଦି ଉପସ୍ଥିତ ରହିବା ସଙ୍ଗେ ୱାଇଆରସି, ରେଡ ରିବନ କ୍ଲବର ସ୍ୱେଚ୍ଛାସେବୀ ସଙ୍ଗେ ମହାବିଦ୍ୟାଳୟର ସମସ୍ତ ଛାତ୍ରଛାତ୍ରୀ ଉପସ୍ଥିତ ଥିଲେ।

# ଚିନ୍ତା ବଢ଼ାଇଲାଣି ବିଏଲ୍‌ଓଙ୍କ ମୃତ୍ୟୁ

## ଆତ୍ମହତ୍ୟା କଲେଣି ୨୯, ହୃଦ୍‌ଘାତ ନେଲାଣି ୪୧ ଜଣଙ୍କ ଜୀବନ

ମୁରାଦାବାଦ, ୧।୧୨ (ଏଜେନ୍ସି): ମୁଁ ବଞ୍ଚିବାକୁ ଚାହୁଁଛି । ମାତ୍ର କାମର ଚାପ ବଞ୍ଚିବାକୁ ଦେବ ନାହିଁ । ଏଭଳି କହି ଏସ୍‌ଆଇଆର ପ୍ରକ୍ରିୟାରେ ସାମିଲ ଜଣେ ବୁଥ୍ ଲେଭୁଲ ଅଫିସର (ବିଏଲଓ) ଆତ୍ମହତ୍ୟା କରିଛନ୍ତି । ମୃତ୍ୟୁ ପୂର୍ବରୁ ସେ କରିଥିବା ଏହି ଭିଡିଓ ଭାଇରାଲ ହେବାରେ ଲାଗିଛି । ଏହା ଏସ୍‌ଆଇଆରକୁ ନେଇ ବିଏଲଓଙ୍କ କିଭଳି ଭାବେ ଚାପ ରହିଛି ତାହା ଦର୍ଶାଉଛି । ସୂଚନା ଅନୁଯାୟୀ, ମୃତକ ହେଉଛନ୍ତି ଉତ୍ତର ପ୍ରଦେଶ ମୁରାଦାବାଦର ସର୍ବେଶ ସିଂହ । ସେ ସରକାରୀ ସ୍କୁଲରେ ସହକାରୀ ଶିକ୍ଷକ ଭାବେ କାମ କରୁଥିଲେ । ଅକ୍ଟୋବର ୭ରେ ସେ ବିଏଲଓ ଭାବେ ନିଯୁକ୍ତ ହୋଇଥିଲେ । ଏସ୍‌ଆଇଆର ପାଇଁ ତାଙ୍କୁ ଘର ଘର ବୁଲି ଭୋଟରଙ୍କ ସୂଚନା ଓ ପ୍ରମାଣପତ୍ର ସଂଗ୍ରହ କରିବାକୁ ପଡୁଥିଲା । ରବିବାର ସକାଳେ ତାଙ୍କ ମୃତଦେହ ମିଳିଥିଲା । ପ୍ରଥମେ ସ୍ତ୍ରୀ ବବ୍‌ଲି ତାଙ୍କୁ ମୃତ ଅବସ୍ଥାରେ ଦେଖିଥିଲେ । ଘଟଣାସ୍ଥଳରୁ ସୁଇସାଇଡ୍ ନୋଟ ଜବତ କରାଯାଇଛି । ଏଥିରେ କାର୍ଯ୍ୟଚାପ ସହ୍ୟ କରିପାରୁ ନ ଥିବା ସେ ଲେଖିଥିଲେ ।

ମୃତ୍ୟୁ ପୂର୍ବରୁ କରିଥିବା ଭିଡିଓରେ ସର୍ବେଶ କହୁଛନ୍ତି ଯେ 'ଦିଦି, ମୋତେ କ୍ଷମା କରିଦେବ । ମାଆ ଦୟାକରି ମୋ ପିଲାଙ୍କ ଯତ୍ନ ନେବ । ଏହି ନିର୍ବାଚନ କାର୍ଯ୍ୟ କରିବାରେ ମୁଁ ବିଫଳ ହୋଇଛି । ତେଣୁ ଏକ ପଦକ୍ଷେପ ନେବାକୁ ଯାଉଛି । ଏଥିପାଇଁ କେବଳ ମୁଁ ଦାୟୀ ରହିବି । ଆଉ କାହାର କୌଣସି ଦୋଷ ନାହିଁ । ମୁଁ ଅତ୍ୟନ୍ତ ଦୁଃଖିତ । ୨୦ ଦିନ ହେଲାଣି ମୁଁ ଭଲ ସେ ଶୋଇ ପାରିନାହିଁ । ଯଦି ପାଖରେ ସମୟ ଥାଆନ୍ତା ତେବେ ଏହି କାମ ସାରିଦେଇଥାନ୍ତି । ମୋର ୪ଟି ଛୋଟ ଝିଅ ଅଛନ୍ତି । ଦୟାକରି ମୋତେ କ୍ଷମା କରିଦେବ । ମୁଁ ତୁମମାନଙ୍କ ଠାରୁ ବହୁତ ଦୂରକୁ ଚାଲିଯାଉଛି । ବଞ୍ଚିବାକୁ ଚାହୁଁଥିଲେ ବି କିଛି କରିପାରିବି ନାହିଁ ।



ବିଏଲଓଙ୍କ ଆତ୍ମହତ୍ୟା ପୂର୍ବର ଭିଡିଓ ଭାଇରାଲ

ବହୁତ ଦୁଃଖ କଷ୍ଟରେ ଫସି ରହିଥିବା ମୁଁ ଅନୁଭବ କରୁଛି । ଦୁଃଖଦ ସ୍ଥିତି ମୋତେ ଘରେ ରହିଛି । ଗଭୀର ଯନ୍ତ୍ରଣା ଭୋଗ କରୁଛି' ବୋଲି ସର୍ବେଶ ଲେଖିଛନ୍ତି । ସୂଚନାଯୋଗ୍ୟ ଯେ ଏବେ ୧୨ ରାଜ୍ୟ ଏବଂ କେନ୍ଦ୍ରଶାସିତ ଅଞ୍ଚଳରେ ଏସଆଇଆର ପ୍ରକ୍ରିୟା ଜାରି ରହିଛି । ନିର୍ଦ୍ଦିଷ୍ଟ ସମୟରେ ଏହାକୁ ସାରିବା ପାଇଁ ବିଏଲଓଙ୍କ ଉପରେ ଚାପ ରହିଛି । ଏହା ସହିତ କ୍ଷମତାସୀନ ଦଳର ନେତା ଏବଂ କର୍ମୀ ମଧ୍ୟ ଧମକାଉଛନ୍ତି । ଏହି କାରଣ ଏ ପର୍ଯ୍ୟନ୍ତ ୨୯ ବିଏଲଓ ଆତ୍ମହତ୍ୟା କଲେଣି । ଆଉ କିଛି ରିପୋର୍ଟରେ ଏସଆଇଆର ଭୟରେ ୪୧ ଜଣଙ୍କ ମୃତ୍ୟୁ ହୋଇଥିବା କୁହାଯାଉଛି । ଭୟ, ଚିନ୍ତା, ଚାପ ଏବଂ ଅବସାଦ ଯୋଗୁଁ ବିଏଲଓଙ୍କ ମୃତ୍ୟୁ ହେଉଥିବା କୁହାଯାଉଛି । ତେବେ ଏଭଳି ମୃତ୍ୟୁକୁ ନିର୍ବାଚନ କମିଶନଙ୍କ ପକ୍ଷରୁ ଖାରଜ କରାଯାଇଛି । କାର୍ଯ୍ୟ ଚାପ ଯୋଗୁଁ କାହାର ମୃତ୍ୟୁ ହୋଇ ନ ଥିବା କୁହାଯାଉଛି । ଅନ୍ୟପଟେ ଇସି ୧୨ ରାଜ୍ୟରେ ଏସଆଇଆର ଅବଧିକୁ ୭ ଦିନ ପର୍ଯ୍ୟନ୍ତ ବଢ଼ାଇ ଦେଇଛନ୍ତି ।


### ପଶ୍ଚିମବଙ୍ଗରେ ଏସଆଇଆର ବିରୋଧରେ ବିଏଲଓଙ୍କ ବିକ୍ଷୋଭ

ଅକ୍ଟୋବର ୨୮ ତାରିଖରୁ ୧୨ ରାଜ୍ୟ ଏବଂ କେନ୍ଦ୍ରଶାସିତ ଅଞ୍ଚଳରେ ଏସଆଇଆର ପ୍ରକ୍ରିୟା ଆରମ୍ଭ ହୋଇଛି । ଏଥିପାଇଁ ବୁଥ୍ ସ୍ତରୀୟ ଅଧିକାରୀ (ବିଏଲଓ) ଙ୍କୁ ନିଯୁକ୍ତ କରାଯାଇଛି । ଏହା ସତ୍ତ୍ୱେ ଅନେକ ରାଜ୍ୟରୁ ବିଏଲଓଙ୍କ ଆତ୍ମହତ୍ୟା ଏବଂ ମୃତ୍ୟୁର ଖବର ସାମ୍ନାକୁ ଆସୁଛି । ଆଜି ଉତ୍ତର ପ୍ରଦେଶର ସମ୍ବଲରେ ଜଣେ ସହାୟକ ବିଏଲଓ ଶୋଇଥିବା ଅବସ୍ଥାରେ ମୃତ୍ୟୁବରଣ କରିଥିଲେ । ଏହା ପୂର୍ବରୁ ନଭେମ୍ବର ୩୦ ତାରିଖରେ, ମୋରାଦାବାଦରେନିୟୋଜିତ ଜଣେ ଶିକ୍ଷକ ଆତ୍ମହତ୍ୟା କରିଥିଲେ । ରାଜ୍ୟରେ ଏପର୍ଯ୍ୟନ୍ତ ଆଠ ଜଣ କର୍ମଚାରୀଙ୍କ ମୃତ୍ୟୁ ହୋଇଛି । ତିନି ଜଣ ଆତ୍ମହତ୍ୟା କରିଥିବାବେଳେ ତିନି ଜଣ ହୃଦଘାତରେ ଏବଂ ଜଣେ ବ୍ରେନ ହ୍ୟାମରେଜରେ ପ୍ରାଣ ହରାଇ ଥିଲେ । ଏ ପର୍ଯ୍ୟନ୍ତ ୭ ରାଜ୍ୟରେ ୨୯ ବିଏଲଓଙ୍କ ମୃତ୍ୟୁ ହୋଇଥିବାବେଳେ ମଧ୍ୟପ୍ରଦେଶ ସର୍ବାଧିକ ନଅ ଜଣ ସାମିଲ ଅଛନ୍ତି । ଏପରି ସମୟରେ ସୋମବାର କୋଲକାତାରେ ପଶ୍ଚିମବଙ୍ଗର ମୁଖ୍ୟ ନିର୍ବାଚନ ଅଧିକାରୀ (ସିଇଓ) ଙ୍କ କାର୍ଯ୍ୟାଳୟ ବାହାରେ ବିଏଲଓ ଅଧିକାର ସୁରକ୍ଷା କମିଟିର ସଦସ୍ୟମାନେ ବିକ୍ଷୋଭ ପ୍ରଦର୍ଶନ କରିଛନ୍ତି । ସେମାନେ ପୋଲିସ ବ୍ୟାରିକେଡ୍ ଭାଙ୍ଗିବାକୁ ଚେଷ୍ଟା କରିଥିଲେ । ଏହି ସମୟରେ ବିଜେପି ନେତା ଶୁଭେନ୍ଦୁ ଅଧିକାରୀ ଏବଂ ଅନେକ ଦଳୀୟ ବିଧାୟକ ନିର୍ବାଚନ ଅଧିକାରୀଙ୍କ ସହ ବୈଠକ ପାଇଁ ପହଞ୍ଚିଥିଲେ । ବିକ୍ଷୋଭକାରୀମାନେ ଏଠାରେ ଉପସ୍ଥିତ ବିଜେପି କର୍ମୀଙ୍କ ସହ ଧସ୍ତାଧସ୍ତି ହୋଇଥିଲେ । ସିଇଓଙ୍କ ସହ ବିଜେପିର ବୈଠକକୁ ସେମାନେ ବିରୋଧ କରିଥିଲେ । ବିଏଲଓମାନେ କାମ କରିବା ସ୍ଥିତିରେ ସୁଧାର ଦାବି କରି କିଛି ଦିନ ହେଲା ବିକ୍ଷୋଭ କରି ଆସୁଛନ୍ତି । ସୋମବାର ଏହି ଆନ୍ଦୋଳନ ଜୋରଦାର ହୋଇଥିଲା । ମୃତ ବିଏଲଓଙ୍କ ପରିବାରକୁ କ୍ଷତିପୂରଣ ଦେବାକୁ ଦାବି ହୋଇଥିଲା । ଏ ନେଇ ସିଇଓଙ୍କୁ ଭେଟିବା ପାଇଁ ସେମାନେ ଦାବି କରିଥିଲେ ।

## ପାକିସ୍ତାନରେ ଆତ୍ମଘାତୀ ଆକ୍ରମଣ: ୬ ସୈନିକଙ୍କ ମୃତ୍ୟୁ

ଇସଲାମାବାଦ, ୧।୧୨ (ଏଜେନ୍ସି): ଆତଙ୍କବାଦକୁ ପ୍ରୋତ୍ସାହନ ଦେଉଥିବା ପାକିସ୍ତାନରେ ପୁଣି ଆତ୍ମଘାତୀ ଆକ୍ରମଣ ହୋଇଛି । ବେଲୁଚିସ୍ତାନ ପ୍ରଦେଶର ନୋକୁଣ୍ଡି ଅଞ୍ଚଳରେ ଅବସ୍ଥିତ ଚାଗାଇରେ ଫ୍ରଣ୍ଟିୟର୍ କର୍ପସ୍ (ଏଫସି) ମୁଖ୍ୟାଳୟର ମୁଖ୍ୟ ଫାଟକରେ ସୋମବାର ସକାଳେ ଆତ୍ମଘାତୀ ବିସ୍ଫୋରଣ ଘଟି ଛଅ ଜଣ ସେନା କର୍ମଚାରୀଙ୍କ ମୃତ୍ୟୁ ହୋଇଛି । ଏହି ଆକ୍ରମଣ ପାଇଁ ବେଲୁଚିସ୍ତାନ ଲିବରେସନ୍ ଫ୍ରଣ୍ଟ (ବିଏଲଫ) ର ସାଦଓ ଅପରେସନାଲ୍ ବାଟାଲିଅନ୍ (ଏସଓବି) ନିଜକୁ ଦାୟୀ କରିଛି । ଏହି ବିସ୍ଫୋରଣ ଏତେ ଭୟଙ୍କର ଥିଲା ଯେ, ମୁଖ୍ୟ ଫାଟକ ସମ୍ପୂର୍ଣ୍ଣ ନଷ୍ଟ ହୋଇଯାଇଥିଲା । ବିପୁଳ କ୍ଷୟକ୍ଷତି ହୋଇଛି । ପାକିସ୍ତାନୀ ଅଧିକାରୀଙ୍କ ସୂଚନା ଅନୁଯାୟୀ, ମୁଖ୍ୟ ଫାଟକ ଉପରେ ଆକ୍ରମଣ ପରେ ସଶସ୍ତ୍ର ଆକ୍ରମଣକାରୀମାନେ ନୋକୁଣ୍ଡିରେ ଥିବା ଏଫସି ମୁଖ୍ୟାଳୟରେ ପ୍ରବେଶ କରିଥିଲେ । ଏଠାରେ ସୁରକ୍ଷାବାହିନୀ ଏବଂ ଆତଙ୍କବାଦୀଙ୍କ ମଧ୍ୟରେ ଗୁଳିବିନିମୟ ଜାରି ରହିଛି । ସ୍ଥିତି ଉତ୍ତେଜନାପୂର୍ଣ୍ଣ ରହିଛି । ଆକ୍ରମଣକୁ ଦେଖି ଡାକ୍ତରଖାନାଗୁଡ଼ିକରେ ଜରୁରୀକାଳୀନ ପରିସ୍ଥିତି ଘୋଷଣା କରାଯାଇଛି । ଅନ୍ୟପଟେ ସୁରକ୍ଷାବାହିନୀକୁ ସହାୟତା ପାଇଁ କ୍ୱେଟାରୁ ଦୁଇଟି ହେଲିକପ୍ଟର ପଠାଯାଇଛି । ଏହା ପୂର୍ବରୁ ଗତ ୨୪ ଘଣ୍ଟା ତଳେ ପାକିସ୍ତାନର ୭ଟି ସ୍ଥାନରେ ବିସ୍ଫୋରଣ ହୋଇଥିଲା ।

## ଦ୍ୱିତୀୟ ବିବାହ କଲେ ସାମନ୍ଥା



କୋଏମ୍ବାଟୁର, ୧।୧୨ (ଏଜେନ୍ସି): ଅଭିନେତ୍ରୀ ସାମନ୍ଥା ରୁଥ୍ ପ୍ରଭୁ ସୋମବାର ଦ୍ୱିତୀୟ ବିବାହ କରିଛନ୍ତି । ସେ ଚଳଚ୍ଚିତ୍ର ନିର୍ମାତା ତଥା ନିର୍ଦ୍ଦେଶକ ରାଜ୍ ନିଦିମୋରୁଙ୍କ ହାତ ଧରିଛନ୍ତି । କୋଏମ୍ବାଟୁରର ଇଶା ଯୋଗ କେନ୍ଦ୍ରର ଲିଙ୍ଗ ଭୈରବୀ ମନ୍ଦିରରେ ପ୍ରାଚୀନ ଯୋଗିନୀ ପରମ୍ପରାରେ ଉଭୟେ ବିବାହ ବନ୍ଧନରେ ଆବଦ୍ଧ ହୋଇଛନ୍ତି । ବିବାହର ଫଟୋ ପୋଷ୍ଟ କରି ସାମନ୍ଥା ଏହି ସୂଚନା ଦେଇଛନ୍ତି । ଏହି ବିବାହରେ କେବଳ ପରିବାର ଲୋକେ ଏବଂ ଘନିଷ୍ଠ ବନ୍ଧୁ ସାମିଲ ହୋଇଥିଲେ । ଓସୋଙ୍କ ଇଶା ଫାଉଣ୍ଡେସନର ଲିଙ୍ଗ ଭୈରବୀ ମନ୍ଦିରରେ ଯୋଗିନୀ ପରମ୍ପରରା ଭୂତ ସୁଦ୍ଧି ବିବାହ କରିଛନ୍ତି । ଏହା ଏଭଳି ଏକ ବିବାହ ଯେଉଁଥିଲେ ଦମ୍ପତିଙ୍କ ମଧ୍ୟରେ ଗଭୀର ସମ୍ପର୍କ ସୃଷ୍ଟି ହୋଇଥାଏ । ଏହା କେବଳ ଚିନ୍ତାଧାରା କିମ୍ବା ଶରୀର ମଧ୍ୟରେ ସୀମିତ ନ ହୋଇ ଶରୀରର ପଞ୍ଚ ଭୂତ ସହ ଯୋଡ଼ି ଥାଏ । ଏହି ବିବାହ ପାଞ୍ଚ ଭୂତ୍ୱକୁ ଶୁଦ୍ଧି କରିଥାଏ । ସମ୍ପର୍କରେ ଶାନ୍ତି, ସମୃଦ୍ଧି ଏବଂ ଆଧ୍ୟାତ୍ମିକ ସନ୍ତୁଳନ ସୃଷ୍ଟି କରିଥାଏ । ଏହି ବିବାହକୁ ନେଇ ରାଜ୍‌ଙ୍କ ପୂର୍ବତନ ପତ୍ନୀ ଶ୍ୟାମଲୀ ଡେ ସାମାଜିକ ଗଣମାଧ୍ୟମରେ ଏକ ପୋଷ୍ଟ କରିଛନ୍ତି । ଧୈର୍ଯ୍ୟ ନ ଥିବା ଲୋକେ ଅଧୈର୍ଯ୍ୟପୂର୍ଣ୍ଣ କାମ କରନ୍ତି ବୋଲି ସେ ଲେଖିଛନ୍ତି ।

## କଂଗ୍ରେସର ରଣନୀତି ବୈଠକରେ ସାମିଲ ହେଲେନି ଥରୁର

ନୂଆଦିଲ୍ଲୀ, ୧।୧୨ (ଏଜେନ୍ସି): କଂଗ୍ରେସ କାର୍ଯ୍ୟନିର୍ବାହୀ କମିଟିର ସଦସ୍ୟ ତଥା ସାଂସଦ ଶଶୀ ଥରୁର ପୁଣି ଥରେ ଦଳର ରଣନୀତି ଗ୍ରୁପର ଜରୁରୀ ବୈଠକରେ ସାମିଲ ହୋଇ ନାହାନ୍ତି । ସଂସଦର ଶୀତ ଅଧିବେଶନ ଆରମ୍ଭ ହେବାର ଦିନକ ପୂର୍ବରୁ ସୋନିଆ ଗାନ୍ଧୀଙ୍କ ନେତୃତ୍ୱରେ ଏକ ବୈଠକ ବସିଥିଲା । ତେବେ କେରଳରେ ନିଜ ୯୦ ବର୍ଷୀୟ ମାଆଙ୍କ ପାଖରେ ଥିବାରୁ ଏଥିରେ ଅନୁପସ୍ଥିତ ଥିଲେ ବୋଲି ଶଶୀ ଥରୁରଙ୍କ ଅଫିସ ପକ୍ଷରୁ କୁହାଯାଇଛି । ଥରୁର ଦ୍ୱିତୀୟ ଥର ପାଇଁ ଦଳୀୟ ବୈଠକରେ ଅନୁପସ୍ଥିତ ରହିଛନ୍ତି । ପୂର୍ବରୁ ସେ ଅସୁସ୍ଥ ଥିବା ଦର୍ଶାଇ ଏସଆଇଆର ପ୍ରସଙ୍ଗରେ କଂଗ୍ରେସ ବୈଠକରେ ଯୋଗ ଦେଇ ନ ଥିଲେ । ସେ ସମୟରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ସହ ଏକ କାର୍ଯ୍ୟକ୍ରମରେ ଯୋଖ ଥରୁର ଯୋଗ ଦେଇଥିଲେ । ଏହାକୁ ନେଇ ବିବାଦ ସୃଷ୍ଟି ହୋଇଥିଲା ।

## ନେତାଙ୍କ ସମ୍ପର୍କୀୟଙ୍କ ଲାଗି ଯୋଗ୍ୟ କର୍ମୀଙ୍କୁ ଅଣଦେଖା

ନାଗପୁର, ୧।୧୨ (ଏଜେନ୍ସି): କେନ୍ଦ୍ର ସଡ଼କ ପରିବହନ ମନ୍ତ୍ରୀ ନିତିନ ଗଡ଼କରୀ ପୁଣି ବଡ଼ ଟିପ୍ପଣୀ ଦେଇଛନ୍ତି । ରାଜନୀତିରେ ପରିବାରବାଦକୁ ସେ ସମାଲୋଚନା କରିଛନ୍ତି । ନିଷ୍ଠାପର କର୍ମୀଙ୍କ ଅଣଦେଖା କଲେ ବିରକ୍ତି ଲାଗେ ବୋଲି ସେ କହିଛନ୍ତି । ରାଜନେତାଙ୍କ ପାରିବାରିକ ଉତ୍ତରାଧିକାରୀଙ୍କୁ



ନିର୍ବାଚନରେ ହରାଇବା ପାଇଁ ସେ ଜନତାଙ୍କୁ ଆହ୍ୱାନ ଦେଇଛନ୍ତି । ରବିବାର ନାଗପୁର ଏକ କାର୍ଯ୍ୟକ୍ରମରେ ସାମିଲ ହୋଇ ଗଡ଼କରୀ ଏହି ଟିପ୍ପଣୀ ଦେଇଥିଲେ । ଏଠାରେ ସେ ଅମଲାତନ୍ତ୍ରକୁ କଟାକ୍ଷ କରି ଅଧିକାରୀମାନଙ୍କୁ ବ୍ୟଙ୍ଗ ଛଳରେ ସମାଲୋଚନା ମଧ୍ୟ କରିଛନ୍ତି । ସଙ୍କେତରେ ନିଜ ଦଳର କିଛି ନୀତିକୁ ମଧ୍ୟ ସମାଲୋଚନା କରିଥିବା କୁହାଯାଉଛି ।

ଗଡ଼କରୀ କହିଥିଲେ ଯେ ରାଜନୀତିରେ ବଡ଼ ନେତାଙ୍କ ସମ୍ପର୍କୀୟଙ୍କ ଲାଗି ଯୋଗ୍ୟ କର୍ମୀଙ୍କୁ ଅଣଦେଖା କରାଯାଇଥାଏ । ଏହା ଅତ୍ୟନ୍ତ ଦୁଃଖଦ ଘଟଣା । ଯେଉଁ ନେତାମାନେ ବଂଶବାଦକୁ ସମାଲୋଚନା କରୁଥିଲେ, ସେମାନେ ପରେ ନିଜ ସମ୍ପର୍କୀୟଙ୍କୁ ଟିକଟ ଦେବା ପାଇଁ ଦାବି କରିଥାନ୍ତି । ଏହା ଅତ୍ୟନ୍ତ ଦୁଃଖର ବିଷୟ । ଏଭଳି ଆଭିମୁଖ୍ୟ ଦ୍ୱାରା ଦଳର ପୁରୁଖା କର୍ମୀଙ୍କ ସହ ଅନ୍ୟାୟ ହେଉଛି । ୨୦-

### ଯିଏ ବଂଶବାଦକୁ ସମାଲୋଚନା କରୁଛି ସେ ସମ୍ପର୍କୀୟଙ୍କ ପାଇଁ ଟିକଟ ମାଗୁଛି: ଗଡ଼କରୀ

୩୦ ବର୍ଷ ହେଲା ଦଳ ପାଇଁ କାମ କରୁଥିବା ବ୍ୟକ୍ତି ଟିକଟ ମାଗିବାକୁ ଆସିଲେ ତାଙ୍କୁ ନ ଦେଇ ନେତା ନିଜ ପତ୍ନୀ, ପୁଅ କିମ୍ବା ଅନ୍ୟ ସମ୍ପର୍କୀୟଙ୍କୁ ଦେଉଛନ୍ତି । ଏହା ଗଭୀର ଭାବେ ବ୍ୟଥିତ କରୁଛି । ବଂଶବାଦ ଅପେକ୍ଷା ଯୋଗ୍ୟତାକୁ ପ୍ରାଥମିକତା ଦିଆଯିବା ଉଚିତ୍ । ଏବେ ଏହି ପ୍ରସଙ୍ଗରେ ଜନସାଧାରଣଙ୍କୁ ନିଷ୍ପତ୍ତି ନେବାକୁ ପଡିବ । ବଂଶବାଦ ରାଜନୀତି ଦ୍ୱାରା ଦଳ ଏବଂ ଜନସାଧାରଣଙ୍କ କ୍ଷତି ହେଉଛି । ଏହାର ସମାଧାନ ପାଇଁ କଠୋର କାର୍ଯ୍ୟାନୁଷ୍ଠାନ ଆବଶ୍ୟକ ବୋଲି ଗଡ଼କରୀ କହିଛନ୍ତି ।

ଗଡ଼କରୀଙ୍କ ଏହି ମନ୍ତବ୍ୟକୁ ବିଜେପି ପ୍ରତି ଏକ କଟାକ୍ଷ ଭାବରେ ଦେଖାଯାଉଛି । କାରଣ ଏହି ଦଳ ବଂଶବାଦକୁ ବିରୋଧ କରୁଥିଲେ ବି ନେତାଙ୍କ ପତ୍ନୀ, ପୁତ୍ର ଏବଂ ସମ୍ପର୍କୀୟଙ୍କୁ ଟିକଟ ଦେଉଥିବା ଦେଖାଯାଉଛି । କଂଗ୍ରେସ, ଠାକରେ ପରିବାର ଏବଂ ମୁଲାୟମ ସିଂହ ଯାଦବ ତଥା ଲାଲୁ ଯାଦବଙ୍କ ଭଳି ରାଜନୈତିକ ପରିବାର ଉପରେ ବଂଶବାଦକୁ ନେଇ ବିଜେପି ଅଭିଯୋଗ ଲଗାଇ ଥିଲା । ମାତ୍ର ମହାରାଷ୍ଟ୍ରରେ ସ୍ଥାନୀୟ ସଂସ୍ଥା ନିର୍ବାଚନରେ ଅନେକ ବିଜେପି ବିଧାୟକ, ସାଂସଦ ଏବଂ ମନ୍ତ୍ରୀଙ୍କ ପରିବାର ସଦସ୍ୟ ଯଥା ମା, ସ୍ତ୍ରୀ, ପିଲା କିମ୍ବା ନିକଟ ସମ୍ପର୍କୀୟଙ୍କୁ ପ୍ରାର୍ଥୀ କରାଯାଇଛି । ଏହା ଦ୍ୱାରା ବିଜେପିର ବିଶ୍ୱସ୍ତ କର୍ମୀ ନିରାଶ ହୋଇଛନ୍ତି । ସେମାନେ ଏହାକୁ ଦଳର ନୀତି ବିରୋଧୀ ବୋଲି କହୁଛନ୍ତି । ମନ୍ତ୍ରୀ ଗିରୀଶ ମହାଜନଙ୍କ ପତ୍ନୀ ସାଧନା ମହାଜନ ବିନା ନିର୍ବାଚନରେ ନଗର ପରିଷଦର ଅଧ୍ୟକ୍ଷ ପଦ ଜିତିବାରୁ ବିଜେପିରେ ଏହି ଚର୍ଚ୍ଚା ଆରମ୍ଭ ହୋଇଥିଲା । ଏହି ନିର୍ବାଚନରୁ କଂଗ୍ରେସ, ଏନ୍‌ସିପି (ଏସପି) ଏବଂ ଅଜିତ ପାୱାର ଗୋଷ୍ଠୀ ଓହରିଯିବାରୁ ସାଧନା ନିର୍ଦ୍ୱନ୍ଦ୍ୱରେ ନିର୍ବାଚିତ ହୋଇଥିଲେ । ସେହିପରି ମନ୍ତ୍ରୀ ଜୟକୁମାର ରାୱଲଙ୍କ ମା ନୟନ କୁଅଁର ଡୋଣ୍ଡିୟାଚା-ବରବାଡେ ନଗର ପରିଷଦର ଅଧ୍ୟକ୍ଷ ନିର୍ବାଚିତ ହୋଇଛନ୍ତି । କାରଣ ତାଙ୍କ ବିରୋଧରେ ଛିଡ଼ା ହୋଇଥିବା ପ୍ରାର୍ଥୀଙ୍କ ପ୍ରାର୍ଥୀପତ୍ର ଖାରଜ ହୋଇ ଯାଇଥିଲା ।

## ବିମାନ ଉପରେ ହୋଇଥିଲା ସାଇବର ଆକ୍ରମଣ

ନୂଆଦିଲ୍ଲୀ, ୧।୧୨ (ଏଜେନ୍ସି): ଶେଷରେ କେନ୍ଦ୍ର ସରକାର ସତ ସ୍ୱୀକାର କରିଛନ୍ତି । ଗତ ୭ ତାରିଖରେ ଦିଲ୍ଲୀର ଇନ୍ଦିରା ଗାନ୍ଧୀ ଅନ୍ତର୍ଜାତୀୟ ବିମାନବନ୍ଦର (ଆଇଜିଆଇ)ର ଅଟୋମେଟିକ ମେସେଜ ସ୍ୱିଚିଂ ସିଷ୍ଟମ (ଏଏମଏସଏସ) ରେ ସାଇବର ଆକ୍ରମଣ ହୋଇଥିଲା ବୋଲି ମାନିଛନ୍ତି । ରାଜ୍ୟସଭାରେ ବେସାମରିକ ବିମାନ ଚଳାଚଳ ମନ୍ତ୍ରୀ କିଞ୍ଜରାପୁ ରାମମୋହନ ନାଇଡୁ ଏହା ସ୍ୱୀକାର କରିଛନ୍ତି । ସେ କହିଛନ୍ତି ଯେ 'ଆଇଜିଆଇର ରନୱେ ୧୦ରେ ବିମାନ ଜିପିଏସ ଆଧାରିତ ଅବତରଣ ପ୍ରକ୍ରିୟା ଆପଣାଉ ଥିବାବେଳେ ଜିପିଏସ ସ୍ପୁଫିଂ ହୋଇଥିଲା । ସାଇବର ଆକ୍ରମଣ ଯୋଗୁଁ ଭୁଲ୍ ସିଗ୍‌ନାଲ ମିଳିଥିଲା । ଏହା ପରେ ପାଇଲଟ ତୁରନ୍ତ ବ୍ୟାକ୍‌ଅପ ବ୍ୟବହାର କରିଥିଲେ । ତେବେ ଅନ୍ୟ ରନୱେ ଉପରେ ଏହି ସ୍ପୁଫିଂର କୌଣସି ପ୍ରଭାବ ପଡ଼ି ନ ଥିଲା । କାରଣ ସେଗୁଡ଼ିକରେ 'ଟ୍ରାଡିସନାଲ ଗ୍ରାଉଣ୍ଡ ବେସ୍‌ଡ ନେଭିଗେସନ ସିଷ୍ଟମ' ବ୍ୟବହାର କରାଯାଉଥିଲା' । ଏହି ଘଟଣା ଯୋଗୁଁ ଗତ ୭ ତାରିଖରେ ଦିଲ୍ଲୀ ବିମାନବନ୍ଦରରେ ବିମାନ ପରିଚାଳନା ୧୨ ଘଣ୍ଟାରୁ ଅଧିକ ସମୟ ପ୍ରଭାବିତ ହୋଇଥିଲା । ୮୦୦ରୁ ଅଧିକ ଘରୋଇ ଏବଂ ଅନ୍ତର୍ଜାତୀୟ ବିମାନ ବିଳମ୍ବରେ ଉଡ଼ାଣ କରିଥିଲା । ୨୦ଟି ଉଡ଼ାଣକୁ ବାତିଲ କରିବାକୁ ପଡ଼ିଥିଲା । ନାଇଡୁ ସଦନକୁ ସୂଚନା ଦେଇଛନ୍ତି ଯେ ସାରା ବିଶ୍ୱରେ ର୍ୟାନସମୱେୟର-ମାଲୱେୟର ଆକ୍ରମଣର ବିପଦ ବୃଦ୍ଧି ପାଇଛି ।

**ବିଳମ୍ବିତ ହୋଇଥିଲା ୮୦୦ ବିମାନ**

## ବନ୍ୟା ବିପ୍ରାତ: ହଜାରେ ମୃତ; ଶତାଧିକ ନିଖୋଜ

ନୂଆଦିଲ୍ଲୀ, ୧।୧୨ (ଏଜେନ୍ସି): ଦକ୍ଷିଣ ଏସିଆରେ ବନ୍ୟା ବିପ୍ରାଦ ସୃଷ୍ଟି କରିଛି । ଇଣ୍ଡୋନେସିଆ, ଶ୍ରୀଲଙ୍କା, ମାଲେସିଆ ଏବଂ ଥାଇଲାଣ୍ଡରେ ଆସିଥିଲା ଏହି ପ୍ରଳୟଙ୍କରୀ ବନ୍ୟା ଏବଂ ଭୂସ୍ଖଳନ ଜନିତ ମୃତ୍ୟୁସଂଖ୍ୟା ହଜାରେ ପାର୍ କରିଛି । ଶତାଧିକ ଲୋକ ନିଖୋଜ ମଧ୍ୟ ଅଛନ୍ତି । ଅନେକ ଦେଶରେ ଉଦ୍ଧାରକାର୍ଯ୍ୟ ଜାରି ରହିଛି । ରିପୋର୍ଟ ଅନୁଯାୟୀ, ଇଣ୍ଡୋନେସିଆରେ ମୃତ୍ୟୁସଂଖ୍ୟା ବୃଦ୍ଧି ପାଇ ୫୦୨ରେ ପହଞ୍ଚି ଯାଇଛି । ଏବେ ବି ୫୦୮ ଜଣ ନିଖୋଜ ଅଛନ୍ତି । ଇଣ୍ଡୋନେସିଆର ଜାତୀୟ ବିପର୍ଯ୍ୟୟ ପରିଚାଳନା କର୍ତ୍ତୃପକ୍ଷ ଏହି ସୂଚନା ଦେଇଛନ୍ତି । ସେହିପରି ଶ୍ରୀଲଙ୍କାରେ ୩୪୦ ଜଣ ପ୍ରାଣ ହରାଇଛନ୍ତି । ରାଜଧାନୀ କଲମ୍ବୋରେ ରବିବାର ରାତିସାରା ଜଳସ୍ତର ବଢ଼ି ଚାଲିଥିଲା । ସକାଳେ ବର୍ଷା ଥମିଯିବାରୁ ସାମାନ୍ୟ ଆଶ୍ୱସ୍ତି ମିଳିଛି । ଏହା ଦ୍ୱାରା ପାଣି ଛାଡ଼ିଯିବ ବୋଲି ଆଶା କରାଯାଉଛି । ଶ୍ରୀଲଙ୍କା ଏବଂ ଇଣ୍ଡୋନେସିଆରେ ଉଦ୍ଧାରକାର୍ଯ୍ୟ ପାଇଁ ସେନା ମୁତୟନ କରାଯାଇଛି । ଅନ୍ୟପଟେ ଥାଇଲାଣ୍ଡର ଦକ୍ଷିଣ ଭାଗରେ ଆସିଥିବା ବନ୍ୟା ୧୭୬ ଜଣଙ୍କ ଜୀବନ ନେଇଛି । ଏହାକୁ ଗତ ଦଶ ବର୍ଷ ମଧ୍ୟରେ ଆସିଥିବା ସବୁଠାରୁ ଭୟଙ୍କର ବନ୍ୟା ଧରାଯାଉଛି । ସେହିପରି ମାଲେସିଆର ପେରଲିସ ରାଜ୍ୟରେ ଦୁଇ ଜଣଙ୍କ ମୃତ୍ୟୁ ହୋଇଥିବା ସୂଚନା ମିଳିଛି । ଦକ୍ଷିଣ ଏସିଆରେ ଆସିଥିବା ଏହି ବନ୍ୟା ଭିତ୍ତିଭୂମିକୁ ଧ୍ୱସ୍ତବିଧ୍ୱସ୍ତ କରିଦେଇଛି । ଅନେକ କୋଠାବଡ଼ି ଭୁଶୁଡ଼ି ପଡ଼ିଥିବାବେଳେ ପୋଲ ଭାଙ୍ଗି ଯାଇଛି । ଜନଜୀନବ ଅସ୍ତବ୍ୟସ୍ତ କରିଦେଇଛି । ଶ୍ରୀଲଙ୍କାରେ ବାତ୍ୟା ଦାତୱା ପ୍ରଭାବରେ ହେଉଥିବା ବର୍ଷା ଥମିବାରେ ଲାଗିଛି । ଏହା ତାମିଲନାଡୁକୁ ମଧ୍ୟ ପ୍ରଭାବିତ କରିଥିଲା । ବର୍ଷା ଜନିତ ଦୁର୍ଘଟଣାରେ ତିନି ଜଣଙ୍କ ଜୀବନ ଯାଇଥିଲା ।



## କୁକୁର ଧରି ସଂସଦରେ ପହଞ୍ଚିଲେ ରେଣୁକା

ନୂଆଦିଲ୍ଲୀ, ୧।୧୨ (ଏଜେନ୍ସି): ସଂସଦର ଶୀତ ଅଧିବେଶନର ପ୍ରଥମ ଦିନରେ ସୋମବାର କଂଗ୍ରେସ ସାଂସଦ ରେଣୁକା ଚୌଧୁରୀଙ୍କୁ ନେଇ ବିବାଦ ହୋଇଛି । ସେ କୁକୁରକୁ ସାଙ୍ଗରେ ଧରି ସଂସଦ ପରିସରରେ ପହଞ୍ଚିଛନ୍ତି । ଏ ବିଷୟରେ ପଚାରିବାରୁ ସେ ଯେଉଁ ମନ୍ତବ୍ୟ ଦେଇଛନ୍ତି ତାହାକୁ ନେଇ ହଙ୍ଗାମା ହୋଇଛି । ସେ କହିଛନ୍ତି ଯେ 'ସରକାରଙ୍କୁ ପଶୁ ପସନ୍ଦ ନୁହେଁ । ଏହା ଅତ୍ୟନ୍ତ ଛୋଟ ଏବଂ କାହାର କ୍ଷତି କରୁ ନ ଥିବା ପଶୁ । କାମୁଡୁ ଥିବା ଏବଂ ଦଂଶନ କରୁଥିବା ବ୍ୟକ୍ତି ସଂସଦ ଭିତରେ ଅଛନ୍ତି । କୁକୁର ଏଭଳି କରେ ନାହିଁ' ଏହି ଘଟଣାକୁ ବିଜେପି ତୀବ୍ର ବିରୋଧୀ କରିଛି । ଏହା ଦ୍ୱାରା ସଂସଦ ମର୍ଯ୍ୟାଦାର ଉଲ୍ଲଂଘନ ବୋଲି କୁହାଯାଇଛି । ତାଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଦାବି କରାଯାଇଛି ।



**'କୁକୁର କାମୁଡୁନି; କାମୁଡ଼ିବା ଲୋକ ସଂସଦରେ ଅଛନ୍ତି'**

ବିବାଦ ହେବାପରେ ରେଣୁକା ଏ ନେଇ ପ୍ରତିକ୍ରିୟା ଦେଇଛନ୍ତି । ସେ କହିଛନ୍ତି ଯେ ଏହି ଘଟଣାକୁ ଅଯଥାରେ ଆଲୋଚନାର ପରିସରକୁ ଅଣାଯାଉଛି । ଯଦି କୁକୁର ଗୃହ ଭିତରକୁ ପଶିଆସିଲା ତେବେ ସମସ୍ୟା କ'ଣ? ଏହି କୁକୁର କାହାକୁ କାମୁଡ଼ିବ ନାହିଁ ବୋଲି ବିଶ୍ୱାସ ମୋର ଅଛି । କୁକୁରକୁ ଗୃହ ଭିତରକୁ ନ ନେବାର କୌଣସି ପ୍ରୋଟୋକଲ କି ଆଇନ ଅଛି କି? ରାସ୍ତାରେ ଆସିବା ବେଳେ କାର୍ ଏବଂ ସ୍କୁଟର ଧକ୍କା ହେବାରୁ କୁକୁର ଛୁଆଟି ପଳେଇ ଆସିଥିଲା । ରାସ୍ତାରେ ସେ ବୁଲୁଥିବାବେଳେ ଗାଡ଼ି ତଳେ ଚାପି ହୋଇଯିବ ଭାବି ତାକୁ ଆଣି ଆସିଥିଲି । ପହଞ୍ଚିବା ପରେ ତାକୁ ପଠାଇ ଦେଲି । ଗାଡ଼ି ଏବଂ କୁକୁର ଉଭୟ ପଳେଇ ଗଲେଣି । ଏବେ କାହାକୁ ନେଇ ଚର୍ଚ୍ଚା ହେଉଛି । ଯେଉଁମାନେ ବାସ୍ତବରେ କାମୁଡୁଛନ୍ତି ସେମାନେ ସଂସଦରେ ବସିଛନ୍ତି । ସେ ସରକାର ଚଳାଉଛନ୍ତି । ଏଥିରେ ତ କାହାର ସମସ୍ୟା ନାହିଁ । କୌଣସି ନେଇଆସିଗଲେ ତାହା ଚର୍ଚ୍ଚା ପାଲଟି ଯାଉଛି । ଲାଗୁଛି ସରକାରଙ୍କ ପାଖରେ ଚର୍ଚ୍ଚା ପାଇଁ କିଛି ପ୍ରସଙ୍ଗ ନାହିଁ । ଯଦି ସରକାର ସଂସଦ ଅଧିବେଶନକୁ ନେଇ ଚିନ୍ତିତ ତେବେ ଅବଧି କାହିଁକି ହ୍ରାସ କଲେ । ମାସକର ଅଧିବେଶନକୁ ପନ୍ଦର ଦିନକୁ କାହିଁକି ହ୍ରାସ କରାଗଲା? ଆମେ ଗୃହରେ କେଉଁ ପ୍ରସଙ୍ଗ ଉଠାଇବୁ ତାହାକୁ ନେଇ ଆପଣମାନେ ଚିନ୍ତିତ କାହିଁକି? ସୂଚନାଯୋଗ୍ୟ ଯେ ସଂସଦରେ ପୋଷା ପଶୁପକ୍ଷୀ ନେଇଯିବାକୁ ନିୟମର ଉଲ୍ଲଙ୍ଘନ ଧରାଯାଏ । ଏହା ସଂସଦ ଭବନ ପରିସରର ଆଚର ନିୟମ ଏବଂ 'ଲୋକସଭା ହ୍ୟାଣ୍ଡବୁକ ଫର ମେମ୍ବର୍ସ' ଅଧୀନରେ ଏହା ଭୁଲ୍ ।

## ବିହାର: ଶପଥପତ୍ର ପଢ଼ିପାରିଲେନି ବାହୁବଳୀଙ୍କ ପତ୍ନୀ ବିଭା ଦେବୀ



ପାଟନା, ୧।୧୨ (ଏଜେନ୍ସି): ଅନେକ ସମୟରେ ନେତା, ମନ୍ତ୍ରୀଙ୍କ ପାଇଁ ଶିକ୍ଷାଗତ ଯୋଗ୍ୟତା ଧାର୍ଯ୍ୟ କରିବାକୁ ଦାବି ହେଉଛନ୍ତି । କିନ୍ତୁ ପ୍ରାୟ ସବୁ ଦଳ ଏହି ଦାବିକୁ ଏଡ଼ାଇ ଚାଲିଛନ୍ତି । ତଳସ୍ତରର ସରକାରୀ କର୍ମଚାରୀ ହେବାକୁ ନିର୍ଦ୍ଦିଷ୍ଟ ଯୋଗ୍ୟତା ଏବଂ ଆପରାଧିକ ପୃଷ୍ଠଭୂମିରୁ ନ ଆସୁଥିବାର ନିୟମ ଥିବାବେଳେ ନେତାଙ୍କ ପାଇଁ ଏଭଳି କୌଣସି ନିୟମ ନାହିଁ କହିଲେ ଚଳେ । ଏବେ ଶିକ୍ଷାଗତ ଯୋଗ୍ୟତା ଅଭାବରୁ ତଥା ପଢ଼ି ନ ପାରିବାରୁ ଜଣେ ନବ ନିର୍ବାଚିତ ବିଧାୟିକା କିଭଳି ହଟହଟା ହୋଇଛନ୍ତି ତାହାର ଭିଡିଓ ସାରା ଦେଶରେ ଭାଇରାଲ ହେବାରେ ଲାଗିଛି । ବିହାର ବିଧାନସଭାରେ ଏଭଳି ବିରଳ ଦୃଶ୍ୟ ଦେଖିବାକୁ ମିଳିଛି । ୧୮ତମ ବିଧାନସଭାର ପ୍ରଥମ ଅଧିବେଶନରେ ନବ ନିର୍ବାଚିତ ସଦସ୍ୟ ଶପଥ ନେଉଛନ୍ତି । କିନ୍ତୁ ବାହୁବଳୀ ରାଜବଲ୍ଲଭଙ୍କ ପତ୍ନୀ ତଥା ନୱାଦାର ଜେଡିୟୁ ବିଧାୟିକା ବିଭା ଦେବୀ ଶପଥ ପତ୍ର ପଢ଼ି ନ ପାରି ସର୍ବସମ୍ମୁଖରେ ହଟହଟା ହୋଇଛନ୍ତି ।

ବିଭା ଦେବୀ ଶପଥ ନେବାକୁ ଛିଡ଼ା ହୋଇଥିଲେ । ସେ ଭୁଲ୍ ଶବ୍ଦ ଉଚ୍ଚାରଣ କରି ଶପଥ ପାଠ ଆରମ୍ଭ କରିଥିଲେ । ଶପଥ ନେଉଛି ବଦଳରେ ସତତ ନେଉଛୁ ବୋଲି କହିଥିଲେ । ରହି ରହି ସେ ଶପଥ ପତ୍ର ପଢ଼ି ଚାଲିଥିଲେ । କ୍ରମାଗତ ଭାବେ ସଠିକ ଶବ୍ଦ ଉଚ୍ଚାରଣ କରିପାରୁ ନ ଥିଲେ । ମଝିରେ ମଝିରେ ଅଟକି ଯାଉଥିଲେ । ତାଙ୍କର ସ୍ଥିତି ସଦନରେ ଉପସ୍ଥିତ ଥିବା ସବୁ ଲୋକଙ୍କ ପାଇଁ ଚର୍ଚ୍ଚାର ପ୍ରସଙ୍ଗ ପାଲଟି ଯାଇଥିଲା । ଏହାର ଭିଡିଓ ଖୁବ୍ ଭାଇରାଲ ହେବାରେ ଲାଗିଛି । ବିଭା ଦେବୀ କଷ୍ଟେ ମଷ୍ଟେ ଶପଥ ନେବାକୁ ପ୍ରୟାସ କରିଥିଲେ । ଏହି ସମୟରେ ତାଙ୍କ ନିକଟରେ ଜେଡିୟୁ ବିଧାୟିକା ମନୋରମା ଦେବୀ ବସିଥିଲେ । ଶପଥ ପତ୍ର ପଢ଼ି ଦେବାକୁ ପ୍ରଭା ଦେବୀ ତାଙ୍କୁ ଅନୁରୋଧ କରିଥିଲେ । ଛୁଟକୀ ପଢ଼ି ଦେ, କହି ଦେ ବୋଲି କହିଥିଲେ । ମନୋରମା ଦେବୀ କହିବା ସତ୍ତ୍ୱେ ବି ବିଭା ଠିକ୍‌ରେ ପଢ଼ି ପାରି ନ ଥିଲେ । ଯେନତେନ ପ୍ରକାରରେ ଖଣ୍ଡି ଅକ୍ଷରରେ ଶପଥ ନେଇଥିଲେ । ଏହି ଭିଡିଓକୁ ନେଇ ସାମାଜିକ ଗଣମାଧ୍ୟମରେ ମେମେର ବନ୍ୟା ଆସିଛି । ଶପଥ ପତ୍ର ପଢ଼ି ପାରୁ ନ ଥିବା ମହିଳା ବିହାରର କେମିତି ବିକାଶ କରିବେ ବୋଲି ଲୋକେ ପ୍ରଶ୍ନ କରୁଛନ୍ତି । ସୂଚନାଯୋଗ୍ୟ ଯେ ସ୍ୱାମୀଙ୍କ ରାଜନୈତିକ ପ୍ରଭାବକୁ ଆଗକୁ ବଢ଼ାଇ ବିଭା ଦେବୀ ନୱାଦା ସିଟ୍‌ରୁ ନିର୍ବାଚନ ଲଢ଼ି ବିଜୟୀ ହୋଇଥିଲେ । ଅନ୍ୟ ପଟେ ଆଜି ଆରଜେଡି ନେତା ତେଜସ୍ୱୀ ଯାଦବ, ବିଜେପି ବିଧାୟିକା ମୈଥିଳୀ ଠାକୁର, ବାହୁବଳୀ ଅଶୋକ ମାହୋତଙ୍କ ପତ୍ନୀ ଅନିତା ଦେବୀ ପ୍ରମୁଖ ଶପଥ ଗ୍ରହଣ କରିଛନ୍ତି ।

## ଦିଲ୍ଲୀ-ଏନସିଆରରେ ପ୍ରଦୂଷଣ ପାଇଁ ଖାଲି ଚାଷୀ ଦାୟୀ ନୁହେଁ: ସୁପ୍ରିମକୋର୍ଟ

ନୂଆଦିଲ୍ଲୀ, ୧।୧୨ (ଏଜେନ୍ସି): ଦିଲ୍ଲୀ-ଏନସିଆରରେ ବାୟୁ ପ୍ରଦୂଷଣକୁ ନେଇ ସୋମବାର ସୁପ୍ରିମକୋର୍ଟ କେନ୍ଦ୍ର ସରକାର ଏବଂ ସମ୍ପୃକ୍ତ ସଂସ୍ଥାଗୁଡ଼ିକୁ ଭର୍ତ୍ସନା କରିଛନ୍ତି । ବାୟୁ ପ୍ରଦୂଷଣ ପାଇଁ କେବଳ ଚାଷୀଙ୍କୁ ଦାୟୀ କରିବାରୁ କୋର୍ଟ ଆପତ୍ତି ଉଠାଇଛନ୍ତି । ଏମସି ମେହତାଙ୍କ ଆବେଦନର ଶୁଣାଣି କରି ସୁପ୍ରିମକୋର୍ଟ କହିଛନ୍ତି ଯେ ପାଳ ଜାଳିବା ଘଟଣା ନୂଆ ନୁହେଁ । ୪-୫ ବର୍ଷ ତଳେ କୋଭିଡ୍ ଏବଂ ଲକଡାଉନ୍ ସମୟରେ ମଧ୍ୟ ନଡ଼ା ପୋଡ଼ା ଯାଉଥିଲା । ଏହା ସତ୍ତ୍ୱେ ଆକାଶ ସ୍ୱଚ୍ଛ ଏବଂ ନୀଳ ଦେଖାଯାଉଥିଲା । ଏବେ କାହିଁକି ନୁହେଁ ବୋଲି କୋର୍ଟ ପ୍ରଶ୍ନ କରିଛନ୍ତି? ଭାରତର ପ୍ରଧାନ ବିଚାରପତି ସୂର୍ଯ୍ୟକାନ୍ତ ଏବଂ ବିଚାରପତି ବାଗଚୀଙ୍କୁ ନେଇ ଗଠିତ ଖଣ୍ଡପୀଠ କହିଛନ୍ତି ଯେ ପାଳ ପୋଡ଼ିବା ଉପରେ ବିତର୍କ ରାଜନୈତିକ କିମ୍ବା ଅହଂକାରର ପ୍ରସଙ୍ଗ ହେବା ଉଚିତ୍ ନୁହେଁ । ଦିଲ୍ଲୀର ବିଷାକ୍ତ ବାୟୁର ଅନେକ କାରଣ ଅଛି । ନଡ଼ା ପୋଡ଼ିବା ବ୍ୟତୀତ ବୃଦ୍ଧି ପାଉଥିବା ବାୟୁ ପ୍ରଦୂଷଣର କାରଣଗୁଡ଼ିକ ଉପରେ ବୈଜ୍ଞାନିକ ବିଶ୍ଳେଷଣ କରାଯିବା ଉଚିତ । ଏହି ମାମଲାର ପରବର୍ତ୍ତୀ ଶୁଣାଣି ଡିସେମ୍ବର ୧୦ରେ ଅନୁଷ୍ଠିତ ହେବ ।

# ଜାତୀୟ ସବ୍‌ଜୁନିଅର ବ୍ୟାଡ୍‌ମିଣ୍ଟନ ଆରମ୍ଭ




ଭୁବନେଶ୍ୱର,୧।୧୨(ସମିସ): ଆଇକନିକ୍ କଳିଙ୍ଗ ଷ୍ଟାଡିୟମ୍‌ରେ ଥିବା 'ଦ ସଙ୍ଗଲ'ରେ ଆଜିଠାରୁ ଆରମ୍ଭ ହୋଇଛି ୩୭ତମ ଜାତୀୟ ସବ୍‌ଜୁନିଅର ବ୍ୟାଡ୍‌ମିଣ୍ଟନ ଟୁର୍ଣ୍ଣାମେଣ୍ଟ ଆରମ୍ଭ ହୋଇଛି। ଡିସେମ୍ବର ୬ ତାରିଖଯାଏ ହେବାକୁ ଥିବା ଏହି ପ୍ରତିଯୋଗିତାରେ ୧୫ ଓ ୧୭ ବର୍ଷରୁ କମ୍ ବୟସ ବିଭାଗରେ ପ୍ରତିଯୋଗିତା ଆୟୋଜିତ ହେବ। ଏହି ଟୁର୍ଣ୍ଣାମେଣ୍ଟକୁ କ୍ରୀଡ଼ାମନ୍ତ୍ରୀ ସୂର୍ଯ୍ୟବଂଶୀ ସୁରଜ ଆନୁଷ୍ଠାନିକ ଉଦ୍‌ଘାଟନ କରିଥିଲାବେଳେ କ୍ରୀଡ଼ା ଓ ଯୁବସେବା ବିଭାଗ ସଚିବ ସଚିନ ରାମଚନ୍ଦ୍ର ଯାଦବ ଓ ବିଭାଗୀୟ କର୍ମକର୍ତ୍ତାମାନେ ଉପସ୍ଥିତ ଥିଲେ। ବ୍ୟାଡମିଣ୍ଟନ ଆସୋସିଏସନ ଅଫ୍ ଇଣ୍ଡିଆର ଓ ଓଡ଼ିଶା ବ୍ୟାଡମିଣ୍ଟନ ସଂଘର କର୍ମକର୍ତ୍ତାମାନେ ମଧ୍ୟ ଉପସ୍ଥିତ ଥିଲେ। ଏହି ପ୍ରତିଯୋଗିତାରେ ୨୫୦ରୁ ଊର୍ଦ୍ଧ୍ୱ ବାଳିକା ଓ ୩୦୦ରୁ ଊର୍ଦ୍ଧ୍ୱ ବାଳକ ପ୍ରତିଯୋଗୀ ଅଂଶଗ୍ରହଣ କରିଛନ୍ତି। ୧୩ ବର୍ଷରୁ କମ୍ ଜାତୀୟ ଚାମ୍ପିଅନ ଏବଂ ୧୫ ବର୍ଷରୁ କମ୍ ରନର୍ସଅପ୍ ଓଡ଼ିଶାର ତନ୍‌ଭି ପତ୍ରୀ ଏହି ଟୁର୍ଣ୍ଣାମେଣ୍ଟରେ ବାଳିକା ବିଭାଗର ଉଭୟ ଟାଇଟଲ ଜିତିବାର ଯଥେଷ୍ଟ ସମ୍ଭାବନା ରହିଛି।

# 'କୋହଲିଙ୍କ ଭବିଷ୍ୟତ ନେଇ ପ୍ରଶ୍ନ ଉଠାଇବା ଅନାବଶ୍ୟକ'

ନୂଆଦିଲ୍ଲୀ,୧।୧୨(ଏଜେନ୍ସି):

ଫର୍ମ ହେଉ ଅବା ଫିଟ୍‌ନେସ, ୩୭ ବର୍ଷରେ ବିରାଟ କୋହଲି ଯେପରି ଖେଳୁଛନ୍ତି ତାଙ୍କର ଭବିଷ୍ୟତ ନେଇ ଆଲୋଚନା କରିବା କିମ୍ବା ପ୍ରଶ୍ନ ଉଠାଇବା ଅପ୍ରାସଙ୍ଗିକ ଓ ଅନାବଶ୍ୟକ ବୋଲି କହିଛନ୍ତି ଭାରତୀୟ ଦଳର ବ୍ୟାଟିଂ କୋଚ୍ ସିତାଂଶୁ କୋଟକ। ରାଞ୍ଚିରେ ଗତକାଲି ଖେଳାଯାଇଥିବା ଦକ୍ଷିଣ ଆଫ୍ରିକା ବିପକ୍ଷ ପ୍ରଥମ ଦିନିକିଆ ମ୍ୟାଚ୍‌ରେ ସେ ଯେପରି ପ୍ରଭାବଶାଳୀ ଖେଳ ପ୍ରଦର୍ଶନ କରିଥିଲେ, ସେଥିରୁ ସେ ତାଙ୍କ ଉପସ୍ଥିତି ଜାହିର କରିଛନ୍ତି। ବିରାଟ କୋହଲି ଏବେ କେବଳ ଦିନିକିଆ ଫର୍ମାଟରେ ଖେଳୁଛନ୍ତି। ଟେଷ୍ଟ ଓ ଟି-୨୦ର ଅନ୍ତର୍ଜାତୀୟ ଫର୍ମାଟରୁ ସେ ଅବସର ନେଇସାରିଛନ୍ତି। ଭାରତୀୟ ଦଳର ନିରାଶାଜନକ ପ୍ରଦର୍ଶନ ପରେ କୋହଲି ଟେଷ୍ଟ ଫର୍ମାଟକୁ ଫେରିବେ ବୋଲି ଜୋର କଳ୍ପନା ଜଳ୍ପନା ଚାଲିଛି। ସେ ନିଜେ ଏହାର ପୂର୍ଣ୍ଣଚ୍ଛେଦ ପକାଇଛନ୍ତି। ଗତକାଲି ସେ କହିଥିଲେ, ଭାରତ ଲାଗି ଖେଳିବାକୁ ଗଲାବେଳେ ସେ ସର୍ବଦା ୧୨୦ ଭାଗ ଚେଷ୍ଟା କରିଥାନ୍ତି। ଏବେ ମୁଁ କେବଳ ଦିନିକିଆ ଫର୍ମାଟରେ ଖେଳ ଜାରି ରଖିବି ବୋଲି କହିବା ପରେ ଟେଷ୍ଟକୁ ତାଙ୍କର ପ୍ରତ୍ୟାବର୍ତ୍ତନ ଆଉ ସମ୍ଭବ ନୁହେଁ ବୋଲି ଏଥିରୁ ସ୍ପଷ୍ଟ ହୋଇଛି।




୨୦୨୭ରେ ଦିନିକିଆ ବିଶ୍ୱକପ୍ ଦକ୍ଷିଣ ଆଫ୍ରିକାରେ ଖେଳାଯିବ। ବିରାଟ କୋହଲି ଏବଂ ରୋହିତ ଶର୍ମା ଏହି ବିଶ୍ୱକପ୍ ଖେଳି ଅବସର ନେବାକୁ ଆଗ୍ରହୀ ବୋଲି ଆଲୋଚନା ହେଉଛି। ଉଭୟ ଅନ୍ତର୍ଜାତୀୟ କ୍ରିକେଟର ଅନ୍ୟ ଦୁଇ ଫର୍ମାଟରୁ ଅବସର ନେଇ ସାରିଥିବାରୁ ଏବେ କେବଳ ଦିନିକିଆ ଖେଳୁଛନ୍ତି। ଏହା ବ୍ୟତୀତ ଇଣ୍ଡିଆନ ପ୍ରିମିୟର ଲିଗ୍‌ରେ ଖେଳିବାକୁ ଚୁକ୍ତିବଦ୍ଧ ହୋଇଛନ୍ତି। ସେ ଯେତିକି ପରିମାଣରେ କ୍ରିକେଟ ଖେଳୁଛନ୍ତି, ସେଥିରୁ ବିଶ୍ୱକପ ପର୍ଯ୍ୟନ୍ତ ତାଙ୍କ ଫିଟ୍‌ନେସ ସ୍ତରରେ କିଛି ପରିବର୍ତ୍ତନ ହେବାର ଆଶଙ୍କା ନାହିଁ। ଏଣୁ ତାଙ୍କ ଭବିଷ୍ୟତ ସମ୍ପର୍କରେ କଳ୍ପନା ଜଳ୍ପନା, ଆଲୋଚନା କିମ୍ବା ପର୍ଯ୍ୟାଲୋଚନା କରିବା ଅନୁଚିତ ହେବ ବୋଲି କୋଟକ ଏକ ସାମ୍ବାଦିକ ସମ୍ମିଳନୀରେ କହିଛନ୍ତି। ଟିମ୍ ମ୍ୟାନେଜ୍‌ମେଣ୍ଟ ଏ ସମ୍ପର୍କରେ କଥାବାର୍ତ୍ତା ହେବା ତ ଦୂରର କଥା, ଭାବିବାକୁ ମଧ୍ୟ ଉଚିତ ମନେକରିନାହିଁ।


ରାଞ୍ଚିରେ ଖେଳାଯାଇଥିବା ପ୍ରଥମ ଦିନିକିଆରେ କୋହଲି ତାଙ୍କ ଚିରାଚରିତ ଶୈଳୀରେ ବ୍ୟାଟିଂ କରି ଜୀବନର ୫୨ତମ ଶତକ ହାସଲ କରିଥିଲେ। ଅନ୍ତର୍ଜାତୀୟ କ୍ରିକେଟର ଗୋଟିଏ ଫର୍ମାଟରେ ଏହା ସର୍ବାଧିକ ଶତକ। ଟେଷ୍ଟ କ୍ରିକେଟରେ ସଚିନ ତେନ୍ଦୁଲକର ୫୧ଟି ଶତକ ହାସଲ କରିଛନ୍ତି। ଏହି ମ୍ୟାଚ୍‌ରେ ସେ ୧୦୨ଟି ବଲ୍‌ରୁ ଶତକ ହାସଲ କରିଥିଲେ। ସେ ମୋଟ ୧୨୦ଟି ବଲ୍ ଖେଳି ୧୩୫ ରନ୍ କରିଥିଲେ। ଏହା ମଧ୍ୟରେ ୧୦ଟି ସୁଦୃଶ୍ୟ ଚୌକା ଓ ୭ଟି ବିରାଟ ଛକା ରହିଥିଲା। ଏଥିରୁ ତାଙ୍କ ଫର୍ମ ଓ ଫିଟ୍‌ନେସ୍‌ର ପ୍ରମାଣ ମିଳିଥାଏ। ତାଙ୍କ ଶତକ ଓ ଅନ୍ୟତମ ବରିଷ୍ଠ ଖେଳାଳି ରୋହିତ ଶର୍ମାଙ୍କ ସହ ଦ୍ୱିତୀୟ ୱିକେଟ ଭାଗୀଦାରିରେ ୧୩୬ ରନ୍ ସଂଗୃହୀତ ହୋଇଥିଲା। ଏହି ରନ୍ ବଳରେ ଭାରତ ଏକ ବିଶାଳ ସ୍କୋର (୮ ୱିକେଟରେ ୩୪୯ ରନ୍) କରିଥିଲା। କୁଲଦୀପ ଯାଦବ ୪ଟି ଓ ହର୍ଷିତ ରାଣା ୩ଟି ୱିକେଟ ନେବା ଫଳରେ ଭାରତ ଏହି ମ୍ୟାଚ୍‌କୁ ୧୭ ରନ୍‌ରେ ଜିତିନେଇଥିଲା।

### ସେହ୍ୱାଗଙ୍କ ପ୍ରଶଂସା

ବିରାଟ କୋହଲି ପୁଣିଥରେ ପ୍ରମାଣିତ କରିଛନ୍ତି ଯେ, ଚା' ତିଆରି କରିବା ଆମ ଲାଗି ଯେତିକି ସହଜ, ବିରାଟଙ୍କ ଲାଗି ରନ୍ ସଂଗ୍ରହ କରିବା ସେତିକି ସହଜ। ସେ ଆହୁରି କହନ୍ତି, ରେକର୍ଡ ପଛରେ କୋହଲି ଦୌଡ଼ୁନାହାନ୍ତି, ବରଂ ରେକର୍ଡ ତାଙ୍କ ପଛରେ ଦୌଡ଼ୁଛି। ଆଜ୍ ଭି ଭୁକ୍ ୱହି, ଜୁନୁନ ୱହି ବୋଲି ସେ କହିଛନ୍ତି। କିଙ୍ଗ୍ ଷ୍ଟେଜ୍ କିଙ୍ଗ୍ ବା ରାଜା ସର୍ବଦା ରାଜା ଭଳି ରହିବ ବୋଲି ସେହ୍ୱାଗ ତାଙ୍କ ପ୍ରଶଂସାରେ କୋହଲିଙ୍କୁ ପୋତିଦେଇଛନ୍ତି।

# ମହିଳା ହକି ଦଳର କୋଚ୍ ପଦ ଛାଡ଼ିଲେ ହରେନ୍ଦ୍ର

ନୂଆଦିଲ୍ଲୀ, ୧।୧୨ (ଏଜେନ୍ସି): ଏକ ଅପ୍ରତ୍ୟାଶିତ ଘଟଣାକ୍ରମେ ଭାରତୀୟ ସିନିଅର ମହିଳା ହକି ଦଳର ମୁଖ୍ୟ ପ୍ରଶିକ୍ଷକ ହରେନ୍ଦ୍ର ସିଂହ ସୋମବାର ନିଜ ପଦରୁ ଇସ୍ତଫା



ଦେଇଛନ୍ତି। ବ୍ୟକ୍ତିଗତ କାରଣ ଦର୍ଶାଇ ହରେନ୍ଦ୍ର ନିଜର ନିଷ୍ପତ୍ତି ମେଲ୍ ଯୋଗେ ହକି ଇଣ୍ଡିଆକୁ ଜଣାଇ ଦେଇଛନ୍ତି। ୫୬ ବର୍ଷୀୟ ହରେନ୍ଦ୍ର ଗତବର୍ଷ ଏପ୍ରିଲରେ ଏହି ଗୁରୁଦାୟିତ୍ୱ ସମ୍ଭାଳିଥିଲେ। ୨୦୨୮ ଅଲିମ୍ପିକ୍ସ ପର୍ଯ୍ୟନ୍ତ ସେ ଟିମ୍ ସହ ଜଡ଼ିତ ରହିବେ ବୋଲି ଆଶା କରାଯାଉଥିଲା। କିନ୍ତୁ ଅଚାନକ ପଦ ଛାଡ଼ିବା ନେଇ ନାନା ଆଲୋଚନା ହେଉଛି। ରିପୋର୍ଟ ଅନୁସାରେ ୨୦୨୦ ଟୋକିଓ ଅଲିମ୍ପିକ୍ସରେ ଭାରତୀୟ ମହିଳା ଦଳର କୋଚ୍ ରହିଥିବା ନେଦରଲାଣ୍ଡସର ଶୋଡ୍ ମାରିନ ପୁଣିଥରେ ଏହି ସମ୍ମାନଜନକ ପଦ ସମ୍ଭାଳିବେ। ତାଙ୍କ ତତ୍ତ୍ୱାବଧାନରେ ମହିଳା ହକି ଦଳ ଟୋକିଓ ଅଲିମ୍ପିକ୍ସରେ ୪ର୍ଥ ସ୍ଥାନରେ ରହିଥିଲା। ତେବେ ହକି ଇଣ୍ଡିଆ ପକ୍ଷରୁ ଏନେଇ ଅଫିସିଆଲ୍ ଭାବେ କିଛି ଘୋଷଣା କରାଯାଇନାହିଁ। ସ୍ମରଣଯୋଗ୍ୟ, ହରେନ୍ଦ୍ରଙ୍କ ପ୍ରଶିକ୍ଷଣରେ ୨୦୧୬ରେ ଭାରତୀୟ ଦଳ ଜୁନିଅର ପୁରୁଷ ବିଶ୍ୱକପ୍‌ରେ ଚାମ୍ପିଅନ ହୋଇଥିଲା। ୨୦୨୧ରୁ ୨୦୨୪ ପର୍ଯ୍ୟନ୍ତ ସେ ଆମେରିକା ପୁରୁଷ ଦଳର କୋଚ୍ ଦାୟିତ୍ୱ ସମ୍ଭାଳିଥିଲେ।

# ଦୃଷ୍ଟିହୀନ ମହିଳା ବିଶ୍ୱଚାମ୍ପିଅନ ଖେଳାଳିଙ୍କୁ ୧୧ ଲକ୍ଷ ଟଙ୍କା

ଭୁବନେଶ୍ୱର,୧।୧୨(ସମିସ): ଶ୍ରୀଲଙ୍କାରେ ଅନୁଷ୍ଠିତ ପ୍ରଥମ ଦୃଷ୍ଟିହୀନ ମହିଳା ବିଶ୍ୱକପ୍ କ୍ରିକେଟରେ ଭାରତ ଚାମ୍ପିଅନ ହୋଇଛି। ଏହି ଚାମ୍ପିଅନ ଭାରତୀୟ ଦଳରେ ଓଡ଼ିଶାରୁ ୪ଜଣ ଖେଳାଳି ରହିଛନ୍ତି। ସେମାନେ ହେଲେ ଫାଇନାଲରେ ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଥିବା ବାଲେଶ୍ୱରର ଫୁଲ ସୋରେନ୍। ଏମାନଙ୍କ ବ୍ୟତୀତ ଆଉ ୩ଜଣ ଖେଳାଳି ମୟୂରଭଞ୍ଜ ଜିଲ୍ଲାର। ସେମିଫାଇନାଲରେ ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଥିବା ବାସନ୍ତୀ ହାଁସ୍‌ଦା, ଯମୁନାରାଣୀ ଟୁଡୁ ଓ ପାର୍ବତୀ ମାର୍ଣ୍ଡି। ଏ ସମସ୍ତ ଖେଳାଳି ଓଡ଼ିଶାରେ ପହଞ୍ଚିବା ପରେ ବିମାନବନ୍ଦରରେ ଦୃଷ୍ଟିହୀନ କ୍ରିକେଟ ସଂଘ ପକ୍ଷରୁ ଖେଳାଳିମାନଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଏହାପରେ ଆଜି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ତାଙ୍କ ବାସଭବନରେ ଖେଳାଳିମାନଙ୍କୁ ସମ୍ବର୍ଦ୍ଧିତ କରିବା ସହ ୧୧ ଲକ୍ଷ ଲେଖାଏଁ ଟଙ୍କା ପ୍ରୋତ୍ସାହନ ରାଶି ପ୍ରଦାନ କରିଥିଲେ। ଏହି ଖେଳାଳିଙ୍କ ସହ ରାଜ୍ୟ କ୍ରୀଡ଼ାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ, କ୍ରୀଡ଼ା ଓ ଯୁବସେବା ବିଭାଗର ସଚିବ ତଥା କମିଶନର ସଚିନ ରାମଚନ୍ଦ୍ର ଯାଦବ, ନିର୍ଦ୍ଦେଶକ ଡଃ. ଯେଦୁଲା ବିଜୟ, ଦଳର କୋଚ୍ ଦେବାଶିଷ ଜେନା ଓ ଅନ୍ୟ ବରିଷ୍ଠ ଅଧିକାରୀମାନେ ଉପସ୍ଥିତ ଥିଲେ। କିନ୍ତୁ ଅନ୍ୟ ଖେଳାଳିମାନଙ୍କୁ ଦିଆଯାଉଥିବା ପ୍ରୋତ୍ସାହନ ରାଶି ତୁଳନାରେ ଏହା ବହୁତ କମ୍ ବୋଲି ଆଲୋଚନା ହେଉଛି।



■ ୨୩ ବର୍ଷରୁ କମ୍ ମହିଳା ଟି-୨୦

# ମୁମ୍ବାଇଠାରୁ ହାରିଲା ଓଡ଼ିଶା

ଭୁବନେଶ୍ୱର, ୧।୧୨(ସମିସ): କେରଳର ତିରୁଅନନ୍ତପୁରମଠାରେ ଚାଲିଥିବା ୨୩ ବର୍ଷରୁ କମ୍ ମହିଳା ଟି-୨୦ ଏଲିଟ୍ ବିଭାଗ ମୁକାବିଲାରେ ଓଡ଼ିଶା ୧୮ ରନ୍‌ରେ ମୁମ୍ବାଇଠାରୁ ହାରିଯାଇଛି। ଏହି ମ୍ୟାଚ୍‌ରେ ପ୍ରଥମେ ବ୍ୟାଟିଂ କରି ମୁମ୍ବାଇ ନିର୍ଦ୍ଧାରିତ ୨୦ ଓଭରରେ ୭ ୱିକେଟ ହରାଇ ୧୪୦ ରନ୍ କରିଥିଲା। ଦଳ ପକ୍ଷରୁ ପ୍ରଥମ ୩ ବ୍ୟାଟର ୦, ୪, ୬ରେ ଆଉଟ ହେବା ପରେ ଦଳ ୧୫ ରନ୍‌ରେ ୩ ୱିକେଟ ହରାଇଥିଲା। ଏହା ପରେ ନଂ-୮ ବ୍ୟାଟର ହର୍ଲି ଗାଲା ଅପରାଜିତ ୩୦, ନଂ-୪ ଓ ୫, ତୃଶି ଶାହ ଓ ସାଧବୀ ସଞ୍ଜୟ ୨୪ ରନ୍ ଲେଖାଏଁ, ନଂ-୮ ଶ୍ରଦ୍ଧା ୨୩ ରନ୍ କରିଥିଲେ। ଓଡ଼ିଶାର ଶ୍ରେୟା ପ୍ରିୟଦର୍ଶିନୀ ୨ଟି, ଅନନ୍ୟା ମିଶ୍ର, ଶୁଭ୍ରନିର୍ଝରିଣୀ ସ୍ୱାଇଁ ଓ ଏସ୍‌ବି ଲରେନ୍ସ ଜଣେ ଲେଖାଏଁ ଖେଳାଳିଙ୍କୁ ଆଉଟ କରିଥିଲେ।





ଜବାବରେ ଓପନର ତନ୍ମୟୀ ବେହେରାଙ୍କ ୩୯ ବଲ୍‌ରେ ୪୪ ଓ ନଂ-୩ ବ୍ୟାଟର ତଥା ଅଧିନାୟିକା ଅଲିସ୍ମା ବିଶ୍ୱାଳଙ୍କ ୩୯ ବଲ୍‌ରେ ୩୮ ରନ୍ ସତ୍ତ୍ୱେ ଦଳ ସମାନ ସଂଖ୍ୟକ ଓଭର ଖେଳି ୬ ୱିକେଟରେ ୧୨୨ ରନ୍ କରିବାକୁ ସମର୍ଥ ହୋଇଥିଲା। ସିନିୟର ଖେଳାଳିଙ୍କୁ ନେଇ ଗଠିତ ଓଡ଼ିଶା ଦଳର ବ୍ୟାଟିଂ ଏଠାରେ କାମ ଦେଇ ନ ଥିଲା। ମୁମ୍ବାଇର ଜିଲ ଡିମେଲୋ ଓ କାଶିଶ ୨ଜଣ ଲେଖାଏଁ ଖେଳାଳିଙ୍କୁ ଆଉଟ କରିଥିଲେ।

## ଜୁନିଅର ମହିଳା ହକି ବିଶ୍ୱକପ୍ ଉଦ୍‌ଘାଟିତ

# ବିଜୟରୁ ଭାରତର ଅଭିଯାନ

ସାଣ୍ଟିଆଗୋ, ୧।୧୨ (ଏଜେନ୍ସି): ଜୁନିଅର ମହିଳା ହକି ବିଶ୍ୱକପ୍‌ର ୧୧ତମ ସଂସ୍କରଣ ସୋମବାରଠାରୁ ଚିଲିରେ ଆରମ୍ଭ ହୋଇଛି। ଡିସେମ୍ବର ୧୩ ତାରିଖ ପର୍ଯ୍ୟନ୍ତ ଚାଲିବାକୁ ଥିବା ଏହି ମେଗା ଇଭେଣ୍ଟରେ ଭାରତୀୟ ମହିଳା ଦଳ ବିଜୟରୁ ଅଭିଯାନ ଆରମ୍ଭ କରିଛି। ଭାରତ ପ୍ରଥମ ମ୍ୟାଚରେ ନାମିବ୍ୟାକୁ ୧୩-୦ ଗୋଲ୍‌ର ବଡ଼ ବ୍ୟବଧାନରେ ପରାସ୍ତ କରିଛି। ଏଥିସହ ପୁଲ୍-ସି'ରେ ସ୍ଥାନ ପାଇଥିବା ଭାରତ ୩ ପଏଣ୍ଟ ପାଇ ଖାତା ଖୋଲିଛି। ଭାରତ ଏହାର ପରବର୍ତ୍ତୀ ମ୍ୟାଚରେ ବୁଧବାର ଜର୍ମାନୀକୁ ଭେଟିବାର କାର୍ଯ୍ୟସୂଚୀ ରହିଛି। ପ୍ରଥମ ଦିବସରେ ଅନୁଷ୍ଠିତ ଅନ୍ୟ ଏକ ମ୍ୟାଚରେ ଜର୍ମାନୀ ୭-୧ ଗୋଲ୍‌ରେ ଏକପାଖିଆ ଭାବେ ଆୟର୍ଲାଣ୍ଡକୁ ପରାସ୍ତ କରିଥିଲା। ଏଥର ବିଶ୍ୱକପ୍‌ରେ ୫ଟି ମହାଦେଶର ୨୪ଟି ଦଳ ଅଂଶଗ୍ରହଣ କରିଛନ୍ତି। ୧୯୮୯ରୁ ଏହି ମେଗା ଇଭେଣ୍ଟ ଖେଳାଯାଇ ଆସୁଥିଲେ ମଧ୍ୟ ଭାରତ ଥରେ ହେଲେ ଫାଇନାଲରେ ପ୍ରବେଶ କରିବାରେ ସଫଳ ହୋଇନାହିଁ।

## ଏଫ୍‌ଆଇଏଚ୍ ପୁରୁଷ ହକି ଜୁନିଅର ବିଶ୍ୱକପ୍

# କ୍ୱାର୍ଟରରେ ଜର୍ମାନୀ

ମଦୁରାଇ,୧।୧୨(ଏଜେନ୍ସି): ବିଶ୍ୱର ନଂ-୧ ଟିମ୍ ତଥା ଡିଫେଣ୍ଡିଂ ଚାମ୍ପିଅନ ଜର୍ମାନୀ ପ୍ରଥମ ଦଳ ଭାବେ ଏଠାରେ ଚାଲିଥିବା ଏଫ୍‌ଆଇଏଚ୍ ହକି ଜୁନିଅର ବିଶ୍ୱକପ୍ କ୍ୱାର୍ଟର ଫାଇନାଲରେ ପ୍ରବେଶ କରିଛି। ଆଜି ଏଠାରେ ଅନୁଷ୍ଠିତ ବର୍ଷା ବାଧାପ୍ରାପ୍ତ ମୁକାବିଲାରେ ଜର୍ମାନୀ ୫-୧ ଗୋଲରେ ଆୟର୍ଲାଣ୍ଡକୁ ପରାସ୍ତ କରି ଗ୍ରୁପ୍-ଏ'ରେ ସମସ୍ତ ୩ଟି ଯାକ ମ୍ୟାଚ୍ ଜିତି ପ୍ରଥମ ସ୍ଥାନ ଅଧିକାର କରିଛି। ଜର୍ମାନୀ ଏବେ ଚେନ୍ନଇରେ କ୍ୱାର୍ଟର ଫାଇନାଲ ଖେଳିବ। ସେହିପରି ଏହି ଗ୍ରୁପ୍‌ରେ କାନାଡାକୁ ୯-୧ ଗୋଲରେ ପରାସ୍ତ କରି ଦକ୍ଷିଣ ଆଫ୍ରିକା ଦ୍ୱିତୀୟ ସ୍ଥାନରେ ରହିଛି। ଗ୍ରୁପ୍-ବି'ରେ ଆସନ୍ତାକାଲି ଭାରତ ଓ ସ୍ୱିଜରଲାଣ୍ଡ ମଧ୍ୟରେ ମ୍ୟାଚ୍ ଖେଳାଯିବ। ଏହି ମ୍ୟାଚ୍‌ର ବିଜେତା ଗ୍ରୁପ୍‌ରେ ପ୍ରଥମ ସ୍ଥାନ ଅଧିକାର କରିବା ସହ ସିଧାସଳଖ କ୍ୱାର୍ଟରଫାଇନାଲ ଖେଳିବ।

# ଦୃଢ଼ସ୍ଥିତିରେ ଉତ୍ତରାଖଣ୍ଡ

**କୁଚ୍‌ବିହାର ଟ୍ରଫି**

ଭୁବନେଶ୍ୱର, ୧।୧୨(ସମିସ): ଓଡ଼ିଶା ଓ ଉତ୍ତରାଖଣ୍ଡ ମଧ୍ୟରେ ୧୯ ବର୍ଷରୁ କମ୍ ୩ ଦିନିଆ କୁଚ୍‌ବିହାର ଟ୍ରଫି ଆଜିଠାରୁ ଆରମ୍ଭ ହୋଇଛି। ଉତ୍ତରାଖଣ୍ଡର କାଶିପୁରଠାରେ ପ୍ରଥମ ଦିନ ଖେଳରେ ଓଡ଼ିଶା ମାତ୍ର ୧୪୬ ରନ୍‌ରେ ଅଲଆଉଟ ହୋଇଯାଇଛି। ଜବାବରେ ପ୍ରଥମ ଦିନ ଖେଳ ଶେଷ ସୁଦ୍ଧା ଉତ୍ତରାଖଣ୍ଡ ୨ ୱିକେଟରେ ୧୪୯ ରନ୍ କରିଛି। ଉତ୍ତରାଖଣ୍ଡ ପକ୍ଷରୁ ଅଧିନାୟକ ରକ୍ଷିତ ଡାଲାକୋଟି ସର୍ବାଧିକ ୬୪ ଓ ଆଦିତ୍ୟ ନାଇଥାନି ୫୯ ରନ୍‌ରେ ବ୍ୟାଟିଂ କରୁଥିଲେ। ପ୍ରିୟାଂଶୁ ମହାନ୍ତି ଓ ସମ୍ବିତ ବେଜା ୱିକେଟ ଦୁଇଟି ସମାନ ଭାବେ ବାଣ୍ଟି ନେଇଥିଲେ। ପୂର୍ବରୁ ପ୍ରଥମେ ବ୍ୟାଟିଂ କରିଥିବା ଓଡ଼ିଶା ପ୍ରିୟାଂଶୁ ସିଂଙ୍କ ବୋଲିଂର ମୁକାବିଲା କରି ନ ପାରି ବିପର୍ଯ୍ୟୟର ସମ୍ମୁଖୀନ ହୋଇଥିଲା। ପ୍ରିୟାଂଶୁ ୧୫.୧ ଓଭରରେ ୩୩ ରନ୍ ଦେଇ ସର୍ବାଧିକ ୮ଟି ୱିକେଟ ନେଇଥିଲେ। ଓଡ଼ିଶା ଇନିଂସରେ ଦଳର ପ୍ରଥମ ୪ଜଣ ଓ ନଂ-୬ ବ୍ୟାଟର ଦୁଇ ଅଙ୍କରେ ପହଞ୍ଚିପାରି ନ ଥିଲେ। ପୀୟୁଷ ରଞ୍ଜନ ମନ୍ତ୍ରୀ ସର୍ବାଧିକ ୬୧ ରନ୍ କରିଥିଲେ।

## ଇଣ୍ଟରନ୍ୟାସନାଲ ଓପନ୍ ଗେଟବଲ୍ ଉଦ୍‌ଯାପିତ

# ଡବଲ୍ସରେ ଓଡ଼ିଶା-ଏ ଚାମ୍ପିଅନ

ଭୁବନେଶ୍ୱର, ୧।୧୨ (ସମିସ): ସ୍ଥାନୀୟ କଳିଙ୍ଗ ଷ୍ଟାଡିୟମରେ ଅନୁଷ୍ଠିତ ଆଇକନିକ ଇଣ୍ଡିଆ ଇଣ୍ଟରନ୍ୟାସନାଲ ଓପନ୍ ଗେଟ୍‌ବଲ୍ ଟୁର୍ଣ୍ଣାମେଣ୍ଟ ସୋମବାର ଉଦଯାପିତ ହୋଇଯାଇଛି। ଏଥିରେ ଡବଲ୍ସ ବର୍ଗରେ ଓଡ଼ିଶା-ଏ ଦଳ ଚାମ୍ପିଅନ ଓ ତାଇୱାନ-ସି ରନର୍ସଅପ୍ ହୋଇଥିଲା। ସେହିଭଳି କ୍ଲାସିକ ବର୍ଗରେ ତାଇୱାନ-ବି ଟାଇଟଲ୍ ହାସଲ କରିଛି। ଫାଇନାଲରେ ତାଇୱାନ ବିହାରକୁ ପରାସ୍ତ କରିଥିଲା। ଆଇକନିକ ସ୍ପୋର୍ଟ୍ସ ଫାଉଣ୍ଡେସନ (ଆଇଏସ୍‌ଏଫ୍) ଓ ଭାରତୀୟ ଗେଟ୍‌ବଲ ୟୁନିୟନ (ଆଇଜିୟୁ)ର ମିଳିତ ସହଯୋଗରେ ଆୟୋଜିତ ଏହି ଦୁଇଦିନିଆ ପ୍ରତିଯୋଗିତାରେ ଭାରତର ୧୮ ରାଜ୍ୟର ୨୦୦ରୁ ଊର୍ଦ୍ଧ୍ୱ ଖେଳାଳି ଅଂଶଗ୍ରହଣ କରିଥିଲେ। ସେହିଭଳି ଇଣ୍ଡୋନେସିଆ ଓ ତାଇୱାନରୁ ମଧ୍ୟ ଖେଳାଳି ଏଥିରେ ଭାଗନେଇଥିଲେ। ଉଦ୍‌ଯାପନୀ ଉତ୍ସବରେ ରୋଟାରିଆନ ମନୋଜ ତ୍ରିପାଠୀ, ଡ. ପ୍ରବୋଧ ମହାନ୍ତି, ଯଜ୍ଞଶିଷ ମହାପାତ୍ର, ଟୁର୍ଣ୍ଣାମେଣ୍ଟ ଡିରେକ୍ଟର ତାରିଣୀ ପ୍ରସାଦ ମହାନ୍ତି, ଆଇଏସ୍‌ଏଫ୍‌ର ଡିରେକ୍ଟର ସଞ୍ଜୟ ଚୌଧୁରୀ, ଚିଦାତମିକା ଖଟୁଆ, ଶେଖ ଅବଦୁଲ ସମିସ ପ୍ରମୁଖ ଉପସ୍ଥିତ ରହିଥିଲେ।




# ବାରବାଟୀରେ ଖେଳିବେ ଗିଲ୍, ପାଣ୍ଡ୍ୟା!

ନୂଆଦିଲ୍ଲୀ, ୧।୧୨ (ଏଜେନ୍ସି): ଦକ୍ଷିଣ ଆଫ୍ରିକା ବିପକ୍ଷ ଟି-୨୦ ସିରିଜ ପୂର୍ବରୁ ଆହତ ସମସ୍ୟା ଦେଇ ଗତି କରୁଥିବା ଭାରତର ଦୁଇ ପ୍ରମୁଖ ଖେଳାଳି ଶୁବମନ ଗିଲ୍ ଓ ଅଲ୍‌ରାଉଣ୍ଡର ହାର୍ଦ୍ଦିକ ପାଣ୍ଡ୍ୟା ଧିରେ ଧିରେ ସୁସ୍ଥ ହୋଇଛନ୍ତି। ପାଣ୍ଡ୍ୟାଙ୍କୁ ଚଳିତ ସୟଦ ମୁସ୍ତାକ ଅଲି ଟି-୨୦ରେ ବରୋଦା ପକ୍ଷରୁ ଖେଳିବାକୁ ବିସିସିଆଇ ସୋମବାର ସବୁଜ ସଙ୍କେତ ପ୍ରଦାନ କରିଛି। ଫଳରେ ସେ ମଙ୍ଗଳବାର ବରୋଦା-ପଞ୍ଜାବ ମୁକାବିଲାରେ ଖେଳାଯିବାର ଯଥେଷ୍ଟ ସମ୍ଭାବନା ରହିଛି। ସେହିଭଳି ଗିଲ୍ ସୋମବାର ବେଙ୍ଗାଲୁରୁସ୍ଥିତ ସେଣ୍ଟର ଅଫ୍ ଏକ୍ସିଲେନ୍ସରେ ନିୟମିତ ଫିଟନେସ ଯାଞ୍ଚ ପାଇଁ ରିପୋର୍ଟ କରିଛନ୍ତି। ଏହାପରେ ସେ ଦକ୍ଷିଣ ଆଫ୍ରିକା ବିପକ୍ଷ ପାଞ୍ଚ ମ୍ୟାଚ୍‌ବିଶିଷ୍ଟ ଟି-୨୦ ସିରିଜ ଖେଳିବେ କି ନାହିଁ ସ୍ପଷ୍ଟ ହେବ। ତେବେ ରିପୋର୍ଟ ଅନୁଯାୟୀ ଟି-୨୦ ସିରିଜ ଲାଗି ଦଳ ଘୋଷଣା ବେଳକୁ ଉଭୟ ପାଣ୍ଡ୍ୟା ଓ ଗିଲ୍ ସମ୍ପୂର୍ଣ୍ଣ ସୁସ୍ଥ ହୋଇଯାଇଥିବେ ବୋଲି କୁହାଯାଉଛି। ଏଭଳି ହେଲେ କଟକର ବାରବାଟୀରେ ଖେଳାଯିବାକୁ ଥିବା ସିରିଜର ପ୍ରଥମ ମ୍ୟାଚରେ ଉଭୟ ତାରକା ଖେଳାଳିଙ୍କୁ କ୍ରିକେଟ୍‌ପ୍ରେମୀ ଦେଖିବାକୁ ପାଇବେ।

## ଲିସବନ୍ ଅନ୍ତର୍ଜାତୀୟ କଣ୍ଟିନେଣ୍ଟାଲ କପ୍ ଜିମ୍ନାଷ୍ଟିକ୍

# ଏଏମ୍/ଏନ୍‌ଏସ୍ ଏଚ୍‌ପିସି ଆଥ୍‌ଲେଟ୍‌ଙ୍କୁ ୨୦ ପଦକ



ଭୁବନେଶ୍ୱର, ୧।୧୨ (ସମିସ): ପର୍ତ୍ତୁଗାଲର ଲିସବନରେ ଅନୁଷ୍ଠିତ ଅନ୍ତର୍ଜାତୀୟ କଣ୍ଟିନେଣ୍ଟାଲ କପ୍‌ରେ ଓଡ଼ିଶା ଏଏମ୍/ଏନ୍‌ଏସ୍ ଇଣ୍ଡିଆ ଜିମ୍ନାଷ୍ଟିକ୍ସ ହାଇପରଫରମାନ୍ସ ସେଣ୍ଟର (ଏଚ୍‌ପିସି)ର ଆଥ୍‌ଲେଟ୍‌ମାନେ ଦମ୍‌ଦାର ପ୍ରଦର୍ଶନ କରି ୨୦ଟି ପଦକ ବିଜୟୀ ହୋଇଛନ୍ତି। ଯେଉଁଥିରେ ୩ଟି ସ୍ୱର୍ଣ୍ଣ, ୬ଟି ରୌପ୍ୟ ଓ ୧୧ଟି କାଂସ୍ୟ ପଦକ ରହିଛି। ବିଶ୍ୱର ୧୮ଟି ଇଲାଇଟ୍ ଜିମ୍ନାଷ୍ଟିକ କ୍ଲବ ବିପକ୍ଷରେ ଖେଳି ଜିଏଚପିସି ଆଥ୍‌ଲେଟ୍‌ମାନେ ଏହି ପଦକ ସଫଳତା ପାଇଛନ୍ତି।

ଜୁନିଅର ପୁରୁଷ ଆର୍ଟିଷ୍ଟିକ୍ସ ଜିମ୍ନାଷ୍ଟିକ୍ସ ବର୍ଗରେ ଅଂଶୁମାନ ସୁନ୍ଦରା ସ୍ୱର୍ଣ୍ଣ ପଦକ ଜିତିଥିଲେ। ସେହିଭଳି ଦଳଗତ ଇଭେଣ୍ଟରେ ଅଂଶୁମାନ, ଦେବାଶିଷ ରେଡ୍ଡୀ ଓ ବିରୁଙ୍କୁ ନେଇ ଗଠିତ ଦଳ ପୋଡିୟମର ପ୍ରଥମ ସ୍ଥାନରେ ରହିଥିଲା। ତୃତୀୟ ସ୍ୱର୍ଣ୍ଣପଦକ ସିନିଅର ପୁରୁଷ ଆର୍ଟିଷ୍ଟିକ ଜିମ୍ନାଷ୍ଟିକ୍ସର ଦଳଗତ ଇଭେଣ୍ଟରୁ ଆସିଥିଲା। ସୁମିତ ଧଳ, ମୃତ୍ୟୁଞ୍ଜୟ ପଟ୍ଟନାୟକ ଓ ଜଗଦୀଶ ବାରିକ ସଦସ୍ୟ ରହିଥିଲେ।

## ଖେଲୋ ଇଣ୍ଡିଆ ବିଶ୍ୱ ବିଦ୍ୟାଳୟ କ୍ରୀଡ଼ା

# ଫାଇନାଲରେ କିଟ୍ ମହିଳା ହକି ଦଳ




ଭୁବନେଶ୍ୱର, ୧।୧୨ (ସମିସ): ରାଜସ୍ଥାନରେ ଚାଲିଥିବା ଖେଲୋ ଇଣ୍ଡିଆ ବିଶ୍ୱ ବିଦ୍ୟାଳୟ କ୍ରୀଡ଼ାରେ କିଟ୍ ମହିଳା ହକି ଦଳ ଦମ୍‌ଦାର ପ୍ରଦର୍ଶନ ଜାରି ରଖି ଫାଇନାଲରେ ପ୍ରବେଶ କରିଛି। ସୋମବାର ଖେଳାଯାଇଥିବା ଏକ କଡ଼ା ସଂଘର୍ଷପୂର୍ଣ୍ଣ ମ୍ୟାଚରେ କିଟ୍ ପେନାଲ୍ଟି ସୁଟ୍ ଆଉଟ୍‌ରେ ୩-୨ ଗୋଲ୍‌ରେ ଗୁରୁ ନାନକ ଦେବ ବିଶ୍ୱବିଦ୍ୟାଳୟକୁ ପରାସ୍ତ କରିଥିଲା। ଏହି ମ୍ୟାଚର ନିର୍ଦ୍ଧାରିତ ସମୟସୀମା ସୁଦ୍ଧା ଉଭୟ ଦଳ ୨ଟି ଲେଖାଏ ଗୋଲ୍ ଦେଇଥିଲେ। ବୁଧବାର ମହିଳା ହକି ଫାଇନାଲ ଖେଳାଯିବ। ଏଥିରେ ଆଇଟିଏମ୍ ଗ୍ୱାଲିଅର ଓ କିଟ୍ ମଧ୍ୟରେ ଟାଇଟଲ୍ ଲଢ଼େଇ ହେବ। ସେହିଭଳି ଦେବାଶିଷ ସାହୁ ଓ କବୀର ହଂସଙ୍କୁ ନେଇ ଗଠିତ କିଟ୍ ପୁରୁଷ ଟେନିସ ଦଳ ଗୁଜରାଟ ବିଶ୍ୱବିଦ୍ୟାଳୟକୁ ହରାଇ ସେମିଫାଇନାଲରେ ପହଞ୍ଚିଛି। ଅପରପକ୍ଷରେ କିଟ୍ ମହିଳା ଭଲିବଲ୍ ଦଳ ମଧ୍ୟ ପ୍ରଥମ ମ୍ୟାଚରେ ୩-୧ ସେଟରେ ମହାତ୍ମା ଗାନ୍ଧୀ ବିଶ୍ୱବିଦ୍ୟାଳୟକୁ ହରାଇ ଅଭିଯାନ ଆରମ୍ଭ କରିଛି।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, PLOT NO.125, IRRIGATION COLONY, JEYPORE-764001, DIST: KORAPUT, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS